

‘ଦ ରାଜା ସାବ୍’ରେ
କରିନା
▶ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-13 ◆MONDAY ◆7 JULY 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୩ ◆ସୋମବାର ◆୭ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଝଟକିଲେ ସୁନା ଠାକୁର







■ **ପୁରୀ,୬।୭(ସମିସ):** ସରିସରି ଆସୁଛି ଶ୍ରୀଗୁଣ୍ଡିଚା ମହୋତ୍ସବ। ଆଉ ଦିନକ ପରେ ନୀଳକନ୍ଦରକୁ ବାହୁଡ଼ିଯିବେ ନୀଳାଦ୍ରିନାଥ। ଏହାର ଅବ୍ୟବହିତ ପୂର୍ବରୁ ରବିବାର ସିଂହଦ୍ୱାର ସମ୍ମୁଖରେ ରଥାରୂଢ଼ ଦାରୁଦିଅଁଙ୍କର ଅନୁଷ୍ଠିତ ହୋଇଛି ସୁନାବେଶ। ମହଣ ମହଣ ସୁବର୍ଣ୍ଣ ଅଳଙ୍କାରରେ ଝଲସିଛନ୍ତି ବିଶ୍ୱନିୟନ୍ତା। ଦାରୁବିଗ୍ରହଙ୍କ ଦୁର୍ଲଭ ସୁନାବେଶ ବା ବଡ଼ତଡ଼ାଉ ବେଶ ଦର୍ଶନ କରିଛନ୍ତି ଅଗଣିତ ଭକ୍ତ। ପ୍ରାୟ ୧୨ଲକ୍ଷରୁ ଅଧିକ ଶ୍ରଦ୍ଧାଳୁ ବିଶ୍ୱନିୟନ୍ତାଙ୍କ ଦିବ୍ୟବେଶ ଦର୍ଶନ କରି କୃତାର୍ଥ ହୋଇଛନ୍ତି। ଆସନ୍ତାକାଲି (ସୋମବାର) ରଥ ଉପରେ ଠାକୁରଙ୍କ ଅଧରପଣା ନୀତି ସମ୍ପନ୍ନ ହେବ। ସେଥିଲାଗି ପ୍ରଶାସନ ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇଛି। ମଙ୍ଗଳବାର ନୀଳାଦ୍ରିବିଜେ। ଏହିଦିନ ରତ୍ନସିଂହାସନକୁ ବିଜେ କରିବେ ଚତୁର୍ଦ୍ଧାବିଗ୍ରହ। ବୁଧବାରଠାରୁ ଭକ୍ତ ପାଇବେ ନୀଳାଚଳ ଅବଢ଼ା।

## ରଥାରୂଢ଼ ଦିଅଁଙ୍କୁ ଦର୍ଶନ କଲେ ୧୨ ଲକ୍ଷରୁ ଅଧିକ ଶ୍ରଦ୍ଧାଳୁ

ମହାପ୍ରଭୁଙ୍କ ସୁନାବେଶ ଦର୍ଶନ ଲାଗି ରବିବାର ସକାଳୁ ପୁରୀକୁ ଭକ୍ତଙ୍କ ଧାଡ଼ି ଲାଗିଥିଲା। ସଅଳ ନୀତିକାନ୍ତି ସାଙ୍ଗକୁ ପାଗ ବି ବେଶ୍ ଅନୁକୂଳ ରହିଥିଲା। ଆକାଶ ଥିଲା ମେଘାଚ୍ଛନ୍ନ। ହେଲେ ବର୍ଷା ନ ଥିଲା। ମଝିରେ ମଝିରେ ଯଦିଓ ଝିପିଝିପି ବର୍ଷା ହେଉଥିଲା, ତାହା କିନ୍ତୁ ବାଧକ ସାଜିନଥିଲା। ତେଣୁ ଶ୍ରୀକ୍ଷେତ୍ରମୁହାଁ ହୋଇଥିଲେ ଶ୍ରଦ୍ଧାଳୁ। ହରିବୋଲ, ହୁଳହୁଳି ଧ୍ୱନିରେ ପ୍ରକମ୍ପିତ ହୋଇଥିଲା ବଡ଼ଦାଣ୍ଡ। ଅପରାହ୍ଣ ୧ଟା ପରଠାରୁ ବଡ଼ଦାଣ୍ଡରେ ଶ୍ରଦ୍ଧାଳୁଙ୍କ ଭିଡ଼ ବଢ଼ିଥିଲା।

ସୁନାବେଶ ଲାଗି ସକାଳୁ ବେଶ୍ ତତ୍ପର ହୋଇପଡ଼ିଥିଲେ ସେବାୟତ ଓ ଅଧିକାରୀ। ସକାଳ ୭ଟା ୧୫ରୁ ୭ଟା ୩୫ ମଧ୍ୟରେ ତିନିରଥରେ ମଙ୍ଗଳ ଆଳତି ନୀତି ବଢ଼ିଥିଲା। ପରେ ଅନ୍ୟାନ୍ୟ ନୀତି ଚାଲିଥିଲା। ପୂର୍ବାହ୍ନ ୧୦ଟା ୩୦ରେ ଗୋପାଳବଲ୍ଲଭ ଭୋଗ ହୋଇଥିବା ବେଳେ ମଧ୍ୟାହ୍ନ ୧୨ଟାରେ ସକାଳ ଧୂପ ▶ପୃଷ୍ଠା-୭

## ଆଜି ଅଧରପଣା ନୀତି | ତିନି ରଥ ଉପରେ ଭାଙ୍ଗିବ ୯ ଅଧର ହାଣ୍ଡି

ସିଂହଦ୍ୱାର ସମ୍ମୁଖରେ ଦଣ୍ଡାୟମାନ ତିନି ରଥ ଉପରେ ସୋମବାର ଅଧରପଣା ନୀତି ସମ୍ପନ୍ନ ହେବ। ଏହି ନୀତି ପାଇଁ ସ୍ୱତନ୍ତ୍ର ହାଣ୍ଡି ପ୍ରସ୍ତୁତ ହୋଇଛି। ତାହାକୁ ଅଧର ହାଣ୍ଡି କୁହାଯାଏ। ଏହି ହାଣ୍ଡିରେ ପଣା ପ୍ରସ୍ତୁତ ହୋଇ ଦାରୁବିଗ୍ରହଙ୍କ ପାଖରେ ଲାଗି ହେବ। ପ୍ରତି ଠାକୁରଙ୍କ ପାଖରେ ୩ ହାଣ୍ଡି ଲେଖାଏଁ ପଣା ଭୋଗ ହେବ। ଦାରୁବିଗ୍ରହଙ୍କ ନିକଟରେ ପଣା ଭୋଗ ପରେ ଏହି ପଣାହାଣ୍ଡିକୁ ଭାଙ୍ଗି ଦିଆଯିବାର ବିଧି ରହିଛି। ପଣା ହାଣ୍ଡି ଭାଙ୍ଗିବା ପରେ ପଣା ସବୁ ରଥ ତଳକୁ ବୋହିଯାଏ। ତାହାକୁ ଦେବଦେବୀ, ଭୂତପ୍ରେତ, କିନ୍ନର ଓ ରାକ୍ଷସମାନେ ପାଇଥା’ନ୍ତି ବୋଲି ବିଶ୍ୱାସ ରହିଛି। ରଥରେ ଠାକୁରଙ୍କ ମଧ୍ୟାହ୍ନ ଧୂପ ନୀତି ବଢ଼ିବା ପରେ ଅଧରପଣା ନୀତି ଅନୁଷ୍ଠିତ ହେବ।

# ସ୍ମରଣୀୟ ଟେଷ୍ଟ ବିଜୟ



**୩୩୬ ରନ୍‌ରେ ଇଂଲଣ୍ଡ ପରାସ୍ତ**

■ **ଏଜ୍‌ବାଷ୍ଟନ, ୬।୭ (ଏଜେନ୍ସି):** ଶୁବ୍‌ମନ୍ ଗିଲ୍‌ଙ୍କ ନେତୃତ୍ୱରେ ଭାରତ ୩୩୬ ରନ୍‌ରେ ଇଂଲଣ୍ଡକୁ ପରାସ୍ତ କରି ବିଦେଶ ମାଟିରେ ସ୍ମରଣୀୟ ବିଜୟ ହାସଲ କରିଛି। ଭ୍ରମଣକାରୀ ଭାରତୀୟ ଦଳ ଉଭୟ ବ୍ୟାଟିଂ ଓ ବୋଲିଂରେ ପ୍ରଭାବ ଖେଳ ପ୍ରଦର୍ଶନ କରି ବିଦେଶ ମାଟିରେ ସର୍ବବୃହତ୍ (ରନ୍ ବ୍ୟବଧାନରେ) ବିଜୟର ରେକର୍ଡ କରିଛି। ଏଠାରେ ୧୯୬୭ ମସିହାରୁ ଭାରତ ଟେଷ୍ଟ ଖେଳି ଆସୁଥିଲାବେଳେ ପ୍ରଥମଥର ବିଜୟର ସ୍ୱାଦ ଚାଖିଛି। ଏହି ମ୍ୟାଚ୍‌ରେ ୪୩୦ (ପ୍ରଥମ ଇନିଂସରେ ୨୬୯ ଓ ଦ୍ୱିତୀୟ ଇନିଂସରେ ୧୬୧) ରନ୍ କରିଥିବା ଭାରତୀୟ ଅଧିନାୟକ ଶୁବମନ ଗିଲ୍ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ଏହି ବିଜୟ ଫଳରେ ୫ ମ୍ୟାଚ୍ ବିଶିଷ୍ଟ ସିରିଜ୍ ୧-୧ରେ ବରାବରସ୍ଥିତିକୁ ଆସିଛି। ସିରିଜ୍‌ର ତୃତୀୟ ଟେଷ୍ଟ ଲର୍ଡ୍ସରେ ଜୁଲାଇ ୧୦ରୁ ଆରମ୍ଭ ହେବ।

ପ୍ରଥମେ ବ୍ୟାଟିଂ କରି ଭାରତ ପ୍ରଥମ ଇନିଂସରେ ୫୮୭ ଓ ଦ୍ୱିତୀୟ ଇନିଂସରେ ୪୨୭ ରନ୍ କରି ପାଳି ସମାପ୍ତି ଘୋଷଣା କରିଥିଲା। ପ୍ରଥମ ଇନିଂସରେ ୪୦୭ ରନ୍ କରିଥିବା ଇଂଲଣ୍ଡ ଦ୍ୱିତୀୟ ଇନିଂସରେ ୨୭୧ ରନ୍‌ରେ ଅଟକି ଯାଇଥିଲା।

# 'ଏକ ଦେଶ-ଏକ ନିର୍ବାଚନ'ରେ କେଁ

## ଆପତ୍ତି ଉଠାଇଲେ ପୂର୍ବତନ ପ୍ରଧାନ ବିଚାରପତି



**ନିର୍ବାଚନ କମିସନଙ୍କୁ ଅଖଣ୍ଡ କ୍ଷମତା ଦିଆ ନ ଯାଉ**

**କ୍ଷତିଗ୍ରସ୍ତ ହେବେ ଆଞ୍ଚଳିକ ଓ କ୍ଷୁଦ୍ର ରାଜନୈତିକ ଦଳ**

■ **ନୂଆଦିଲ୍ଲୀ, ୬।୭(ଏଜେନ୍ସି):** ‘ଏକ ଦେଶ, ଏକ ନିର୍ବାଚନ’ ପ୍ରସଙ୍ଗ ନେଇ ଭାରତର ଅନେକ ପ୍ରଧାନ ବିଚାରପତି ସେମାନଙ୍କର ମତାମତ ଦେଇଛନ୍ତି। ଏଭଳି ପ୍ରସ୍ତାବ ସାମ୍ବିଧାନିକ ଦୃଷ୍ଟିରୁ ଯୁକ୍ତିଯୁକ୍ତ ବୋଲି ସେମାନେ କହିଛନ୍ତି। ତେବେ ଏଥିରେ ଏଭଳି କେତେକ ବ୍ୟବସ୍ଥା ରହିଛି ଯାହାକି ଭାରତୀୟ ଗଣତନ୍ତ୍ର ପାଇଁ ଶୁଭଙ୍କର ନୁହେଁ। ବିଶେଷକରି ନିର୍ବାଚନ କମିସନଙ୍କୁ ଯେଭଳି ଅଖଣ୍ଡ କ୍ଷମତା ଦିଆଯାଇଛି ତାହାକୁ ନେଇ ସେମାନେ ଘୋର ଆପତ୍ତି ଉଠାଇଛନ୍ତି। କେବଳ ସେତିକି ନୁହେଁ; ଏଭଳି ପ୍ରସ୍ତାବକୁ ନେଇ ବିଭିନ୍ନ ଆଞ୍ଚଳିକ ଦଳ ଯେଉଁ ଉଦ୍‌ବେଗ ଜଣାଇଛନ୍ତି ତାହା ସହିତ ଏମାନେ ମଧ୍ୟ ଏକମତ ହୋଇଛନ୍ତି।

ପୂର୍ବତନ ପ୍ରଧାନ ବିଚାରପତି ଜଷ୍ଟିସ ଡିୱାଇ ଚନ୍ଦ୍ରଚୂଡ଼ ‘ଏକ ଦେଶ, ଏକ ନିର୍ବାଚନ’ ସଂକ୍ରାନ୍ତ ଯୁଗ୍ମ ସଂସଦୀୟ କମିଟି (ଜେପିସି)କୁ ତାଙ୍କର ମତାମତ ଦେଇ କହିଛନ୍ତି ଯେ ପ୍ରସ୍ତାବିତ ନିର୍ବାଚନ ବ୍ୟବସ୍ଥା ସମ୍ବିଧାନର ମୌଳିକ ଢାଞ୍ଚାର ବିରୋଧାଚରଣ କରୁନାହିଁ। ଏ ସଂପର୍କରେ ବିଭିନ୍ନ ବିରୋଧୀ ଦଳ କରିଥିବା ଅଭିଯୋଗକୁ ପ୍ରତ୍ୟାଖ୍ୟାନ କରି ସେ କହିଛନ୍ତି ପୃଥକ ପୃଥକ ସମୟରେ ଲୋକସଭା ଏବଂ ବିଧାନସଭା ନିର୍ବାଚନ କରିବା ଲାଗି ସମ୍ବିଧାନରେ କୌଣସି ବ୍ୟବସ୍ଥା ନାହିଁ। ତେବେ ଭାରତର ନିର୍ବାଚନ ▶ପୃଷ୍ଠା-୭

**ବିଏଡ୍ ପ୍ରବେଶିକା ପରୀକ୍ଷା ଜାଲିଆତି**

# ଏସ୍‌ଏସ୍‌ବିର ଭୁଲ୍; ଦଣ୍ଡ ଗଣିବେ ପରୀକ୍ଷାର୍ଥୀ

■ **ଭୁବନେଶ୍ୱର, ୬।୭(ସମିସ):** ବିଏଡ୍ ପ୍ରବେଶିକା ପରୀକ୍ଷାରେ ପରୀକ୍ଷାର୍ଥୀଙ୍କ ନମ୍ବର ନେଇ ଆରମ୍ଭ ହୋଇଥିବା ବିବାଦ ସରିବାର ନା ନେଉନି। ଗୋଟିଏ ପରେ ଗୋଟିଏ ଅଭିଯୋଗ ପରୀକ୍ଷା ପରିଚାଳନା କରିଥିବା ରାଜ୍ୟ ପ୍ରବରଣ ମଣ୍ଡଳୀ (ଏସ୍‌ଏସ୍‌ବି) ଏବଂ ଉଚ୍ଚଶିକ୍ଷା ବିଭାଗର ମୁଣ୍ଡବ୍ୟଥାର କାରଣ ହୋଇଛି। ନମ୍ବର ବଢ଼ାଇବାକୁ ଶତାଧିକ ଛାତ୍ରଛାତ୍ରୀ ଆବେଦନ କରିବା ପରେ 'ପ୍ରୋଭିଜିନାଲ୍ ଆନସାର୍-କି’ ପ୍ରକାଶ କରିବାକୁ ବିଜ୍ଞପ୍ତି ଜାରି କରିଛି। ଉତ୍ତରକୁ ନେଇ ଦ୍ୱନ୍ଦ୍ୱ ଥିଲେ ପରୀକ୍ଷାର୍ଥୀଙ୍କୁ ଅଭିଯୋଗ କରିବା ପାଇଁ ସୁଯୋଗ ଦିଆଯାଇଛି। ହେଲେ ପ୍ରତିଟି ଉତ୍ତର ପାଇଁ ୨ଶହ ଟଙ୍କା ଲେଖାଏଁ ଅଣଫେରସ୍ତ ଫି' ଧାର୍ଯ୍ୟକୁ ନେଇ ପରୀକ୍ଷାର୍ଥୀମାନେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ଏସ୍‌ଏସ୍‌ବିର ଭୁଲ୍ ପାଇଁ ପରୀକ୍ଷାର୍ଥୀମାନେ କାହିଁକି ଦଣ୍ଡ ଗଣିବେ ବୋଲି ପ୍ରଶ୍ନ କରିଛନ୍ତି।

**ଗୋଟିଏ ଚ୍ୟାଲେଞ୍ଜ ପାଇଁ ୨ଶହ ଟଙ୍କାକୁ ବିରୋଧ**

**ଉଚ୍ଚଶିକ୍ଷା ବିଭାଗ ଏକ୍ସ'ରେ ବର୍ଷିଲେ ପରୀକ୍ଷାର୍ଥୀ**

ଆସନ୍ତାକାଲି ଅର୍ଥାତ୍ ସୋମବାର ଦିନ ୧୧ଟା ରେ ବିଏଡ୍ ପରୀକ୍ଷାର ଆନ୍‌ସାର୍ କି’ ପ୍ରକାଶ ପାଇବ। ତହିଁରେ ଦର୍ଶାଯାଇଥିବା ଉତ୍ତରକୁ ୮ରୁ ୧୦ ତାରିଖ ମଧ୍ୟରେ ପରୀକ୍ଷାର୍ଥୀମାନେ ଚ୍ୟାଲେଞ୍ଜ କରିପାରିବେ। ଗୋଟିଏ ପ୍ରଶ୍ନର ଉତ୍ତରକୁ ଚ୍ୟାଲେଞ୍ଜ କରିବା ପାଇଁ ୨ଶହ ଟଙ୍କା ଧାର୍ଯ୍ୟ କରାଯାଇଛି। ଯାହାକୁ ନେଇ ପରୀକ୍ଷାର୍ଥୀ ଓ ଶିକ୍ଷାବିତ୍‌ମାନେ ପ୍ରଶ୍ନ ଉଠାଇଛନ୍ତି। ନ୍ୟାସନାଲ୍ ଟେଷ୍ଟିଂ ଏଜେନ୍ସି (ଏନ୍‌ଟିଏ), ଓଡ଼ିଶା ଲୋକ ସେବା ଆୟୋଗ (ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ ▶ପୃଷ୍ଠା-୭

**ସୃଷ୍ଟିହେଲା ଲଘୁଚାପ**

# ଆଜି ଅଧା ଓଡ଼ିଶାରେ ପ୍ରବଳ ବର୍ଷା

■ **ଭୁବନେଶ୍ୱର, ୬।୭ (ସମିସ):** ଗାଙ୍ଗେୟ ପଶ୍ଚିମବଙ୍ଗ ଉପତ୍ୟକା ଓ ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ରବିବାର ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ଏହା ଆଗାମୀ ୨ରୁ ୩ ଦିନ ଯାଏଁ ଝାଡ଼ଖଣ୍ଡ ଓ ଉତ୍ତର ଛତିଶଗଡ ଦେଇ ଗତି କରିବାର ସମ୍ଭାବନା ରହିଛି। ଫଳରେ ଆଗାମୀ ୧୨ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ବର୍ଷା ଲାଗି ରହିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ସୂଚନା ଦେଇଛି। କେନ୍ଦ୍ର ପକ୍ଷରୁ ଜାରି ବୁଲେଟିନ ଅନୁଯାୟୀ ଆସନ୍ତାକାଲି ରାଜ୍ୟର ଅଧିକାଂଶ ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। କେନ୍ଦୁଝର, ଅନୁଗୋଳ, ଦେବଗଡ, ସମ୍ବଲପୁର, ସୁନ୍ଦରଗଡ, ଝାରସୁଗୁଡା, ବରଗଡ ଓ ନୂଆପଡ଼ା ଜିଲ୍ଲାରେ ▶ପୃଷ୍ଠା-୭

**୧୨ ଯାଏଁ ନିସ୍ତାର ନାହିଁ**

## ହୀରାକୁଦ ଛାଡ଼ିଲା ପ୍ରଥମ ବନ୍ୟାଜଳ



**୨୦ ଗେଟ୍ ଖୋଲା**

■ **ସମ୍ବଲପୁର, ୬।୭ (ସମିସ):** ହୀରାକୁଦ ଜଳଭଣ୍ଡାରରୁ ଚଳିତବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ କରାଯାଇଛି। ବିଧି ଅନୁଯାୟୀ ପୂଜାର୍ଚ୍ଚନା ପରେ ପୂର୍ବାହ୍ନ ୧୦ଟାରେ ପ୍ରଥମେ ୭ ନମ୍ବର ଗେଟ୍ ଖୋଲାଯାଇଥିଲା। ପରେ ପର୍ଯ୍ୟାୟକ୍ରମେ ୧୨ଟି ଗେଟ୍ ଖୋଲାଯାଇଥିଲା। ପରେ ଅପରାହ୍ଣରେ ଆଉ ୮ଟି ଗେଟ୍ ଖୋଲାଯାଇଥିଲା। ▶ପୃଷ୍ଠା-୭

**ବିଜେପି ଅଧ୍ୟକ୍ଷ ଦୌଡ଼**

# ଶିବରାଜ, ଧର୍ମେନ୍ଦ୍ର, ଖଟ୍ଟର ଆଗରେ



**ସନ୍ତୋଷ, ପୁରନ୍ଦେଶ୍ୱରୀ ଓ ଭୂପେନ୍ଦ୍ରଙ୍କ ନାମ ବି ଚର୍ଚ୍ଚାରେ**

**ଅଭିଜ୍ଞତା ସହିତ ଜାତିଗତ, ଆଞ୍ଚଳିକ ସମୀକରଣକୁ ଗୁରୁତ୍ୱ**

■ **ନୂଆଦିଲ୍ଲୀ, ୬।୭ (ସମିସ):** ବିଜେପିର ଜାତୀୟ ଅଧ୍ୟକ୍ଷ ଜେ.ପି.ନଡ୍ଡାଙ୍କ ସ୍ଥାନରେ ନିଯୁକ୍ତ ହେବେ ସ୍ଥାୟୀ ଅଧ୍ୟକ୍ଷ। କାର୍ଯ୍ୟକାଳ ଶେଷ ହୋଇଥିଲେ ମଧ୍ୟ ୨୦୨୩ରୁ ଶ୍ରୀ ନଡ୍ଡା ଦଳର କାମଚଳା ଅଧ୍ୟକ୍ଷ ଭାବରେ କାର୍ଯ୍ୟ କରୁଛନ୍ତି। ୨୦୨୪ ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ତାଙ୍କୁ ପରିବର୍ତ୍ତନ କରାଯାଇ ନ ଥିଲା। ମାତ୍ର ଏବେ ନୂଆ ଅଧ୍ୟକ୍ଷ ନିର୍ବାଚନ ପାଇଁ ପ୍ରସ୍ତୁତି ଚାଲିଛି। ବିଶେଷ ଭାବରେ ଜାତିଗତ ଓ ଆଞ୍ଚଳିକ ସମୀକରଣ ସହ ଅଭିଜ୍ଞତା ଓ ଗ୍ରହଣୀୟତାକୁ ଦଳ ବିଶେଷ ଗୁରୁତ୍ୱ ଦେଉଛି। ଏହା ସହ ଜାତୀୟ ସଭାପତି ଚୟନରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆର୍‌ଏସ୍‌ଏସ୍)ର ଭୂମିକା କେଉଁ ପର୍ଯ୍ୟନ୍ତ ରହିବ, ତାହା ସ୍ଥିର ହୋଇ ନ ଥିବାରୁ ଏହି ପ୍ରକ୍ରିୟା ଶେଷ ହେବାକୁ କିଛିମାସ ଲାଗିପାରେ ବୋଲି ଦଳର ଆଭ୍ୟନ୍ତରୀଣ ସୂତ୍ରରୁ ସୂଚନା ମିଳିଛି।

ଗଣମାଧ୍ୟମଗୁଡ଼ିକରେ ବିଜେପି ସଭାପତି ନିର୍ବାଚନକୁ ନେଇ ଯାବତୀୟ ଆଲୋଚନା ଚାଲିଛି। ବଙ୍ଗାରୁ ଲକ୍ଷ୍ମଣଙ୍କ ପରେ ପ୍ରାୟ ଗତ ୨୦ ବର୍ଷ ଧରି ଦକ୍ଷିଣ ଭାରତରୁ କେହି ବିଜେପିର ଜାତୀୟ ସଭାପତି ହୋଇ ନାହାନ୍ତି। ସେହିପରି ଆଗାମୀ ଦିନରେ ତାମିଲନାଡ୍ରୁ, ତେଲଙ୍ଗାନା, କେରଳରେ ବିଧାନସଭା ନିର୍ବାଚନ ହେବ। ତେଣୁ ବିଜେପିର ପରବର୍ତ୍ତୀ ଜାତୀୟ ଅଧ୍ୟକ୍ଷ ଦକ୍ଷିଣ ଭାରତରୁ ହୋଇ ପାରନ୍ତି ବୋଲି କୁହାଯାଉଛି ଏବଂ ▶ପୃଷ୍ଠା-୭

## ରାଜ୍ୟ ସଭାପତି ନାମାଙ୍କନ ଆଜି

■ **ଭୁବନେଶ୍ୱର,୬।୭(ସମିସ):** ରାଜ୍ୟ ବିଜେପି ସଭାପତି ପଦକୁ ନେଇ ଦୀର୍ଘଦିନ ଧରି କଳ୍ପନାଜଳ୍ପନା ଲାଗି ରହିଥିବା ବେଳେ ସୋମବାର ଏହାଉପରୁ ପରଦା ଉଠିବ। ସୋମବାର ସଭାପତି ନିର୍ବାଚନ ପାଇଁ ନାମାଙ୍କନ ଦାଖଲ ହେବ। ସଭାପତି ଦୌଡ଼ରେ ମନମୋହନ ସାମଲ ସବୁଠାରୁ ଆଗରେ ରହିଥିବା ବେଳେ ଦଳର ରାଜ୍ୟ ଉପସଭାପତି ଗୋଲକ ମହାପାତ୍ର, କନ୍ଧମାଳ ସାଂସଦ ସୁକାନ୍ତ ପାଣିଗ୍ରାହୀ, ପୂର୍ବତନ ରାଜ୍ୟ ସଭାପତି ସମୀର ମହାନ୍ତିଙ୍କ ନାମ ମଧ୍ୟ ସଭାପତି ଦୌଡ଼ରେ ଥିବା ଚର୍ଚ୍ଚା ହେଉଛି। ତେବେ ଏକାଧିକ ନାମାଙ୍କନ ପରିବର୍ତ୍ତେ ଦଳୀୟ ସଭାପତି ଚୟନ ସହମତି ଭିତ୍ତିରେ ହେବା ନେଇ ଯଥେଷ୍ଟ ସମ୍ଭାବନା ରହିଛି ବୋଲି ଦଳର ▶ପୃଷ୍ଠା-୭

**ଇନ୍ଦ୍ରଦ୍ୟୁମ୍ନ ପୁଷ୍କରିଣୀରେ ଅଘଟଣ**

# ପେଟରେ ପଶିଗଲା ବୋଟ୍ ଗୁଜ; ଅନ୍ତଃବୁଜୁଳା ବାହାରି ବୃଦ୍ଧ ମୃତ

**ପୁରୀ,୬।୭(ସମିସ):** ଆଜି ମହାପ୍ରଭୁଙ୍କ ସୁନାବେଶ ଭଳି ଏକ ପବିତ୍ର ଦିନରେ ଐତିହ୍ୟ ସଂପନ୍ନ ଇନ୍ଦ୍ରଦ୍ୟୁମ୍ନ ପୁଷ୍କରିଣୀରେ ଏକ ବଡ଼ ଅଘଟଣ ଘଟିଛି। ଅଗ୍ନିଶମ ବିଭାଗର ବୋଟ୍ ମାଡ଼ରେ ଜଣେ ବୃଦ୍ଧଙ୍କ ଶୋଚନୀୟ ମୃତ୍ୟୁ ଘଟିଛି। ମୃତକ ହେଲେ, ନୟାଗଡ଼ ଜିଲ୍ଲା ଗଣିଆର ବୈକୁଣ୍ଠ ରାଉତ (୭୦)।

ବୈକୁଣ୍ଠ ଆଜି ସୁନାବେଶ ଦେଖିବାକୁ ପୁରୀ ଆସିଥିଲେ। ସକାଳୁ ପୁରୀରେ ପହଞ୍ଚିବା ପରେ ଇନ୍ଦ୍ରଦ୍ୟୁମ୍ନ ପୁଷ୍କରିଣୀକୁ ସ୍ନାନ କରିବାକୁ ଯାଇଥିଲେ। ଏହି ସମୟର ସେଠାରେ ଶ୍ରଦ୍ଧାଳୁଙ୍କ ସୁରକ୍ଷା ପାଇଁ ନିୟୋଜିତ ଥିବା ଅଗ୍ନିଶମ ବିଭାଗର ଏକ ବୋଟ୍ ଦ୍ରୁତ ଗତିରେ ଆସି ଉକ୍ତ ବ୍ୟକ୍ତିଙ୍କ ପେଟରେ ମାଡ଼ ହୋଇଯାଇଥିଲା। ଦୁର୍ଘଟଣା ଏତେ ଭୟଙ୍କର ଥିଲା ଯେ ବୋଟ୍ ସମ୍ମୁଖ ଗୁଜ ତାଙ୍କ ପେଟରେ ପଶିଯିବାରୁ ଅନ୍ତଃବୁଜୁଳା ବାହାରି ଯାଇଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ପ୍ରଥମେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ଭୁବନେଶ୍ୱର ଏମ୍‌ସକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

# ଘୋଷଯାତ୍ରା



# ଦାରୁ ଦିଅଁଙ୍କ ସୁନାବେଶ

## ପୁରୀ ବଡ଼ଦାଣ୍ଡ ଜନସମୁଦ୍ର

















### ଶୟନ ଗଲେ ହରି

## ଆରମ୍ଭ ହେଲା ଅଶୁଭ କାଳ

ସନାତନ ପରମ୍ପରାରେ ସୁନାବେଶ ଦିନ ଅର୍ଦ୍ଧରାତିରୁ ଚତୁର୍ମାସ୍ୟା ବ୍ରତ ଆରମ୍ଭ ହୁଏ। ଏହି ଦିନଠାରୁ ମହାପ୍ରଭୁ ଶୟନ ଯାଇଥା'ନ୍ତି। ଏହାକୁ ହରିଶୟନ ଏକାଦେଶୀ କୁହାଯାଏ। ରବିବାରଠାରୁ ହରି ଶୟନ କରିଛନ୍ତି। ୪ମାସ ପର୍ଯ୍ୟନ୍ତ ମହାପ୍ରଭୁ ଶୟନ କରିଥା'ନ୍ତି। ଠାକୁରଙ୍କ ଏହି ଶୟନ କାଳରେ ବାନପ୍ରସ୍ଥ, ଋଷି, ମୁନୀ, ସାଧୁସନ୍ଥ, ମହାପୁରୁଷ, ସନ୍ନ୍ୟାସ ଧର୍ମ ଆଚରଣ କରୁଥିବା ଲୋକମାନେ ଚତୁର୍ମାସ୍ୟା ବ୍ରତ ପାଳନ କରିଥା'ନ୍ତି। ଏହି ସମୟରେ ଗୋଟିଏ ସ୍ଥାନରେ ରହି ଶାସ୍ତ୍ର ମୁତାବକ ନିୟମ ପାଳନ କରି ଠାକୁରଙ୍କୁ ସ୍ମରଣ କରିଥା'ନ୍ତି। ଏଥିସହ ପଠନ ଓ ପାଠନରେ ସମୟ ବିତାଇଥା'ନ୍ତି। ମହାପ୍ରଭୁଙ୍କ ଶୟନ କାଳ ମଣିଷମାନଙ୍କ ପାଇଁ ଅଶୁଭ କାଳ ଭାବେ ଗ୍ରହଣ କରାଯାଏ। ଏହି ସମୟରେ ସୂର୍ଯ୍ୟ ଦକ୍ଷିଣାୟନ ଗତି କରନ୍ତି।

ଜ୍ୟୋତିଷ ଶାସ୍ତ୍ର ମତେ ସୂର୍ଯ୍ୟଙ୍କ ଦକ୍ଷିଣାୟନ ସମୟରେ କୌଣସି ଶୁଭକାର୍ଯ୍ୟ ଅର୍ଥାତ୍ ଯଜ୍ଞ, ବିବାହ, ଗୋଦାନ ଆଦି ହୁଏ ନାହିଁ। ସୂର୍ଯ୍ୟଙ୍କର ଉତ୍ତରାୟଣ ହେଲେ ପୁଣି ଶୁଭ କାର୍ଯ୍ୟ ଆରମ୍ଭ ହୁଏ। ମହାପ୍ରଭୁଙ୍କର ରଥ ଉପରେ ସୁନାବେଶ ଓଲାଗି ପରେ ଚନ୍ଦନ ଲାଗି, ବଡ଼ସିଂହାର ବେଶ ଓ ଭୋଗ ହୋଇଥାଏ। ମହାସ୍ନାନ ପୂଜା ଠା ପରେ ଶୟନ ଠାକୁର ରଥକୁ ବିଜେ ହୋଇଥା'ନ୍ତି। ରଥରେ ନୀତି ସରିବା ପରେ ଅର୍ଦ୍ଧରାତିରେ ମହାପ୍ରଭୁଙ୍କଠାରୁ ଆଜ୍ଞା ନେଇ ଶୟନ ଯାଇଥା'ନ୍ତି। ଭାଦ୍ରବ ଶୁକ୍ଳ ଏକାଦଶୀ ଦିନ ଠାକୁର ପାର୍ଶ୍ୱ ପରିବର୍ତ୍ତନ ଅର୍ଥାତ୍ କଡ଼ ଲେଉଟାଇଥାନ୍ତି। ତେଣୁ ଏହାକୁ ପାର୍ଶ୍ୱ ପରିବର୍ତ୍ତନ ଏକାଦଶୀ କୁହାଯାଏ। କାର୍ତ୍ତିକ ମାସ ବଡ଼ ଏକାଦଶୀରେ ଠାକୁର ନିଦ୍ରା ତ୍ୟାଗ କରି ଉଠିଥା'ନ୍ତି। ଏହାକୁ ଦେବ ଉତ୍ଥାପନ ଏକାଦଶୀ କୁହାଯାଏ। ଶାସ୍ତ୍ର ଅନୁସାରେ, ଯେଉଁମାନେ ପବିତ୍ର ମନରେ ହରିଶୟନ ଏକାଦଶୀ ବ୍ରତ ପାଳନ କରିଥାନ୍ତି, ତାଙ୍କର ମନସ୍କାମନା ପୂର୍ଣ୍ଣ ହେବା ସହ ସମସ୍ତ ପାପ କ୍ଷୟ ହୋଇଥାଏ। ସେହିପରି ହରିଶୟନ ଏକାଦଶୀ କଥା ପଢ଼ିବା ଓ ଶୁଣିବା ଦ୍ୱାରା ସହସ୍ର ଗୋଦାନ ତୁଲ୍ୟ ପୁଣ୍ୟ ଫଳପ୍ରାପ୍ତି ହୋଇଥାଏ ବୋଲି ଲୋକଙ୍କ ବିଶ୍ୱାସ ରହିଛି। ଅନ୍ୟପକ୍ଷରେ ସୋମବାରଠାରୁ ଗରୁଡ଼ ଶୟନ ଯିବେ। ଏହାକୁ ଗରୁଡ଼ ଶୟନ ନୀତି କୁହାଯାଏ।

### ■ ସୁନାବେଶରେ ଅଘଟଣ

## ମଠରୁ ଖସି ଶ୍ରଦ୍ଧାଳୁଙ୍କ ମୃତ୍ୟୁ

ରଥାରୂଢ଼ ଠାକୁରଙ୍କ ସୁନାବେଶ ଦର୍ଶନ ପାଇଁ ଆସିଥିବା ଜଣେ ଶ୍ରଦ୍ଧାଳୁଙ୍କ ସିଂହଦ୍ୱାର ସମ୍ମୁଖ ରାଧାବଲ୍ଲଭ ମଠରୁ ଖସି ପଡ଼ି ମୃତ୍ୟୁ ଘଟିଛି। ଜଗତସିଂହପୁର ଜିଲ୍ଲା ପାଟେଲୀ ଗାଁର ବାବାଜୀ ବେହେରା ରଥ ଉପରେ ଠାକୁରଙ୍କ ସୁନାବେଶ ଦର୍ଶନ ଲାଗି ସିଂହଦ୍ୱାର ସମ୍ମୁଖ ରାଧାବଲ୍ଲଭ ମଠ ଉପରକୁ ଯାଇଥିଲେ। ହେଲେ କୌଣସି କାରଣରୁ ସେ ହଠାତ୍ ମଠ ଉପରୁ ତଳକୁ ଖସି ପଡ଼ିଥିଲେ। ବାବାଜୀଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିବା ସହ ପାଟି ଓ ନାକରୁ ରକ୍ତସ୍ରାବ ହେଉଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ଉଦ୍ଧାର କରାଯାଇ ପ୍ରଥମେ ପୁରୀ ଜିଲ୍ଲା ସଦର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ମାତ୍ର ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ଭୁବନେଶ୍ୱର କ୍ୟାପିଟାଲ୍ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ସୁନାବେଶରେ ପ୍ରବଳ ଭିଡ଼ ଯୋଗୁଁ ଶତାଧିକ ଭକ୍ତ ଅଣନିଃଶ୍ୱାସୀ ହୋଇ ଅସୁସ୍ଥ ହୋଇଥିବା ଖବର ମିଳିଛି।

### ରଥ ଉପରେ ଅଧରପଣା

## ପୂର୍ବେ ହେଉଥିଲା ୧୨ ହାଣ୍ଡି, ଏବେ ୯ ହାଣ୍ଡି

ନବଦିନାତ୍ମକ ଯାତ୍ରା ସାରି ଜନ୍ମବେଦୀରୁ ରତ୍ନବେଦୀ ଅଭିମୁଖେ ବାହୁଡ଼ିଛନ୍ତି ଚତୁର୍ଦ୍ଧା ବିଗ୍ରହ। ସିଂହଦ୍ୱାର ସମ୍ମୁଖରେ ଦଣ୍ଡାୟମାନ ତିନିରଥ ଉପରେ ରବିବାର ସୁନାବେଶ ଅନୁଷ୍ଠିତ ହୋଇଛି। ସୋମବାର ତିନିରଥ ଉପରେ ଅନୁଷ୍ଠିତ ହେବ ଅଧରପଣା ନୀତି। ରଥାରୂଢ଼ ଠାକୁରମାନଙ୍କ ଅଧର ଉଚ୍ଚ ପର୍ଯ୍ୟନ୍ତ ସ୍ୱତନ୍ତ୍ର ଶୈଳୀରେ ନିର୍ମିତ ମାଟି ହାଣ୍ଡିରେ ହେଉଥିବା ପଣା ଭୋଗକୁ ଅଧରପଣା କୁହାଯାଏ। ଏହି ନୀତି ପାଇଁ ପୂର୍ବରୁ ୧୨ ହାଣ୍ଡି ଅଧରପଣା ହେଉଥିଲା। କିନ୍ତୁ ଏବେ ୯ ହାଣ୍ଡି ଅଧରପଣା ଭୋଗ ହେଉଛି। ଗବେଷକଙ୍କ ମତରେ, ପୂର୍ବେ ବାହୁଡ଼ା ଦଶମୀ ଦିନ ତିନିହାଣ୍ଡି, ଏକାଦଶୀ ତିଥିରେ ତିନିହାଣ୍ଡି, ଦ୍ୱାଦଶୀ ଦିନ ତିନିହାଣ୍ଡି ଏହିପରି ୯ ହାଣ୍ଡି ଏବଂ ଶ୍ରୀବଳଭଦ୍ରଙ୍କ ରଥରେ ରାମ ଓ କୃଷ୍ଣଙ୍କ ଉଦ୍ଦେଶ୍ୟରେ ୨ ହାଣ୍ଡି (ସାନ), ଶ୍ରୀଜଗନ୍ନାଥଙ୍କ ରଥରେ ମଦନମୋହନଙ୍କ ପାଇଁ ୧ ହାଣ୍ଡି (ସାନ) ଏହିପରି ୧୨ ହାଣ୍ଡି ଅଧରପଣା ଭୋଗ ହେଉଥିଲା। ସମ୍ପ୍ରତି ତିନିରଥ ପାଇଁ କେବଳ ଗୋଟିଏ ଦିନରେ ସମୁଦାୟ ୯ ହାଣ୍ଡି ଅଧରପଣା ଭୋଗ ହେଉଛି। ରାଘବଦାସ ମଠ, ବଡ଼ଓଡ଼ିଆ ମଠ ଓ ଶ୍ରୀମନ୍ଦିର ପ୍ରଶାସନ ୩ଟି ଲେଖାଏ ଅଧରହାଣ୍ଡି ଓ ପଣା ସାମଗ୍ରୀ ଯୋଗାଇ ଦେଉଛନ୍ତି।

ରଥ ଉପରେ ମଧ୍ୟାହ୍ନ ଧୂପ ଶେଷ ହେବା ପରେ ଅଧରପଣା ପ୍ରସ୍ତୁତ ଓ ନୀତି ଆରମ୍ଭ ହୋଇଥାଏ। ଶ୍ରୀମନ୍ଦିର ପ୍ରଶାସନ, ରାଘବ ଦାସ ମଠ ଓ ବଡ଼ଓଡ଼ିଆ ମଠ ପ୍ରଦତ୍ତ ଛେନା, ସର, କଦଳୀ, ଛାତି, ଗୋଲମରିଚ ଗୁଣ୍ଡ, କର୍ପୂର, ଜାଇଫଳ ପ୍ରଭୃତି ପଣା ସାମଗ୍ରୀ ପାଳିଆ ମହାସୁଆର ରଥ ଉପରେ ରଖନ୍ତି। ପ୍ରତି ଠାକୁରଙ୍କ ସମ୍ମୁଖରେ ଭୋଗ ହେଉଥିବା ସ୍ଥାନରେ ମହାପ୍ରଭୁଙ୍କ ଶ୍ରୀଅଧରକୁ ପାଇବା ଭଳି ଉଚ୍ଚ ଥିବା ତୁମ୍ବାକାର ମୃତ୍ତିକା ନିର୍ମିତ ତିନିଗୋଟି ହାଣ୍ଡି ରଖାଯାଏ। କିନ୍ତୁ ପ୍ରତ୍ୟେକ ହାଣ୍ଡି ସମାନ ମାପର ହୋଇନଥାଏ। ପୂର୍ବରୁ ପାଣିଆପଟ୍ଟ ସେବକମାନେ ସିଂହଦ୍ୱାର ଛାଉଣୀ ମଠ ସମ୍ମୁଖସ୍ଥ କୂଅରୁ ଗରାମାନଙ୍କରେ ଜଳ କାଢ଼ି ରଥ ଉପରକୁ ବୋହି ନେଇ ବଡ଼ ପିତ୍ତଳ ହଣ୍ଡାରେ ରଖିଥା'ନ୍ତି। କୂଅରୁ ଜଳ ବୋହିବା ସମୟରେ ମନ୍ଦିର ଚର୍ଚ୍ଚା ଓ ବରକନ୍ଦାଜ କର୍ମଚାରୀମାନେ ଆଗରେ ଗୁଆ ଖୋଳପା ଧରି ଲୋକଙ୍କୁ ଆଡ଼େଇଥା'ନ୍ତି, ଯେପରି କେହି ପବିତ୍ର ଜଳକୁ ସ୍ପର୍ଶ କରିପାରିବେ ନାହିଁ। ଅଧରପଣା ଭୋଗ ହେବା ପୂର୍ବରୁ ମହାସୁଆରମାନେ ଥାଇ ଭିତରଚ୍ଛ, ତଳୁଚ୍ଛ ଓ ପାଳିଆ ପୁଷ୍ପାଳକ ଅଧର ଆଗରେ ଖଣ୍ଡେ ଗାମୁଛା ଟେରା ଧରିଥା'ନ୍ତି। ଅଧରପଣା ହାଣ୍ଡି ଉପରେ ଖଣ୍ଡେ ଲେଖାଏଁ ଧଳା କରିଆ (ଜାଲି କନା) ପକାଯାଏ। ପବିତ୍ର ଜଳକୁ ଛାଣିବା ଉଦ୍ଦେଶ୍ୟରେ ଏହା ପକାଯାଇଥାଏ। ମହାସୁଆରମାନେ ପ୍ରତି ରଥ ଉପରେ ଅଧର ହାଣ୍ଡିରେ ପଣା ପ୍ରସ୍ତୁତ କରିଥା'ନ୍ତି। ଏହାକୁ ପତ୍ରୀବଡ଼ୁ, ସୁଆରବଡ଼ୁ, ଗରାବଡ଼ୁ ପାଳିଆ ସେବକ ତିନିରଥ ଉପରେ ପୂଜା କରନ୍ତି। ଏହାପରେ ପାଳିଆ ପୂଜାପଣ୍ଡା ପଞ୍ଚୋପଚାରରେ ଭୋଗ ଲଗାଇଥା'ନ୍ତି। ଭୋଗ ହେବା ପରେ ଠାକୁରମାନଙ୍କ ସମ୍ମୁଖରେ ଏହି ପାତ୍ରମାନଙ୍କୁ ଭାଙ୍ଗି ଦିଆଯାଇଥାଏ।

ଜନଶ୍ରୁତିରୁ ଜଣାଯାଏ, ତିନିରଥ ଉପରେ ଠାକୁରମାନଙ୍କୁ ଅର୍ପିତ ଅଧରପଣା ଭୋଗ ରଥର ପାର୍ଶ୍ୱ ଦେବଦେବୀ, ଅନ୍ୟାନ୍ୟ ଚଣ୍ଡି ଚାମୁଣ୍ଡା ଓ ଅର୍ଦ୍ଧଶରୀରୀମାନଙ୍କ ପାଇଁ ଉଦ୍ଦିଷ୍ଟ। କାରଣ ସଚରାଚର ବିଶ୍ୱବ୍ରହ୍ମାଣ୍ଡର ହିତ ସାଧନ ନିମନ୍ତେ ମହାପ୍ରଭୁ ନବଦିନାତ୍ମକ ଯାତ୍ରା କରିଥା'ନ୍ତି। ଏହି ଚଣ୍ଡି ଚାମୁଣ୍ଡା ପ୍ରଭୃତିଙ୍କ ପାଇଁ ସମର୍ପଣର ପ୍ରଥା ନାହିଁ। ଏଣୁ ଯାତ୍ରାର ଅନ୍ତିମ ପର୍ଯ୍ୟାୟରେ ସେମାନଙ୍କୁ ତୃପ୍ତ କରିବା ପାଇଁ ଏଭଳି ବିଧାନ ବହୁ ପ୍ରାଚୀନକାଳରୁ ରହି ଆସିଛି। ଏଥିପାଇଁ ଅଧରପଣା ହାଣ୍ଡିଗୁଡ଼ିକୁ ରଥ ଉପରେ ଭାଙ୍ଗି ଦିଆଯାଏ। ଏହି କାରଣରୁ ସାଧାରଣତଃ ଅନ୍ୟ କେହି ଏହି ଅମୃତୋପମ ପଣାକୁ ସେବନ କରି ନ ଥା'ନ୍ତି।

### ଅଧରପଣା ନୀତି ନିର୍ଘଣ୍ଟ

| | |
|---|---|
| ମଙ୍ଗଳ ଆଳତି | ସକାଳ ୬ରୁ ୬ଟା ୩୦ |
| ମଇଲମ-ତଡ଼ପଲାଗି | ସକାଳ ୭ଟା |
| ଅବକାଶ | ୮ଟା |
| ବେଶ ଶେଷ | ୯ଟା |
| ଗୋପଳବଲ୍ଲଭ | ପୂର୍ବାହ୍ନ ୧୦ରୁ ୧୦ଟା ୩୦ |
| ସକାଳଧୂପ | ୧୧ଟା ୩୦ରୁ ମଧ୍ୟାହ୍ନ ୧୨ଟା ୩୦ |
| ମଇଲମ | ଅପରାହ୍ନ ୧ଟା |
| ମହାସ୍ନାନ ଓ ସର୍ବାଙ୍ଗ | ଅପରାହ୍ନ ୧ଟା ୩୦ |
| ବେଶ ଶେଷ | ୨ଟା |
| ମଧ୍ୟାହ୍ନ ଧୂପ | ଅପରାହ୍ନ ୩ଟା ୩୦ରୁ ୪ଟା ୩୦ |
| ଅଧରପଣା ଶେଷ | ରାତି ୮ଟା |
| ମହାସ୍ନାନ ଶେଷ | ୯ଟା |
| ମଇଲମ ଓ ବେଶ | ୧୦ଟା |
| ସନ୍ଧ୍ୟା ଆଳତି | ୧୦ଟା ୩୦ |
| ସନ୍ଧ୍ୟାଧୂପ | ରାତି ୧୧ଟାରୁ ୧୨ଟା |
| ମଇଲମ, ଚନ୍ଦନଲାଗି | ୧୨ଟା ୩୦ |
| ବଡ଼ସିଂହାର ବେଶ | ୧ଟା |
| ବଡ଼ସିଂହାର ଭୋଗ | ୧ଟା ୩୦ |
| ଶ୍ରୀଗରୁଡ଼ ଶୟନ | ୧ଟା ୩୦ |
| ରାତ୍ର ପହୁଡ଼ | ରାତି ୨ଟା |



ଆକାଶେ ହସୁଛି କଳା ବଉଦ, ସୁନାବେଶ ଦେଖି ଭକ୍ତ ବିମୁଗ୍ଧ (ଫଟୋ-ଅନିଲ)

# ଗୁଣି ସନ୍ଦେହରୁ ପୁଣି ଗଡ଼ିଲା ୨ ମୁଣ୍ଡ



ରାଉରକେଲା/ ଦଶପଲ୍ଲା, ୬।୭ (ସମିସ): ଗୁଣିଗାରେଡ଼ି ସନ୍ଦେହରୁ ରାଜ୍ୟରେ ପୁଣି ୨ଜଣଙ୍କ ମୁଣ୍ଡ ଗଡ଼ିଛି। ଗୁଣି ସନ୍ଦେହରେ ସୁନ୍ଦରଗଡ଼ ଜିଲ୍ଲା କୋଇଡ଼ାରେ ଜଣେ ଯୁବକଙ୍କୁ ପଥରରେ ଛେଚି ଏବଂ ନୟାଗଡ଼ ଜିଲ୍ଲା ଦଶପଲ୍ଲା ଅଞ୍ଚଳରେ ଜଣେ ବୃଦ୍ଧଙ୍କୁ ଟାଙ୍ଗିଆରେ ହାଣି ଅତି ନିର୍ମମ ଭାବେ ହତ୍ୟା କରାଯାଇଛି। ମୃତକଦ୍ୱୟ ହେଲେ, କୋଇଡ଼ା ଥାନା ଅନ୍ତର୍ଗତ ମାଲଦା ପଞ୍ଚାୟତର କାକରପାଣି ଗ୍ରାମର ଅମ୍ରିତ ଯୋଯୋ ଓ ଦଶପଲ୍ଲା ଥାନା ଅନ୍ତର୍ଗତ ବୁଗୁଡ଼ା କଲୋନୀ ଗ୍ରାମର ସଂକୀର୍ତ୍ତନ ଗୁରୁ କବିର ପ୍ରଧାନ(୭୦)। ଏହି ଘଟଣାଦ୍ୱୟ ରାଜ୍ୟବ୍ୟାପୀ ଚାଞ୍ଚଲ୍ୟ ସୃଷ୍ଟି କରିଛି।

ସୂଚନାନୁଯାୟୀ, ଝାଡ଼ଖଣ୍ଡ ଅଞ୍ଚଳର ଅମ୍ରିତ ଓ ଗାବ୍ରିଏଲ୍ ସୁରିନ(୨୧) ନାମକ ଦୁଇ ଯୁବକ ପାଖାପାଖି ୨୦ ବର୍ଷ ହେବ କୋଇଡ଼ା ବ୍ଲକ୍ ଅନ୍ତର୍ଗତ କାକରପାଣି ଗ୍ରାମରେ ରହି ଆସୁଛନ୍ତି। ଉଭୟ ମିତ୍ତଲ କମ୍ପାନୀରେ ଶ୍ରମିକ ଭାବେ କାର୍ଯ୍ୟ କରୁଥିଲେ। କିଛି ଦିନ ହେବ ଗାବ୍ରିଏଲ ଅସୁସ୍ଥ ହୋଇପଡ଼ିଥିଲେ। ବହୁ ଚିକିତ୍ସା ପରେ ମଧ୍ୟ ସେ ଆରୋଗ୍ୟ ନ ହେବାରୁ ତାଙ୍କର ଚିନ୍ତା ବଢ଼ିଥିଲା। ତେବେ ଅମ୍ରିତ ତନ୍ତ୍ରମନ୍ତ୍ର ତଥା ଗୁଣିଗାରେଡ଼ି କରୁଥିବାରୁ ଏପରି ହେଉଥିବା ସେ ସନ୍ଦେହ କରିଥିଲା। ଶନିବାର ସକାଳେ ଏହି ଘଟଣାକୁ ନେଇ ଉଭୟଙ୍କ ମଧ୍ୟରେ ଭୀଷଣ ପାଟିତୁଣ୍ଡ ହୋଇଥିଲା।

■ ପଥରରେ ଛେଚି ଯୁବକଙ୍କୁ ହତ୍ୟା
■ ଘର ବାରଣ୍ଡାରେ ବୃଦ୍ଧଙ୍କୁ କୁରାଢ଼ୀ ଚୋଟ

ଏଥିରେ ଗାବ୍ରିଏଲ ରାଗିଯିବା ସହ ଅମ୍ରିତଙ୍କୁ ଜୀବନରୁ ମାରିଦେବାକୁ ଯୋଜନା କରିଥିଲା। କେବଳ ସୁଯୋଗ ଅପେକ୍ଷାରେ ରହିଥିଲା। ଶନିବାର ରାତି ପ୍ରାୟ ୧୦ଟାରେ କୋଇଡ଼ାରୁ ବାହୁଡ଼ା ଯାତ୍ରା ଦେଖି ଉଭୟ ଗାଁକୁ ଫେରିବା ବେଳେ ପୁନର୍ବାର ପୂର୍ବ ଘଟଣାକୁ ନେଇ ଉଭୟଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ମାରପିଟ୍ ଠେଲାପେଲା ପରେ ଅମ୍ରିତ ତଳେ ପଡ଼ିଯିବାରୁ ଗାବ୍ରିଏଲ ଏକ ବଡ଼ ପଥର ଅମ୍ରିତର ମୁଣ୍ଡରେ ଛେଚି ଅତ୍ୟନ୍ତ ନୃଶଂସ ଭାବେ ହତ୍ୟା କରିଥିଲା। କିଛି ଗ୍ରାମବାସୀ ସେହି ରାସ୍ତା ଦେଇଆସୁଥିବା ବେଳେ ଅମ୍ରିତର ରକ୍ତାକ୍ତ ଶରୀର ପଡ଼ିଥିବା ଦେଖି ପୁଲିସକୁ ସୂଚନା ଦେଇଥିଲେ। କୋଇଡ଼ା ପୁଲିସ୍ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଭିଯୁକ୍ତ ଗାବ୍ରିଏଲକୁ କାବୁ କରି ଥାନାରେ ଅଟକ ରଖି ପଚରାଉଚରା କରୁଥିବା ଜଣାପଡ଼ିଛି।

ସେହିପରି ନୟାଗଡ଼ ଜିଲ୍ଲା ଦଶପଲ୍ଲା ଥାନା ଅନ୍ତର୍ଗତ ଟାକରା ପଞ୍ଚାୟତ ବୁଗୁଡ଼ାକଲୋନୀ ଗ୍ରାମର ସଂକୀର୍ତ୍ତନ ଗୁରୁ କବିର ପ୍ରଧାନ ଆଜି ସକାଳ ପ୍ରାୟ ସାଢ଼େ ୭ଟାରେ ନିଜ ଘର ବାରଣ୍ଡାରେ ବସି ଦାନ୍ତ ଘଷୁଥିଲେ। ଏହି ସମୟରେ ସେହି ଗ୍ରାମର ଅଶୋକ ମଲ୍ଲିକ ଓରଫ୍ ମୁଣ୍ଡା ହଠାତ୍ ଏକ ଧାରୁଆ ଟାଙ୍ଗିଆରେ ତାଙ୍କ ମୁଣ୍ଡକୁ ଚୋଟ ପକାଇଥିଲା। ଫଳରେ ଘଟଣାସ୍ଥଳରେ କବିରଙ୍କର ମୃତ୍ୟୁ ହୋଇଯାଇଥିଲା। ଏହି ଅଭାବନୀୟ ଘଟଣାରେ ହତଚକିତ ଗ୍ରାମବାସୀ ତୁରନ୍ତ ଆମ୍ବୁଲାନ୍ସ ଯୋଗେ କବିରଙ୍କୁ ସ୍ଥାନୀୟ ଦଶପଲ୍ଲା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

ଗ୍ରାମବାସୀଙ୍କ କହିବା ଅନୁସାରେ, କବିର ଜଣେ ଧର୍ମପରାୟଣ, ଭାଗବତପ୍ରେମୀ ତଥା ସଙ୍କୀର୍ତ୍ତନ ଗୁରୁ ଥିଲେ। ଅଭିଯୁକ୍ତ ଅଶୋକ ଗାଁରେ ବଡ଼ ଉତ୍ପାତ କରୁଥିଲା। ମା' ଓ ଭାଇଙ୍କୁ ମାରପିଟ୍ କରି ଘରୁ ତଡ଼ିଦେବା ସହିତ ଏକୁଟିଆ ରହି ମଦ ବ୍ୟବସାୟ କରୁଥିଲା। କିନ୍ତୁ ତା' ଘରର ପାରିବାରିକ ଅଶାନ୍ତି ପାଇଁ ସେ କବିରଙ୍କୁ ଦାୟୀ କରି ଆସୁଥିଲା। କବିର ଗୁଣିଗାରେଡ଼ି କରି ତା' ପରିବାରରେ ଅଶାନ୍ତି ଖେଳାଉଛନ୍ତି ବୋଲି ଅଭିଯୋଗ କରୁଥିଲା। ଆଜି ଏହାର ବିସ୍ଫୋରକ ପରିଣତିକ୍ରମେ କବିରଙ୍କ ମୁଣ୍ଡ ଗଡ଼ିଲା। ବ୍ୟବଚ୍ଛେଦ ପରେ ଦଶପଲ୍ଲା ପୁଲିସ୍ ଶବକୁ ପରିବାରବର୍ଗଙ୍କୁ ହସ୍ତାନ୍ତର କରିବା ସହ ଅଭିଯୁକ୍ତ ଅଶୋକକୁ ତା' ଘରୁ ଗିରଫ କରିଛି।

# ଲଗାଣ ବର୍ଷାରେ ଭୁଶୁଡ଼ିଲା କାନ୍ଥ

## ଆଈଶାଶୂ, ନାତୁଣୀବୋହୂ ମୃତ / ଅଳ୍ପକେ ବର୍ତ୍ତିଗଲା ୬ ବର୍ଷର ଶିଶୁ

ନୂଆପଡ଼ା,୬।୭(ସମିସ): ନୂଆପଡ଼ା ଜିଲ୍ଲା କୋମନା ବ୍ଲକ୍ ଲଖନା ଥାନା ଅଧୀନ ପଟକରପାଲି ଗାଁରେ ଏକ ଅଭାବନୀୟ ଘଟଣା ଘଟିଛି। ନିର୍ମାଣାଧୀନ କୁକୁଡ଼ା ଫାର୍ମ ଘରର କାନ୍ଥ ଭୁଶୁଡ଼ି ପଡ଼ିବାରୁ ୨ଜଣ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ରୂପେ ଶବର (୬୧) ଏବଂ ତାଙ୍କ ନାତୁଣୀ ବୋହୂ ବାଲମିତି ଶବର (୩୫)। ଲଖନା ଥାନା ପୁଲିସ୍ ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଗାଁ ଶ୍ମଶାନରେ ଏକାଠି ଆଈଶାଶୂ, ନାତୁଣୀବୋହୂଙ୍କ ଜୁଇ ଜଳିଛି। ଏଭଳି ହୃଦୟବିଦାରକ ଘଟଣା ଗାଁକୁ ସ୍ତବ୍ଧ କରିଦେଇଛି। ଗୋଟିଏ ଘରୁ ଦୁଇ ଦୁଇଟି ଶବ ଉଠିବା ପଟକରପାଲି ଗାଁରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି।




ସୂଚନାନୁଯାୟୀ, ଗାଁର ଦିବାକର ଶବର (୩୮) ନାମକ ଜଣେ କ୍ଷୁଦ୍ର ଚାଷୀ ସରକାରୀ ଯୋଜନାରେ ୫ଶହ ବ୍ରଏଲର କୁକୁଡ଼ା ପାଳନ ସକାଶେ ଏକ କୁକୁଡ଼ା ଫାର୍ମ ତିଆରି କରୁଛନ୍ତି। ଫାର୍ମର କାନ୍ଥ ଉଠି ସାରିଥିଲା। ତେବେ ସପ୍ତାହେ ହେବ ଲଗାଣ ବର୍ଷା ଯୋଗୁଁ କାନ୍ଥ ଭିଜି ଦୁର୍ବଳ ହୋଇପଡ଼ିଥିଲା। ଦିବାକରଙ୍କ ଆଈ ରବିବାର ମଧ୍ୟାହ୍ନରେ ନାତୁଣୀବୋହୂ ବାଲମିତି ଏବଂ ଦିବାକରଙ୍କ ୬ ବର୍ଷର ଝିଅ ସିଦ୍ଧିଙ୍କୁ ନେଇ ଫାର୍ମ ଘର ନିକଟକୁ ଯାଇଥିଲେ। ଭିତରେ ବୁଲି ବୁଲି ସ୍ଥିତି ଦେଖିଲା ବେଳେ ଅଘଟଣ ଘଟିଥିଲା। ହଠାତ କାନ୍ଥଟି ସେମାନଙ୍କ ଉପରେ ଭୁଶୁଡ଼ି ପଡ଼ିଥିଲା। ଆଈଶାଶୂ ଓ ନାତୁଣୀବୋହୂ ଚାପି ହୋଇଯାଇଥିଲେ। ସୌଭାଗ୍ୟବଶତଃ କୁନି ଝିଅ ସିଦ୍ଧି ଅଳ୍ପକେ ବର୍ତ୍ତିଯାଇଥିଲା। ତୁରନ୍ତ ସେ ସେଠାରୁ ଧାଇଁ ଯାଇ ଗାଁଲୋକଙ୍କୁ ଘଟଣା ବିଷୟରେ କହିଥିଲା। ଗ୍ରାମବାସୀ ସେଠାରେ ପହଞ୍ଚି ଉଦ୍ଧାର କରିବାକୁ ଚେଷ୍ଟା କରିଥିଲେ। ଖବର ପାଇ ତୁରନ୍ତ ପୁଲିସ ମଧ୍ୟ ପହଞ୍ଚିଥିଲା। ଆମ୍ବୁଲାନ୍ସ ଯୋଗେ ଦୁହିଁଙ୍କୁ ଡାକ୍ତରଖାନା ନିଆଯାଇଥିଲା। ଡାକ୍ତର କିନ୍ତୁ ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ଅନ୍ୟପକ୍ଷେ ଏହି ଖବର ପାଇ ପ୍ରାଣୀ ଚିକିତ୍ସା ବିଭାଗ ତରଫରୁ ଏକ ଟିମ୍ ମଧ୍ୟ ଗାଁରେ ପହଞ୍ଚି ଅନୁଧ୍ୟାନ କରିଛି।

# ପାଚେରି ଭୁଶୁଡ଼ି ୨ ଶ୍ରମିକ ମୃତ

ବାଲିପାଟଣା,୬।୭ (ସମିସ): ଭୁବନେଶ୍ୱର ଉପକଣ୍ଠ ବାଲିପାଟଣା ବ୍ଲକ୍‌ରେ ଆଜି ଡ୍ରେନ୍ କାମ ବେଳେ ପାଚେରି ଭୁଶୁଡ଼ି ପଡ଼ିବାରୁ ୨ଜଣ ଶ୍ରମିକଙ୍କ ମୃତ୍ୟୁ ଘଟିଥିବା ବେଳେ ଅନ୍ୟ ଜଣେ ଗୁରୁତର ଆହତ ହୋଇଛନ୍ତି। ସ୍ଥାନୀୟ ବେଙ୍ଗବତି ଗ୍ରାମଠାରେ ଆଜି ଏହି ଅଘଟଣ ଘଟିଛି। ମୃତକଦ୍ୱୟ ହେଲେ, ହୁଇଲା ହୋଓ ଦଳେ ହୋ। ସେମାନଙ୍କ ଘର କେନ୍ଦୁଝର ଓ ଭଦ୍ରକ ଅଞ୍ଚଳରେ ବୋଲି ଜଣାଯାଇଛି। ପୁଲିସ୍ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ସୂଚନାନୁଯାୟୀ, ଗତ କିଛି ଦିନ ହେଲା ଅଠାନ୍ତର ଛକଠାରୁ ନୂଆସାହି ପର୍ଯ୍ୟନ୍ତ ରାସ୍ତାର ଦୁଇପଟେ ଡ୍ରେନ୍ କାମ ହେଉଛି। ଆଜି ବେଙ୍ଗବତି ପ୍ରାଥମିକ ବିଦ୍ୟାଳୟ ସମ୍ମୁଖରେ ଡ୍ରେନ୍ କାମ ହେଉଥିବା ବେଳେ ହଠାତ ସ୍କୁଲ ପାଚେରିଟି ଭୁଶୁଡ଼ି ପଡ଼ିଥିଲା। ଏହି ସମୟରେ ପାଚେରି ପାଖରେ କାମ କରୁଥିବା ହୁଇଲା ହୋ, ଦଳେ ହୋ ଏବଂ କଲା ହୋ ଚାପି ହୋଇଯାଇଥିଲେ। ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରି ଚିକିତ୍ସା ପାଇଁ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ସେଠାରେ ଡାକ୍ତର ହୁଇଲା ଓ ଦଳେଙ୍କୁ ମୃତ ଘୋଷଣା କରିଥିବା ବେଳେ ଗୁରୁତର କଲା ହୋଙ୍କୁ କ୍ୟାପିଟାଲ ହସ୍ପିଟାଲକୁ ସ୍ଥାନାନ୍ତର କରିବାକୁ ପରାମର୍ଶ ଦେଇଥିଲେ। ତାଙ୍କର ସ୍ୱାସ୍ଥ୍ୟାବସ୍ଥା ସେଠାରେ ସଂକଟାପନ୍ନ ରହିଥିବା ଜଣାଯାଇଛି।

■ ବିନିକାରେ ଅଘଟଣ

# ରଥଚକ ତଳେ ଚାପି ହୋଇ ୬ ଗୁରୁତର



ବିନିକା, ୬।୭ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବିନିକା ସହରରେ ରବିବାର ମହାପ୍ରଭୁଙ୍କ ବାହୁଡ଼ା ଯାତ୍ରା ବେଳେ ଏକ ଅଘଟଣ ଘଟିଛି। ରଥଟଣା ବେଳେ ୪ ଜଣ ନାବାଳକ ସହ ଅନ୍ୟ ୨ଜଣ ଭକ୍ତ ରଥ ତଳେ ଚାପି ହୋଇ ଗୁରୁତର ହୋଇଛନ୍ତି। ୪ ନାବାଳକ ହେଲେ, ପିଙ୍କୁ ମେହେର(୧୨), ପ୍ରତ୍ୟଶ ମାହାଣା, ଆଦର୍ଶ ଦାସ(୯), ସରୋଜ ଦାସ (୯)। ଅନ୍ୟ ୨ ଭକ୍ତଙ୍କ ପରିଚୟ ଜଣାପଡ଼ିନାହିଁ। ତେବେ ୪ ନାବାଳକଙ୍କ ଭିତରୁ ଜଣେ ନାବାଳକଙ୍କ ସଂକଟାପନ୍ନ ରହିଛି। ତାକୁ ବୁର୍ଲା ଭିମ୍‌ସାର୍ ସ୍ଥାନାନ୍ତର କରାଯାଇଛି। ଅନ୍ୟମାନେ ବିନିକା ଡାକ୍ତରଖାନାରେ ଚିକିତ୍ସାଧୀନ ଅଛନ୍ତି।

ସୂଚନାନୁଯାୟୀ, ରବିବାର ଅପରାହ୍ଣ ୩ଟାରେ ରଥଟଣା ଆରମ୍ଭ ହୋଇଥିଲା। ମହାପ୍ରଭୁଙ୍କ ବାହୁଡ଼ା ଯାତ୍ରା ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ଼ ଜମିଥିଲା। ଗୁଣ୍ଡିଚା ମନ୍ଦିରକୁ ନିକଟରେ ରଥ ପହଞ୍ଚିଲା ବେଳକୁ ୪ ନାବାଳକ ସହ ଅନ୍ୟ ୨ଜଣ ଭକ୍ତ ରଥ ତଳେ ଚାପି ହୋଇଯାଇଥିଲେ। ତୁରନ୍ତ ଉପସ୍ଥିତ ଭକ୍ତ ସମସ୍ତଙ୍କୁ ଉଦ୍ଧାର କରି ବିନିକା ଡାକ୍ତରଖାନାରେ ଭର୍ତ୍ତି କରିଥିଲେ।

# ମୀନାକ୍ଷୀ ବାହିନୀପତି ରାଜ୍ୟ ମହିଳା କଂଗ୍ରେସ ସଭାନେତ୍ରୀ

ଭୁବନେଶ୍ୱର,୬।୭(ସମିସ): ଓଡ଼ିଶା ପ୍ରଦେଶ ମହିଳା କଂଗ୍ରେସର ସଭାନେତ୍ରୀ ଭାବେ ପୁନର୍ବାର ନିଯୁକ୍ତି ପାଇଛନ୍ତି ମୀନାକ୍ଷୀ ବାହିନୀପତି। ଅଖିଳ ଭାରତ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ ଖଡ଼୍‌ଗେ ଶ୍ରୀମତୀ ବାହିନୀପତିଙ୍କ ନିଯୁକ୍ତିକୁ ଅନୁମୋଦନ ପ୍ରଦାନ କରିଥିବା ନେଇ ଏଆଇସିସି ସାଧାରଣ



ସମ୍ପାଦକ କେସି ବେଣୁଗୋପାଳ ଘୋଷଣା କରିଛନ୍ତି। ଶ୍ରୀମତୀ ବାହିନୀପତି ପୂର୍ବରୁ ପ୍ରଦେଶ ମହିଳା କଂଗ୍ରେସର ସଭାନେତ୍ରୀ ଭାବରେ କାର୍ଯ୍ୟ କରିଛନ୍ତି। ଏତଦ୍‌ଭିନ୍ନ କୋରାପୁଟ ଜିଲ୍ଲା କଂଗ୍ରେସ କମିଟିର ସଭାପତି, ପ୍ରଦେଶ କଂଗ୍ରେସ କମିଟିର ସାଧାରଣ ସମ୍ପାଦକ ଭାବରେ କାର୍ଯ୍ୟ କରିବାରେ ତାଙ୍କର ଅଭିଜ୍ଞତା ରହିଛି। କୋରାପୁଟ ପୌରାଞ୍ଚଳର ଅଧ୍ୟକ୍ଷା ଭାବରେ ସେ ଦୁଇଥର ନିର୍ବାଚିତ ହୋଇଥିଲେ। ଏହି ନିଯୁକ୍ତି ପାଇଁ ଶ୍ରୀମତୀ ବାହିନୀପତି ପ୍ରଦେଶ କଂଗ୍ରେସ କମିଟିର ସଭାପତି ଭକ୍ତ ଚରଣ ଦାସ, ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲଲ୍ଲୁ ଏବଂ ଏଆଇସିସି ମହିଳା ସଭାନେତ୍ରୀ ଅଲକା ଲାମ୍ବାଙ୍କୁ ଗଭୀର କୃତଜ୍ଞତା ଜ୍ଞାପନ କରିଛନ୍ତି। ଏଆଇସିସି ସଭାପତି ମଲ୍ଲିକାର୍ଜୁନ ଖଡ଼୍‌ଗେ ଏବଂ ଲୋକସଭାର ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ଆଦର୍ଶ ଓ ମହିଳାମାନଙ୍କ ପ୍ରତି ଥିବା ସେମାନଙ୍କର ପ୍ରତିବଦ୍ଧତାକୁ ଅନୁସରଣ କରି ରାଜ୍ୟରେ ମହିଳା ସଂଗଠନକୁ ସୁଦୃଢ଼ କରାଯିବ। ଏହାସହ ନାରୀନ୍ୟାୟ ସଂଗ୍ରାମକୁ ତ୍ୱରାନ୍ୱିତ କରାଯିବ ବୋଲି ଶ୍ରୀମତୀ ବାହିନୀପତି ନିଜ ପ୍ରତିକ୍ରିୟାରେ କହିଛନ୍ତି।

# ଉସ୍ତପଲ୍ଲୀରେ ବ୍ୟାପୁଛି ଝାଡ଼ାବାନ୍ତି

ଦିଗପହଣ୍ଡି,୬।୭(ସମିସ): ଦିଗପହଣ୍ଡି ବ୍ଲକ୍ ସହଦେବ ଟିକରପଡ଼ା ପଞ୍ଚାୟତ ଅନ୍ତର୍ଗତ ଆଦିବାସୀ ଅଧ୍ୟୁଷିତ ଗ୍ରାମ ଉସ୍ତପଲ୍ଲୀରେ ବ୍ୟାପୁଛି ଝାଡ଼ାବାନ୍ତି। ରବିବାର ଏଥିରେ ଆକ୍ରାନ୍ତ ହୋଇ ୯ଜଣ ଦିଗପହଣ୍ଡି ମେଡିକାଲରେ ଭର୍ତ୍ତି ହୋଇଛନ୍ତି। ସେଥିମଧ୍ୟରୁ

■ ୯ ଆକ୍ରାନ୍ତ; ୨ ଗୁରୁତର
■ ସ୍ଥିତି ପରଖିଲା ସ୍ୱାସ୍ଥ୍ୟ ବିଭାଗ
■ ୩ ଦିନ ତଳେ ବୃଦ୍ଧଙ୍କ ମୃତ୍ୟୁ ଘଟିଥିଲା

୨ ମହିଳାଙ୍କୁ ଗୁରୁତର ଅବସ୍ଥାରେ ବ୍ରହ୍ମପୁର ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି।

ଗତ କିଛି ଦିନ ଧରି ଦିଗପହଣ୍ଡି ସମେତ ଆଖପାଖ ଗ୍ରାମାଞ୍ଚଳରେ ଲଗାଣ ବର୍ଷା ଲାଗି ରହିଛି। ଉସ୍ତପଲ୍ଲୀ ଗ୍ରାମର ଲୋକମାନେ ବର୍ଷାଜଳ ତଥା ଦୂଷିତ ପାଣି ବ୍ୟବହାର କରିବା ଫଳରେ ଝାଡ଼ାବାନ୍ତି ବ୍ୟାପୁଥିବା ଗ୍ରାମବାସୀମାନେ ଅଭିଯୋଗ କରିଛନ୍ତି। ଶନିବାର ବିଳମ୍ବିତ ରାତିରେ ଗ୍ରାମର କିଛି ଲୋକଙ୍କ ଝାଡ଼ାବାନ୍ତି ହୋଇଥିଲା। ସକାଳୁ ଆଶାକର୍ମୀ ଲିନୁ ସାହୁ ଗ୍ରାମରେ ପହଞ୍ଚି ଆମ୍ବୁଲାନ୍ସକୁ ଫୋନ୍ କରିଥିଲେ। ଖବର ପାଇ ପ୍ରଥମେ ଗୋଟିଏ ଆମ୍ବୁଲାନ୍ସ ଗ୍ରାମରେ ପହଞ୍ଚି



୨ ଜଣକୁ ଦିଗପହଣ୍ଡି ମେଡିକାଲରେ ଭର୍ତ୍ତି କରାଇଥିଲା। ପରେ ଆଉ ୨ଟି ଆମ୍ବୁଲାନ୍ସ ଗ୍ରାମକୁ ଯାଇଥିଲେ ମଧ୍ୟ ରାସ୍ତାରେ କାଦୁଅ ଯୋଗୁ ଗ୍ରାମଠାରୁ ପ୍ରାୟ ୨୦୦ ମିଟର ଦୂରରେ ରହିଯାଇଥିଲା। ତେବେ ଗ୍ରାମବାସୀ ଏବଂ ସମାଜସେବୀ ମନୋଜ ସାହୁଙ୍କ ସହାୟତାରେ ଅନ୍ୟ ଆକ୍ରାନ୍ତଙ୍କୁ ଦୋଳାରେ ବୋହି ଆମ୍ବୁଲାନ୍ସ ନିକଟକୁ ଅଣାଯାଇଥିଲା। ସେଠାରୁ ଦିଗପହଣ୍ଡି ମେଡିକାଲ ଅଣାଯିବା ପରେ ସମସ୍ତଙ୍କ ପ୍ରାଥମିକ ଚିକିତ୍ସା କରାଯାଇଥିଲା। ଆକ୍ରାନ୍ତଙ୍କ ମଧ୍ୟରେ ଗୌରୀ ଶବର, କାଲୁ ଶବର, ସୁମିତ୍ରା ଶବର, ସୁବାସ ଶବର, ରାଜେଶ ଶବର, ଶିବାନନ୍ଦ ଶବର, ଦମୟନ୍ତୀ ଶବର, ଅନୀତା ଶବର, ପ୍ରିୟଙ୍କା ଶବର, ଦମୟନ୍ତୀ ଶବର ରହିଛନ୍ତି। ଅନୀତା ଓ ଦମୟନ୍ତୀଙ୍କ ଅବସ୍ଥା ଗୁରୁତର ହେବାରୁ ସେମାନଙ୍କୁ ବ୍ରହ୍ମପୁର ବଡ଼ମେଡ଼ିକାଲକୁ ସ୍ଥାନାନ୍ତର କରାଯାଇଛି। ଅନ୍ୟପକ୍ଷରେ ଗତ ୩ ତାରିଖ ଦିନ ତଳେ ଦାସ ଶବର ନାମକ ବୃଦ୍ଧଙ୍କୁ ପ୍ରଥମେ ଝାଡ଼ାବାନ୍ତି ହୋଇଥିଲା। ପରିବାରଲୋକ ଭୀଷ୍ମଗିରି ଗ୍ରାମ ମେଡିକାଲ ନେଇ ଚିକିତ୍ସା କରି ଆଣିଥିଲେ। କିନ୍ତୁ ରାତିରେ ତାଙ୍କର ମୃତ୍ୟୁ ହୋଇଥିଲା।

# ମଝି ସମୁଦ୍ରରେ ଡଙ୍ଗାରୁ ଖସିପଡ଼ିଲେ ମତ୍ସ୍ୟଜୀବୀ

ଚନ୍ଦନେଶ୍ୱର,୬।୭(ସମିସ): ସମୁଦ୍ରକୁ ମାଛ ଧରିବାକୁ ଯାଉଥିବା ବେଳେ ଡ଼ଙ୍ଗାରୁ ଖସି ଜଣେ ମତ୍ସ୍ୟଜୀବୀଙ୍କ ମୃତ୍ୟୁ ହୋଇଛି। ମୃତ ମତ୍ସ୍ୟଜୀବୀ ହେଲେ, ଭୋଗରାଇ ବ୍ଲକ କୀର୍ତ୍ତନିଆ ପଞ୍ଚାୟତ ଅଧୀନ ସେହି ଗ୍ରାମର ଜଗନ୍ନାଥ ବଡ଼ାଇ (୫୦)। ଗ୍ରାମର ଭୀମ ଚରଣ ବଡ଼ାଇଙ୍କ ପୁଅ ଜଗନ୍ନାଥ ଆଜି ସମୁଦ୍ରକୁ ମାଛ ଧରିବାକୁ ଯାଉଥିବା ବେଳେ ଅସାବଧାନତାବଶତଃ ଡଙ୍ଗାରୁ ଖସି ପାଣିରେ ପଡ଼ି ଯାଇଥିଲେ। ସଙ୍ଗେସଙ୍ଗେ ଡଙ୍ଗାରେ ଥିବା ଅନ୍ୟ ମତ୍ସ୍ୟଜୀବୀମାନେ ତାଙ୍କୁ ବହୁତ ଖୋଜାଖୋଜି କରିଥିଲେ ହେଁ ପାଇନଥିଲେ। ପାଖାପାଖି ୨୦ ମିନିଟ୍ ପରେ ସମୁଦ୍ର ଭିତରୁ ତାଙ୍କୁ ନିଶ୍ଚଳ ଅବସ୍ଥାରେ ଉଦ୍ଧାର କରାଯାଇଥିଲା। ତାଙ୍କୁ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲେ ହେଁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ଭୋଗରାଇ ପୁଲିସ୍ ଏକ ଅପମୃତ୍ୟୁ ମାମଲା ରୁଜୁ କରିବା ସହ ବ୍ୟବଚ୍ଛେଦ ପରେ ଶବକୁ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଜଗନ୍ନାଥ ଜଣେ ଅତ୍ୟନ୍ତ ଗରିବ ଶ୍ରେଣୀର ଲୋକ। ସେ ମାଛ ଧରି ପରିବାର ପ୍ରତିପୋଷଣ କରୁଥିଲେ। ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇବାକୁ ସ୍ଥାନୀୟ ସରପଞ୍ଚ ରାଧାରାଣୀ ବେହେରା, ସମିତି ସଦସ୍ୟ ବିଜୟ ଗିରି, ପୂର୍ବତନ ଜିଲ୍ଲା ପରିଷଦ ପ୍ରଦୀପ ବେହେରା ପ୍ରମୁଖ ଦାବି କରିଛନ୍ତି।

## ଜଗନ୍ନାଥ ନିଆଁରେ ସନ୍ତୋଷ ଘିଅ

# ଅଗ୍ନିପରୀକ୍ଷାରେ ବିଜେପି 'ଅସ୍ମିତା'

ଭୁବନେଶ୍ୱର,୬।୭(ସମିସ): ଓଏଏସ ଅଧିକାରୀ ରତ୍ନାକର ସାହୁଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାରେ ବିଜେପି ନେତା ଜଗନ୍ନାଥ ପ୍ରଧାନଙ୍କ ଭୂମିକା ଏବଂ ଗିରଫଦାରୀକୁ ନେଇ ବିଜେପିରେ ଅସନ୍ତୋଷ କୁହୁଳୁଛି। ଜଗନ୍ନାଥଙ୍କ ଗିରଫଦାରୀକୁ ଗୋଟିଏ ଗୋଷ୍ଠୀ ସଠିକ୍ ବୋଲି ଦର୍ଶାଉଥିବା ବେଳେ ଅନ୍ୟ ଗୋଷ୍ଠୀଗୁଡ଼ିକ ଏହାର ବିରୋଧ କରୁଛନ୍ତି। ବିଜେପିରେ ଥିବା ଫାଟକୁ ଜଗନ୍ନାଥ ପ୍ରସଙ୍ଗ ଆହୁରି ମେଲାଇ ଦେଇଥିବାବେଳେ ଆଗକୁ ଏହା ଭୟଙ୍କର ଗୋଷ୍ଠୀକନ୍ଦଳର ରୂପ ନେଇପାରେ ବୋଲି ରାଜନୈତିକ ସମୀକ୍ଷକ ଆଶଙ୍କା କରୁଛନ୍ତି। ଏହି ସମୟରେ ସନ୍ତୋଷ ଖଟୁଆଙ୍କ ଅରୁଚିକର ଓ ଅତ୍ୟନ୍ତ ଘୃଣ୍ୟ ମନ୍ତବ୍ୟ ଦଳ ପାଇଁ ବଡ଼ ସମସ୍ୟା ଭାବରେ ଉଭା ହୋଇଛି। ଓଡ଼ିଆ ଅସ୍ମିତାର କାହାଣୀ ଗାଇ କ୍ଷମତାକୁ ଆସିଥିବା ବିଜେପି ଏବେ ଏହି ପ୍ରସଙ୍ଗଗୁଡ଼ିକ ପାଇଁ ଅଗ୍ନିପରୀକ୍ଷା ପରି ହୋଇଛି। ଜଗନ୍ନାଥ ନିଆଁରେ ସନ୍ତୋଷଙ୍କ ପ୍ରସଙ୍ଗ ଘିଅ ହୋଇ ଦଳ ଓ ସରକାର ବିରୋଧରେ ଲୋକଙ୍କ ଅସନ୍ତୋଷକୁ ଆହୁରି ତୀବ୍ର କରିଛି। କେବଳ ଜଗନ୍ନାଥ ନୁହନ୍ତି, ସନ୍ତୋଷ ଖଟୁଆଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣର ଆବଶ୍ୟକତା ରହିଥିବା ବିଜେପିର କିଛି ଟାଣୁଆ ନେତା ଦଳୀୟ ନେତୃତ୍ୱଙ୍କ ନିକଟରେ ଦାବି କରିଛନ୍ତି। ସନ୍ତୋଷଙ୍କ ବିରୋଧରେ ଦଳୀୟ କିମ୍ବା ଆଇନଗତ ସ୍ତରରେ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଉ ନ ଥିବା ବେଳେ ଏହାକୁ ନେଇ ଅନେକ ନେତା ଖୋଲାଖୋଲି ଅସନ୍ତୋଷ ପ୍ରକାଶ କରିଛନ୍ତି। ଏପରିକି ସନ୍ତୋଷଙ୍କୁ କିଏ ସୁରକ୍ଷା ଦେଉଛି ବୋଲି ଏବେ ଖୋଦ୍ କର୍ମୀମାନେ ପ୍ରଶ୍ନ କରିଛନ୍ତି।

ବିଏମ୍‌ସି ଅତିରିକ୍ତ କମିଶନରଙ୍କୁ ମାଡ଼ ଘଟଣାରେ ଜଗନ୍ନାଥଙ୍କ ବିରୋଧରେ ସାର୍ବଜନୀନ ଭାବେ ବୟାନ ରଖିଥିଲେ ବିଜେପି ଭୁବନେଶ୍ୱର ସାଂସଦ ତଥା ଦଳର

■ ଜଗନ୍ନାଥ ପ୍ରସଙ୍ଗରେ ଦଳର ବରିଷ୍ଠ ନେତାଙ୍କ ମଧ୍ୟରେ ଫାଟ
■ ସନ୍ତୋଷ ଖଟୁଆଙ୍କ ଅଶାଳୀନ ମନ୍ତବ୍ୟକୁ ନେଇ ନେତା ଅସୁଖୀ
■ ଖୋଲାଖୋଲି ଅସନ୍ତୋଷ ପ୍ରକାଶ କଲେ ସାଂସଦ ପ୍ରତାପ ଷଡ଼ଙ୍ଗୀ
■ ଅପରାଜିତାଙ୍କ ପାଇଁ ମହଙ୍ଗା ହେବ କି ଜଗା ବିରୋଧୀ ବୟାନ

ପାୱାରଫୁଲ ନେତ୍ରୀ ଅପରାଜିତା ଷଡ଼ଙ୍ଗୀ। ଜଗନ୍ନାଥ ପ୍ରଧାନ ଭୁଲ କରିଛନ୍ତି ବୋଲି ସେ କହିବା ସହ ଭୁଲକୁ ଭୁଲ ବୋଲି କହିବା ପାଇଁ ସତସାହସର ଆବଶ୍ୟକ ବୋଲି କହିଥିଲେ। ଅପରାଜିତାଙ୍କ ଏପରି ମନ୍ତବ୍ୟ ସିଧାସଳଖ ଦଳର ରାଜ୍ୟସ୍ତରୀୟ ନେତାଙ୍କ ପାଇଁ ଉଦ୍ଦିଷ୍ଟ ଥିଲା ବୋଲି କୁହାଯାଉଚି। ଜଗନ୍ନାଥଙ୍କୁ ଦଳର କିଛି କ୍ଷମତାଶାଳୀ ନେତା ସୁରକ୍ଷା ଦେଉଥିବା ବେଳେ ଅପରାଜିତା ନିଜ ବୟାନ ମାଧ୍ୟମରେ ସିଧାସଳଖ ସେମାନଙ୍କୁ ନିଶାଣ କରିଥିଲେ ବୋଲି କୁହାଯାଉଛି। ସେଥିପାଇଁ ଅପରାଜିତା ଏହି ପ୍ରସଙ୍ଗକୁ ସିଧାସଳଖ ପ୍ରଧାନମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି ବୋଲି ରାଜନୈତିକ ସମୀକ୍ଷକ ମତ ଦେଇଛନ୍ତି। ଅପରପକ୍ଷେ ଅପରାଜିତାଙ୍କ ଏପରି ଟିପ୍ପଣୀ ପରେ ବିଜେପିର ଅନେକ ନେତା ତାଙ୍କ ସହ ଦୂରତା ଅବଲମ୍ବନ କରୁଛନ୍ତି। ଯାହା ଆଗାମୀ ଦିନରେ ବିଜେପି ରାଜନୀତିରେ ରୋଚକ ପରିସ୍ଥିତି ସୃଷ୍ଟି କରିପାରେ ବୋଲି କୁହାଯାଉଛି। ଅନ୍ୟପକ୍ଷରେ ଜଗନ୍ନାଥଙ୍କ ଗିରଫଦାରୀକୁ ନାପସନ୍ଦ କରିଛନ୍ତି ଦଳର ଅନ୍ୟତମ ବରିଷ୍ଠ ନେତା ତଥା ସମ୍ବଲପୁର ବିଧାୟକ ଜୟ ନାରାୟଣ ମିଶ୍ର। ତାଙ୍କ ଗିରଫଦାରୀକୁ ମୁଁ ବିଲକୁଲ ପସନ୍ଦ କରୁନାହିଁ ବୋଲି ସେ କହିବା ସହ ଓଲଟା ଓଏଏସ ରତ୍ନାକରଙ୍କ ଉପରେ ଦୋଷ ଲଦିଛନ୍ତି। ଯଦିଓ ଶ୍ରୀ ମିଶ୍ରଙ୍କ ମନ୍ତବ୍ୟକୁ ଦଳ ସେତେ ଗୁରୁତ୍ୱ ଦେଇନାହିଁ, ତଥାପି ଏକ ନିର୍ଦ୍ଦିଷ୍ଟ ଗୋଷ୍ଠୀ ଜୟନାରାୟଣଙ୍କୁ ସମର୍ଥନ କରୁଥିବା ସୂଚନା ମିଳିଛି।

ଏହି ସମୟରେ ବିଜେଡି ନେତ୍ରୀ ଡ. ଲେଖାଶ୍ରୀ ସାମନ୍ତ ସିଂହାରଙ୍କ ପ୍ରତି ଦଳର ନୀଳଗିରି ବିଧାୟକ ସନ୍ତୋଷ ଖଟୁଆଙ୍କ ଅଶାଳୀନ ବୟାନ ମଧ୍ୟ ଖୁବ ବିବାଦ ସୃଷ୍ଟି କରିଛି। ଉଭୟ ବିଜେଡି ଓ କଂଗ୍ରେସ ସନ୍ତୋଷଙ୍କ ଟିପ୍ପଣୀକୁ କଠୋର ଶବ୍ଦରେ ନିନ୍ଦା କରିଛନ୍ତି। ତାଙ୍କ ବିରୋଧରେ ବିଜେପି ତୁରନ୍ତ କାର୍ଯ୍ୟାନୁଷ୍ଠନ ଗ୍ରହଣ କରିବାକୁ ଦାବି କରିଛନ୍ତି। ସନ୍ତୋଷଙ୍କ ନିମ୍ନରୁଚିର ଟିପ୍ପଣୀ ଦଳର ଭାବମୂର୍ତ୍ତିକୁ କ୍ଷୁର୍ଣ୍ଣ କରିଥିବା ବେଳେ ଏହାଯୋଗୁଁ ରାଜ୍ୟ ବିଜେପି ଜାତୀୟସ୍ତରରେ ନିନ୍ଦିତ ହୋଇଛି। ବିଜେପିର ନେତ୍ରୀଙ୍କ ପ୍ରତି ଏପରି ମନ୍ତବ୍ୟ ଦେଇଥିଲେ ଦଳ ସହ୍ୟ କରିଥାଆନ୍ତା କି ବୋଲି ମଧ୍ୟ ବିରୋଧୀ ପ୍ରଶ୍ନ କରିଛନ୍ତି। ତେଣୁ ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଦଳର ଅନେକ ନେତା ଓ କର୍ମୀ ସିଧାସଳଖ ନହେଲେ ମଧ୍ୟ ବାହାରେ ମତ ପ୍ରକାଶ କରୁଛନ୍ତି। ମାତ୍ର ରାଜ୍ୟ ବିଜେପି ନେତୃତ୍ୱ ଏନେଇ ମୁହଁ ନ ଖୋଲିବା ସାଧାରଣରେ ଆଶ୍ଚର୍ଯ୍ୟ ସୃଷ୍ଟି କରିଛି। ଦଳର ଶୃଙ୍ଖଳା କମିଟି ବୈଠକ ବସିଲେ ଏନେଇ ବିଚାର କରାଯିବ ବୋଲି ସାଂସଦ ପ୍ରତାପ ଷଡ଼ଙ୍ଗୀ କହିଥିଲେ ହେଁ ଏହା ଦଳର କର୍ମୀଙ୍କୁ ସନ୍ତୁଷ୍ଟ କରିପାରି ନାହିଁ। ସନ୍ତୋଷଙ୍କ କ୍ଷେତ୍ରରେ ରାଜ୍ୟ ନେତୃତ୍ୱଙ୍କ ନିରବତା ଆଗକୁ ଦଳରେ ବିଶୃଙ୍ଖଳାକୁ ପ୍ରଶ୍ରୟ ଦେବ ବୋଲି ବିଜେପିର ଅନେକ ନେତା ଓ କର୍ମୀ ସାଧାରଣରେ ମତ ରଖୁଥିବା ଶୁଣିବାକୁ ମିଳୁଛି।








ବର୍ଷାରେ ଭାସିଲା ଇସ୍କନ ମନ୍ଦିର ସମ୍ମୁଖ ରାସ୍ତା: ସୁନାବେଶ ଦେଖିବାକୁ ଆସିଥିବା ଶ୍ରଦ୍ଧାଳୁ କଲବଲ (୧), ପାଣିରେ ବୁଡ଼ିଗଲା ବାଇକ୍ ଓ କାର(୨), ଗାଡ଼ି ଷ୍ଟାର୍ଟ ନ ହେବାରୁ ପୁଲିସ୍ ଭ୍ୟାନ୍‌କୁ ଠେଲିଠେଲି ନେଉଛନ୍ତି (୩) (ଫଟୋ-ବୁଲୁ)

# ବାହୁଡ଼ାରେ ବାହୁଡ଼ିଗଲେ ୪ ସାଙ୍ଗ

ମାଲକାନଗିରି/କୋରାପୁଟ,୬।୭(ସମିସ): ସାଙ୍ଗ ହୋଇ ବିଶ୍ୱନିୟନ୍ତାଙ୍କ ବାହୁଡ଼ା ଯାତ୍ରା ଦେଖିବାକୁ ଯାଇଥିଲେ। ରଥ ଟାଣିବା ସହ ପରିବାରଲୋକଙ୍କ ପାଇଁ ଆଶିଷ ଭିକ୍ଷା କରିଥିଲେ। କିନ୍ତୁ ସେଠାରୁ ଘରେ ପହଞ୍ଚିବା ପୂର୍ବରୁ ଅଫେରା ରାଇଜକୁ ବାହୁଡ଼ିଗଲେ। ମାଲକାନଗିରି ଓ କୋରାପୁଟ ଜିଲ୍ଲାରେ ଦୁଇ ପୃଥକ୍ ଦୁର୍ଘଟଣାରେ ୪ ସାଙ୍ଗଙ୍କ ମୃତ୍ୟୁ ହୋଇଛି। ବାହୁଡ଼ା ଯାତ୍ରା ଦେଖି ଫେରୁଥିବା ବେଳେ ଏହି ଅଘଟଣ ଘଟିଛି।

ସୂଚନାନୁଯାୟୀ, ମାଲକାନଗିରି ଜିଲ୍ଲା ଏମ୍‌ଭି-୮୪ ଗ୍ରାମ ନିକଟରେ ଶନିବାର ବିଳମ୍ବିତ ରାତିରେ ଟ୍ରାକ୍ଟର୍ ଧକ୍କାରେ ଦୁଇ ସାଙ୍ଗଙ୍କ ଜୀବନ ଯାଇଛି। ମୃତକଦ୍ୱୟ ହେଲେ, ତଙ୍ଗପାଲ ଗ୍ରାମର ରାଜେଶ ସୋଡ଼ି(୨୦), ବସନ୍ତ କବାସୀ(୧୯)। ସେହିପରି ଏହି ଦୁର୍ଘଟଣାରେ ବବୁଲୁ ମାଡ଼ି (୧୮) ନାମକ ଅନ୍ୟ ଜଣେ ଯୁବକ ଗୁରୁତର ଆହତ ହୋଇଛନ୍ତି।

ଗତକାଲି ୩ ସାଙ୍ଗ ରାଜେଶ, ବସନ୍ତ ଓ ବବୁଲୁ ମାଡ଼ି ମହାପ୍ରଭୁଙ୍କ ବାହୁଡ଼ା ଯାତ୍ରା ଦେଖିବାକୁ ଏକ ବାଇକ୍‌ରେ ମାଲକାନଗିରି ଯାଇଥିଲେ। ତିନିଜଣଯାକ ରାତିରେ ଘରକୁ ଫେରୁଥିବା ବେଳେ ଏମ୍‌ଭି-୮୪ ଗ୍ରାମ ନିକଟରେ ଏକ ଟ୍ରାକ୍ଟର୍ ସେମାନଙ୍କୁ ଧକ୍କା ଦେଇଥିଲା। ଫଳରେ ୩ଜଣ ଯାକ ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ଲୋକ ସେମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ଡାକ୍ତର ସେଠାରେ ରାଜେଶ ଓ ବସନ୍ତଙ୍କୁ ମୃତ ଘୋଷଣା କରିଥିଲେ। ବବୁଲୁର ଗୁରୁତର ଅବସ୍ଥାରେ ଚିକିତ୍ସା ଜାରି ରହିଛି। ମୃତ ରାଜେଶଙ୍କ ବାପା କମଲଙ୍କ ଲିଖିତ ଅଭିଯୋଗ ମାଲକାନଗିରି ଆଦର୍ଶ ଥାନା ପୁଲିସ୍ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ କରୁଥିବା ଥାନା ଅଧିକାରୀ ରିଗାନ କିଣ୍ଡୋ ସୂଚନା ଦେଇଛନ୍ତି। ସେହିପରି କୋରାପୁଟ ସଦର ଥାନା ଅନ୍ତର୍ଗତ ଆଇଆରବି ନିକଟରେ ଆଜି ଗାଡ଼ି ଧକ୍କାରେ ୨ଜଣଙ୍କର ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, କୋରାପୁଟ ବ୍ଲକ୍ ମସ୍ତିପୁଟ ପଞ୍ଚାୟତ ଅନ୍ତର୍ଗତ ଲେନ୍ଦ୍ରିମାଳିଗୁଡାର ଭଗବାନ ମାଳି(୨୫) ଓ ଗୋବିନ୍ଦ ମାଳି(୨୧)। ଭଗବାନ ଓ ଗୋବିନ୍ଦ ଏକ ବାଇକ୍‌ରେ ଜୟପୁର ବାହୁଡ଼ା ଯାତ୍ରା ଦେଖି ଫେରୁଥିବା ବେଳେ ଏହି ଅଘଟଣ ଘଟିଥିଲା। କୋରାପୁଟ ପଟୁ ଯାଉଥିବା ଏକ ଅଜଣା ଗାଡ଼ି ଉଭୟଙ୍କୁ ଧକ୍କା ଦେଇଥିଲା। ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ଆମ୍ବୁଲାନ୍ସ ଯୋଗେ ଦୁଇଜଣଙ୍କୁ ସହିଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଓ ହସ୍‌ପିଟାଲରେ ଭର୍ତ୍ତି କରାଇଥିଲା। କିନ୍ତୁ ସେଠାରେ ଡାକ୍ତର ଗୋବିନ୍ଦଙ୍କୁ ମୃତ ଘୋଷଣା କରିଥିବା ବେଳେ ଚିକିତ୍ସାଧୀନ ଅବସ୍ଥାରେ ଭଗବାନଙ୍କ ମୃତ୍ୟୁ ହୋଇଯାଇଥିଲା। ସଦର ଥାନା ପୁଲିସ ନମ୍ବର ୧୧୨/୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହାସହ ପୁଲିସ୍ ବ୍ୟବଚ୍ଛେଦ ପରେ ଶବଦ୍ୱୟଙ୍କୁ ସେମାନଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।

■ ଜଳ ସମ୍ପଦ ସର୍ବୋଚ୍ଚ ଯନ୍ତ୍ରୀଙ୍କ କାର୍ଯ୍ୟକାଳ ବୃଦ୍ଧି ପ୍ରସଙ୍ଗ

# ନିଯୁକ୍ତିକୁ ଓଡ଼ିଶା ଯନ୍ତ୍ରୀ ସେବା ସଂଘର ନିନ୍ଦା

ଭୁବନେଶ୍ୱର, ୬।୭ (ସମିସ): ଜଳସମ୍ପଦ ବିଭାଗର ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀଙ୍କ କାର୍ଯ୍ୟକାଳ ରାଜ୍ୟ ସରକାର ୬ ମାସ ପାଇଁ ବୃଦ୍ଧି କରିଛନ୍ତି। ବିଭାଗ ପକ୍ଷରୁ ଗତ ଶୁକ୍ରବାର ଏନେଇ ବିଜ୍ଞପ୍ତି ପ୍ରକାଶ ପାଇଛି। ସରକାରଙ୍କ ଏପରି ନିଷ୍ପତ୍ତିକୁ ନେଇ ଏବେ ବିଭିନ୍ନ ମହଲରେ ପ୍ରଶ୍ନ ଉଠିବାରେ ଲାଗିଛି। ବିଶେଷକରି, ବିଭାଗରେ ୬ ଜଣ ଯୋଗ୍ୟ ମୁଖ୍ୟଯନ୍ତ୍ରୀ ପାହ୍ୟାର ଅଧିକାରୀ ଥିବା ବେଳେ କେଉଁ କାରଣ ପାଇଁ ଶ୍ରୀ ପାଢ଼ୀଙ୍କ କାର୍ଯ୍ୟକାଳ ବୃଦ୍ଧି ହେଲା, ତାହାକୁ ନେଇ ତଥ୍ୟାଭିଜ୍ଞ ମହଲ ପ୍ରଶ୍ନ ଉଠାଉଛନ୍ତି। ଏହି କ୍ରମରେ ଓଡ଼ିଶା ଯନ୍ତ୍ରୀ ସେବା ସଂଘ ଏକ ପ୍ରେସ୍ ବିଜ୍ଞପ୍ତି ମାଧ୍ୟମରେ ଏପରି ନିଯୁକ୍ତିକୁ ନିନ୍ଦା କରିଛି।

**ନିୟମିତ ସର୍ବୋଚ୍ଚ ଯନ୍ତ୍ରୀଙ୍କ ମଧ୍ୟରୁ ଜଣଙ୍କୁ ନିଯୁକ୍ତି ଦାବି**

ସଂଘ ପକ୍ଷରୁ ହୋଇଥିବା ଦାବି ଅନୁଯାୟୀ, ଶ୍ରୀ ପାଢ଼ୀଙ୍କ ନିଯୁକ୍ତି ସମ୍ପର୍କରେ ସରକାର ପୁନଃବିଚାର କରନ୍ତୁ। ସେହିପରି ନିୟମିତ ସର୍ବୋଚ୍ଚ ଯନ୍ତ୍ରୀମାନଙ୍କ ମଧ୍ୟରୁ ଜଣଙ୍କୁ ସର୍ବୋଚ୍ଚ ଯନ୍ତ୍ରୀ ଭାବେ ନୂଆ ନିଯୁକ୍ତି ପ୍ରଦାନ କରାଯାଉ। ଏହା ବ୍ୟତୀତ କ୍ୟାଡର୍ ପଦରେ ଯେକୌଣସି ଅବସରପ୍ରାପ୍ତ ଯନ୍ତ୍ରୀଙ୍କୁ ପୁନଃନିଯୁକ୍ତି ଦେବା ଦ୍ୱାରା ପଦୋନ୍ନତି ଅପେକ୍ଷାରେ ଥିବା ଯନ୍ତ୍ରୀମାନେ ଏଥିରୁ ବଞ୍ଚିତ ହେଉଛନ୍ତି। ସରକାର ଏଥିରୁ ବିରତ ରହିବାକୁ ସଂଘ ପକ୍ଷରୁ ଦାବି କରାଯାଇଛି।

# ମହିଳାଙ୍କୁ ପୋଡ଼ି ମାରିଦେଲେ!

## ଘର ଭିତରୁ ଅର୍ଦ୍ଧଦଗ୍ଧ ଶବ ଜବତ; ୩ ଅଟକ

ବାଲେଶ୍ୱର, ୬।୭ (ସମିସ): ବାଲେଶ୍ୱର ଟାଉନ ଥାନା କାଦ୍ରାବାଦ ଅଞ୍ଚଳର ଏକ ଘର ମଧ୍ୟରୁ ଜଣେ ମହିଳାଙ୍କ ଅର୍ଦ୍ଧଦଗ୍ଧ ମୃତଦେହ ଉଦ୍ଧାର ହୋଇଛି। ମୃତ ମହିଳାଜଣଙ୍କ ହେଲେ, ମଧୁସ୍ମିତା ପାଢ଼ୀ। ପୁଲିସ ଶବକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ସ୍ୱାମୀ ହିମାଂଶୁ ପାଢ଼ୀଙ୍କ ସମେତ ୩ଜଣଙ୍କୁ ଅଟକ ରଖି ପଚରାଉଚରା କରୁଛି। ଅପରପକ୍ଷେ, ମଧୁସ୍ମିତାଙ୍କୁ ହତ୍ୟା କରାଯାଇଛି ବୋଲି ତାଙ୍କ ଭାଇ ଦିଲ୍ଲୀପ କୁମାର ଦାସ ଅଭିଯୋଗ କରିବାରୁ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

ମଧୁସ୍ମିତା ୧୮ ବର୍ଷ ତଳେ ହିମାଂଶୁଙ୍କୁ ବୈଦିକ ରୀତିରେ ବିବାହ କରିଥିଲେ। ପରେ ସେମାନେ କାଦ୍ରାବାଦ ଅଞ୍ଚଳରେ ଘର କରି ରହୁଥିଲେ। ସେମାନଙ୍କର ୧୭ ବର୍ଷର ଏକ ପୁଅ ମଧ୍ୟ ରହିଛି। ଆଜି ସକାଳେ ମଧୁସ୍ମିତାଙ୍କ ଅର୍ଦ୍ଧଦଗ୍ଧ ମୃତଦେହ ଘର ମଧ୍ୟରେ ଥିବା ଶିଡ଼ି ନିକଟ ଗାଧୁଆ ଘରଠାରେ ପଡ଼ିଥିଲା। ଘରୁ ପୋଡ଼ା ଗନ୍ଧ ବାହାରୁଥିବା ଜାଣି ସ୍ଥାନୀୟ ଲୋକେ ଟାଉନ ପୁଲିସକୁ ଖବର ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ସାଇଣ୍ଟିଫିକ ଟିମ୍ ସହ ପହଞ୍ଚିଥିଲା। ତେବେ କେଉଁ ପରିସ୍ଥିତିରେ ମଧୁସ୍ମିତାଙ୍କ ମୃତ୍ୟୁ ଘଟିଲା ଓ ତାଙ୍କ ଦେହରେ କିଏ ନିଆଁ ଲଗାଇଲା, ସେନେଇ ପୁଲିସ୍ ତଦନ୍ତ ଚଳାଇଛି।

# ଗୌରବ ହରାଉଛି ଗ୍ରନ୍ଥାଗାର

## ଖାଲି ପଡ଼ିଛି ଗ୍ରନ୍ଥାଗାରିକ ପଦ; ଆଶାୟୀ ନିରାଶ

ଭୁବନେଶ୍ୱର,୬।୭(ସମିସ): ହରେକୃଷ୍ଣ ମହତାବ ରାଜ୍ୟ ଗ୍ରନ୍ଥାଗାରରେ କର୍ମଚାରୀ ମରୁଡ଼ି। ୪୩ଟି ମଞ୍ଜୁରୀପ୍ରାପ୍ତ ପଦ ଥିବା ବେଳେ ମାତ୍ର ୨ଜଣ ନିୟମିତ କର୍ମଚାରୀ କାର୍ଯ୍ୟରତ ଅଛନ୍ତି। ଫଳରେ ପ୍ରାୟ ୨ଲକ୍ଷରୁ ଊର୍ଦ୍ଧ୍ୱ ବହିର ରକ୍ଷଣାବେକ୍ଷଣରେ ବାଧା ଉପୁଜୁଛି। କର୍ମଚାରୀ ଅଭାବରୁ ଗବେଷକମାନେ ମଧ୍ୟ ବହି ପାଇ ପାରୁନାହାନ୍ତି। ଦୈନିକ ୬ ଶହରୁ ଅଧିକ ପିଲା ବିଭିନ୍ନ ପରୀକ୍ଷା ପ୍ରସ୍ତୁତି କରିବାକୁ ଏଠାରେ ପଢ଼ୁଛନ୍ତି। ସେମାନଙ୍କ ଲାଇବ୍ରେରୀ କାର୍ଡ କରିବା ସହ ପାଠପଢ଼ା ସୁବ୍ୟବସ୍ଥିତ କରିବାରେ କର୍ମଚାରୀ ଅଭାବ ପ୍ରମୁଖ ପ୍ରତିବନ୍ଧକ ସାଜିଛି। ଅନୁରୂପ ଭାବେ ପ୍ରତି ଜିଲ୍ଲାରେ ଥିବା ପାଠାଗାର, ମହାବିଦ୍ୟାଳୟ, ବିଶ୍ୱବିଦ୍ୟାଳୟ ଓ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ଅନେକ କର୍ମଚାରୀ ପଦ ଖାଲି ପଡ଼ିଛି। ସେହିପରି ଦୀର୍ଘ ଦିନରୁ ଗ୍ରନ୍ଥାଗାରିକ (ଲାଇବ୍ରେରିଆନ୍) ପଦ ମଧ୍ୟ ଖାଲି ପଡ଼ିଛି। ଫଳରେ ପାଠାଗାରର ଗୌରବ ଦିନକୁ ହ୍ରାସ ପାଇବାରେ ଲାଗିଛି।

ଓଡ଼ିଶା ଆଦର୍ଶ ବିଦ୍ୟାଳୟ (ଓଏଭି) ପ୍ରତିଷ୍ଠା ହେବା ପରେ ସମସ୍ତ ଓଏଭି ଏବଂ ଆଇକନିକ୍ ଓଏଭି ପାଇଁ ୩୧୫ଟି ଗ୍ରନ୍ଥାଗାରିକ ପଦ ଅନୁମୋଦନ ହୋଇଛି। ହେଲେ ଏହି ପଦରେ ନିଯୁକ୍ତି ପାଇଁ ପ୍ରକ୍ରିୟା ଆରମ୍ଭ ହେଉନି। ସେହିପରି ରାଜ୍ୟର ବିଭିନ୍ନ ବିଦ୍ୟାଳୟର ସ୍ମାର୍ଟ ଲାଇବ୍ରେରୀ, ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟରେ ଗ୍ରନ୍ଥାଗାରିକ ପଦ ଖାଲି ପଡ଼ିଛି। ଗ୍ରନ୍ଥାଗାରିକ ପଦ ଖାଲି ପଡ଼ିଥିବାରୁ ଛାତ୍ରଛାତ୍ରୀମାନେ ପଢ଼ିବା ପାଇଁ ବିଭିନ୍ନ ପୁସ୍ତକ ପାଇ ପାରୁନାହାନ୍ତି। ଅନୁରୂପ ଭାବେ ଜିଲ୍ଲାସ୍ତରରେ ଥିବା ପାଠାଗାରର ମଧ୍ୟ ସମାନ ଅବସ୍ଥା। ଅନେକ ପାଠାଗାର ଚତୁର୍ଥ ଶ୍ରେଣୀ କର୍ମଚାରୀ ପରିଚାଳନା କରୁଛନ୍ତି। ଗବେଷକମାନେ ବିଭିନ୍ନ ପୁସ୍ତକ ଓ ଆନୁସଙ୍ଗିକ ସହାୟତା ପାଇ ପାରୁନାହାନ୍ତି।

**■ ଗବେଷକ, ଛାତ୍ରଛାତ୍ରୀ ପାଇପାରୁନାହାନ୍ତି ବହି**
**■ ରାଜ୍ୟ ସାରା ସବୁଠି ସମାନ ଅବସ୍ଥା**

ଅପରପକ୍ଷେ, ଏସବୁ ପଦରେ ନିଯୁକ୍ତି ଦିଆଯାଉନଥିବାରୁ ଆଶାୟୀମାନେ ନିରାଶ ହେଉଛନ୍ତି। ରାଜ୍ୟର ୬ଟି ସରକାରୀ ବିଶ୍ୱବିଦ୍ୟାଳୟରୁ ବ୍ୟାଚଲର୍ ଇନ୍ ଲାଇବ୍ରେରୀ ଆଣ୍ଡ ଇନଫରମେସନ୍ ସାଇନ୍ସ ଏବଂ ମାଷ୍ଟର ଇନ୍ ଲାଇବ୍ରେରୀ ସାଇନ୍ସ ପାଠ୍ୟକ୍ରମ ସାରି ପ୍ରତିବର୍ଷ ପ୍ରାୟ ୭ଶହ ଛାତ୍ରଛାତ୍ରୀ ଉତ୍ତୀର୍ଣ୍ଣ ହେଉଛନ୍ତି। ଦୀର୍ଘ ବର୍ଷରୁ ନିଯୁକ୍ତି ହେଉ ନଥିବାରୁ ୧୦ହଜାରରୁ ଅଧିକ ଆଶାୟୀ ବେକାରୀ ହେଉଛନ୍ତି।

କ୍ରମାଗତ ଭାବେ ଯୁବପିଢ଼ିଙ୍କ ମଧ୍ୟରେ ପଠନସ୍ପୃହା ହ୍ରାସ ପାଉଥିବା ଗବେଷକମାନେ ମତବ୍ୟକ୍ତ କରୁଛନ୍ତି। ଆଧୁନିକ ଯୁଗରେ ଛାତ୍ରଛାତ୍ରୀମାନେ ବହିଠାରୁ ଦୂରେଇ ଯାଇ ଭିଡିଓ ଉପରେ ନିର୍ଭରଶୀଳ ହେଉଛନ୍ତି। ଏପରି ସ୍ଥିତିରେ ପିଲାଙ୍କୁ ପାଠ୍ୟପୁସ୍ତକ ପ୍ରତି ଆକର୍ଷିତ କରିବାକୁ ଲାଇବ୍ରେରୀଆନ୍ ପଦରେ ନିଯୁକ୍ତି କରିବାକୁ ବୁଦ୍ଧିଜୀବୀ ଓ ଶିକ୍ଷାବିତ୍‌ମାନେ ଦାବି କରିଛନ୍ତି। ରାଜ୍ୟର ସରକାରୀ ବିଦ୍ୟାଳୟରେ ଲାଇବ୍ରେରିଆନ୍ ପଦ ସୃଷ୍ଟି କରାଯାଇନଥିବା ବେଳେ ଅନ୍ୟ ରାଜ୍ୟରେ ଲାଇବ୍ରେରୀ ପାଇଁ ସ୍ୱତନ୍ତ୍ର ମାନୁଆଲ ସହ ନିଯୁକ୍ତି ଦିଆଯାଉଛି। ତେଣୁ ଓଡ଼ିଶାରେ ମଧ୍ୟ ସମସ୍ତ ସରକାରୀ ବିଦ୍ୟାଳୟରେ ଲାଇବ୍ରେରୀଆନ୍ ପଦ ସୃଷ୍ଟି କରିବାକୁ ଆଶାୟୀମାନେ ଦାବି କରିଛନ୍ତି।

■ ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟସେବା ଯୋଜନା

# ଆଜିଠାରୁ ନବରଙ୍ଗପୁରରେ ୪ ଦିନିଆ କ୍ୟାମ୍ପ

ଭୁବନେଶ୍ୱର,୬।୭(ସମିସ): ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟସେବା ଯୋଜନା ଅଧୀନରେ ଆସନ୍ତାକାଲି (ସୋମବାର) ନବରଙ୍ଗପୁରଠାରେ ଏକ ସ୍ୱତନ୍ତ୍ର କ୍ୟାମ୍ପ ଅନୁଷ୍ଠିତ ହେବ। ୭ରୁ ୧୦ ତାରିଖ ଯାଏଁ ଏହି କ୍ୟାମ୍ପ ଅନୁଷ୍ଠିତ ହେବାକୁ ଥିବା ବେଳେ ପ୍ରଥମ ଦିନରେ କଟକସ୍ଥିତ ଶ୍ରୀରାମଚନ୍ଦ୍ର ମେଡିକାଲ କଲେଜ ଓ ହସ୍ପିଟାଲ (ଏସସିବି)ର ବିଭିନ୍ନ ବିଭାଗର ୫ଜଣ ବରିଷ୍ଠ ଡାକ୍ତର(ସିନିୟର ରେସିଡେନ୍ସ) କ୍ୟାମ୍ପରେ ଉପସ୍ଥିତ ରହିବେ। ଏନେଇ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚନା ପ୍ରଦାନ କରାଯାଇଛି। ସୂଚନାନୁଯାୟୀ, ପ୍ରାୟ ଦେଢ଼ବର୍ଷର ବ୍ୟବଧାନ ପରେ ନବରଙ୍ଗପୁର ଜିଲ୍ଲାରେ ଏହି ସ୍ୱାସ୍ଥ୍ୟସେବା ପ୍ରଦାନ କରାଯିବ। ପରେ ନୂଆପଡ଼ା, ମାଲକାନଗିରିରେ ଏହି ସ୍ୱାସ୍ଥ୍ୟ ସେବା କ୍ୟାମ୍ପ ଆରମ୍ଭ କରାଯିବ ବୋଲି ଜଣାପଡ଼ିଛି। ଏହି ୩ଦିନିଆ କ୍ୟାମ୍ପ ପାଇଁ ପ୍ରାୟ ୯୩୮ ଜଣ ରୋଗୀ ଚିହ୍ନଟ ହୋଇଥିବା ବେଳେ ସେମାନଙ୍କୁ ଅତ୍ୟାଧୁନିକ ସେବା ଯୋଗାଇ ଦିଆଯିବ। ଏସସିବିର ବରିଷ୍ଠ ବିଶେଷଜ୍ଞମାନେ ଏହି ଅବସରରେ ରୋଗୀମାନଙ୍କୁ ଅସ୍ତ୍ରୋପଚାର, ପରାମର୍ଶ ଓ ଉନ୍ନତ ନିଦାନ ସହ ସୁପର ସ୍ପେଶାଲିଟି ସେବା ପ୍ରଦାନ କରିବେ। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଏହି କ୍ୟାମ୍ପ ଅନୁଷ୍ଠିତ ହେବ। ସେହିପରି ଦ୍ୱିତୀୟ ଦିନରେ ଏସ୍‌ସିବିରୁ ୬ଜଣ ବିଶେଷଜ୍ଞ ଡାକ୍ତର ଆସିବାକୁ ଥିବା ବେଳେ ମାଗଣାରେ ସେମାନେ ରୋଗୀଙ୍କୁ ଶ୍ରେଷ୍ଠ ଚିକିତ୍ସା ସେବା ଯୋଗାଇ ଦେବେ। ଜିଲ୍ଲା ପ୍ରଶାସନ ପକ୍ଷରୁ ଆବଶ୍ୟକ ସମସ୍ତ ବ୍ୟବସ୍ଥା ଆୟୋଜନ ସହ ସହାୟତା ପ୍ରଦାନ କରାଯିବ ବୋଲି ଜଣାପଡ଼ିଛି।

**ପ୍ରଥମ ଦିନରେ ଯୋଗଦେବେ ଏସ୍‌ସିବିର ୫ ବିଶେଷଜ୍ଞ**

## ମତ ବିନିମୟ କାର୍ଯ୍ୟକ୍ରମରେ ବର୍ଷିଲେ ନରସିଂହ

# କମ୍ପାନୀ ହାତରେ ବନ୍ଧା ଡବଲ ଇଞ୍ଜିନ ସରକାର

ବଲାଙ୍ଗିର, ୬।୭ (ସମିସ): ବିକାଶ ନାମରେ ମିଛ କହି ରାଜ୍ୟରେ ଏକ ବର୍ଷ ଓ କେନ୍ଦ୍ରରେ ୧୧ବର୍ଷ ହେଲା ଶାସନ କରିଆସୁଛି ଡବଲ ଇଞ୍ଜିନ ସରକାର। ନିର୍ବାଚନ ଜିତିବା ପାଇଁ ମିଥ୍ୟା ପ୍ରତିଶ୍ରୁତି ଦେବାରେ ଉଭୟ ସରକାର ବେଶ ପାରଙ୍ଗମ। ଡବଲ ଇଞ୍ଜିନ ଆସିଲେ ଡବଲ ବିକାଶ ହେବ କହୁଥିବା ସରକାର ରାଜ୍ୟକୁ କେନ୍ଦ୍ରୀୟ ଅନୁଦାନ କ୍ରମାଗତ ଭାବରେ କମେଇ ଚାଲିଛନ୍ତି। ଆହୁରି ମଧ୍ୟ, ବର୍ତ୍ତମାନ ତାଙ୍କର ଦଳୀୟ ଲୋକମାନେ ଏପରି ଭାବରେ ପ୍ରଶାସନ ଉପରେ ଅତ୍ୟାଚାର ଓ ଆକ୍ରମଣ କରୁଛନ୍ତି ଯେ ରାଜ୍ୟରେ ଆଇନକାନୁନ କିଛି ଅଛି ବୋଲି ଲାଗୁନାହିଁ। ରାଜ୍ୟସାରା ଅରାଜକତା। ନିକଟରେ ବିଜେପି ସରକାରକୁ ଆସିଥିବା ଚାରୋଟି ରାଜ୍ୟର ମୁଖ୍ୟମନ୍ତ୍ରୀ ଓ ତାଙ୍କର ସରକାରଙ୍କ କାର୍ଯ୍ୟଶୈଳୀକୁ ଦେଖିଲେ ଜଣାପଡୁଛି, ଯେମିତି ସବୁ ସରକାର ଶିଳ୍ପପତି ହାତରେ ବନ୍ଧା ପଡ଼ିଛନ୍ତି। ବରିଷ୍ଠ କଂଗ୍ରେସ ନେତା ତଥା ପୂର୍ବତନ ମନ୍ତ୍ରୀ ନରସିଂହ ମିଶ୍ର ଆଜି ଏପରି ଗୁରୁତର ଅଭିଯୋଗ ଆଣିଛନ୍ତି।

ଶନିବାର ସ୍ଥାନୀୟ ସର୍କିଟ୍ ହାଉସଠାରେ ସାମ୍ବାଦିକମାନଙ୍କ ସହ ଅନୁଷ୍ଠିତ ଏକ ମତବିନିମୟ କାର୍ଯ୍ୟକ୍ରମରେ ଶ୍ରୀ ମିଶ୍ର କହିଛନ୍ତି, ଲୋକଙ୍କ ଆନ୍ଦୋଳନ ଯୋଗୁଁ ଲୋୟର ସୁକତେଲ ଜଳସେଚନ ପ୍ରକଳ୍ପ ସମ୍ଭବ ହୋଇପାରିଛି। କିନ୍ତୁ ବର୍ତ୍ତମାନ ଡବଲ ଇଞ୍ଜିନ ସରକାର ଏଠାରୁ ଖଣି ଖନନ କରିବାକୁ ସ୍ଥିର କରିଛନ୍ତି। ଯଦି ଖଣି ଖନନ ଦ୍ୱାରା ସୁକତେଲ ପାଣି ଦୂଷିତ ହୁଏ, ତେବେ ତାହା ସମ୍ପୂର୍ଣ୍ଣ ବେଆଇନ ବୋଲି ଡବଲ ଇଞ୍ଜିନ ସରକାର ଜାଣି ରଖିବା କଥା। ଖଣି ଖନନ ଦ୍ୱାରା କେବଳ ଶିଳ୍ପପତିଙ୍କ ଉନ୍ନତି ହେବ। ନା ଏଠାରେ ଶିଳ୍ପ ହେବ ନା ଏଠିକାର ଲୋକ ରୋଜଗାର ପାଇବେ; ଦାଦନ ଅବସ୍ଥା ଯେମିତିକୁ ସେମିତି ରହିବ। ଯଦିଓ ଆମ ଜିଲ୍ଲା ସ୍ୱାସ୍ଥ୍ୟମନ୍ତ୍ରୀ ପାଇଛି କିନ୍ତୁ ମେଡିକାଲ କଲେଜର ସୁବିଧା ଲୋକ ପାଇବା ପରିବର୍ତ୍ତେ ଆହୁରି ଘୋର୍ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଛନ୍ତି।



ସରକାର କହୁଛନ୍ତି, ବିଜୟାନନ୍ଦ ଚିନିକଳ ଚାଲିବ କିନ୍ତୁ ଚିନିକଳ ଚଳାଇବା ପାଇଁ ଯେଉଁ ସଂସ୍ଥା ବିଭିନ୍ନ ଚୁକ୍ତି ରଖିଛି ସେଥିରୁ ଲାଗୁଛି ଏହି ଚିନିକଳ ପୁନଃ କାର୍ଯ୍ୟକ୍ଷମ ହେବ ନାହିଁ କାରଣ ଚିନିକଳରେ ଆର୍ଥିକ ଅନିୟମିତତାକୁ ନେଇ ଆଇନଗତ ଲଢ଼େଇ ନ୍ୟାୟାଳୟରେ ପଡ଼ିରହିଛି ବୋଲି ସେ କହିଛନ୍ତି।

# ରାଜ୍ୟସ୍ତରୀୟ ପ୍ରଦର୍ଶନୀ ପାଇଁ ଫଟୋ ଆହ୍ୱାନ

ଭୁବନେଶ୍ୱର,୬।୭(ସମିସ): ନବୀନ ସୂତ୍ରଧର ପକ୍ଷରୁ ବିଶ୍ୱ ଫଟୋଗ୍ରାଫି ଦିବସ ଅବସରରେ ଚତୁର୍ଥ ବର୍ଷ ପାଇଁ ଆୟୋଜିତ ହେବାକୁ ଥିବା ରାଜ୍ୟସ୍ତରୀୟ ଫଟୋ ପ୍ରଦର୍ଶନୀ ପାଇଁ ରାଜ୍ୟର ଫଟୋଗ୍ରାଫି ପ୍ରତି ରୁଚିଥିବା ବ୍ୟକ୍ତିମାନଙ୍କ ନିକଟରୁ ଫଟୋ ଆହ୍ୱାନ କରାଯାଇଛି। ଏହାର ଶୁଭାରମ୍ଭ ବାହୁଡ଼ା ଅବସରରେ କରାଯାଇଛି। ଶ୍ରୀଜଗନ୍ନାଥଙ୍କ ନିକଟରେ ପୋଷ୍ଟର ଲୋକାର୍ପଣ ପୂର୍ବକ ଶୁଭାରମ୍ଭ ହୋଇଥିଲା। ସ୍ଥାନୀୟ ଜୟଦେବ ଭବନ ପରିସରରେ ଆସନ୍ତା ଅଗଷ୍ଟ ୧୯ ତାରିଖରୁ ୨୨ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ। ଏହି ପ୍ରଦର୍ଶନୀରେ ଦୁଇଟି ବିଭାଗରେ ୬ଟି ବିଷୟବସ୍ତୁ ଉପରେ ଫଟୋ ଆହ୍ୱାନ କରାଯାଇଛି। ଯାହା କି ଅଗଷ୍ଟ ମାସ ୧୦ ତାରିଖ ସୁଦ୍ଧା ଅନୁଷ୍ଠାନ ପକ୍ଷରୁ ପ୍ରଦାନ କରାଯାଇଥିବା ମେଲରେ ପଠାଇବାକୁ ଟ୍ରଷ୍ଟର ଅଧ୍ୟକ୍ଷ ଲକ୍ଷ୍ମୀକାନ୍ତ ଦାସ ପ୍ରକାଶ କରିଛନ୍ତି। ଏହି ଅବସରରେ ଫଟୋଗ୍ରଫରଙ୍କ ପାଇଁ ଏକ ଜାତୀୟ କର୍ମଶାଳା ଅନୁଷ୍ଠିତ ହେବା ସହ ଶେଷ ଦିନରେ ପ୍ରଦର୍ଶିତ ଫଟୋ ମଧ୍ୟରୁ ଜୁରିମାନଙ୍କ ଦ୍ୱାରା ଶ୍ରେଷ୍ଠ ଫଟୋର ଫଟୋଗ୍ରଫରଙ୍କୁ ସମ୍ବର୍ଦ୍ଧିତ କରାଯିବ ବୋଲି ସୂଚନା ରହିଛି।



ବାହୁଡ଼ାରେ ଜଗନ୍ନାଥଙ୍କ ନିକଟରେ ଉନ୍ମୋଚିତ ହେଲା ପୋଷ୍ଟର

# ଦିନକରେ ୬୧ ମାମଲାର ରେକର୍ଡ ଶୁଣାଣି

ଭୁବନେଶ୍ୱର,୬।୭ (ସମିସ): ରାଜ୍ୟ ସୂଚନା ଆୟୁକ୍ତ ସୁଶାନ୍ତ କୁମାର ମହାନ୍ତି ଗୋଟିଏ ଦିନରେ ୬୧ ମାମଲାର ଶୁଣାଣି କରି ସର୍ବକାଳୀନ ରେକର୍ଡ ସୃଷ୍ଟି କରିଛନ୍ତି। ଗତ ଶୁକ୍ରବାର ଶ୍ରୀ ମହାନ୍ତି ଆବେଦନକାରୀ ଚିତ୍ତରଂଜନ ସେଠୀଙ୍କ ୬୧ଟି ମାମଲାର ଶୁଣାଣି କରିଥିଲେ। ଆବେଦନକାରୀଙ୍କ ସମେତ ପୁରୀ ଜିଲ୍ଲା ନିମାପଡ଼ା ବ୍ଲକ୍ ଅନ୍ତର୍ଗତ ମିତେଇପୁର ଗ୍ରାମ ପଞ୍ଚାୟତର ସୂଚନା ଅଧିକାରୀ ଓ ପ୍ରଥମ ଅପିଲ୍ କର୍ତ୍ତୃପକ୍ଷ ଉପସ୍ଥିତ ରହି ନିଜର ଯୁକ୍ତି ଉପସ୍ଥାପନ କରିଥିଲେ। ଉଭୟ ପକ୍ଷର ଯୁକ୍ତି ଶୁଣିବା ପରେ ଅଗଷ୍ଟ ୧୦ ତାରିଖ ସୁଦ୍ଧା ଉଭୟ ପକ୍ଷରୁ ଲିଖିତ ଜବାବ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଏଥିସହ ରାୟ ସଂରକ୍ଷିତ ରଖିଥିଲେ।

## ଡ. ଶ୍ୟାମପ୍ରସାଦ ମୁଖାର୍ଜୀଙ୍କ ୧୨୫ତମ ରାଜ୍ୟସ୍ତରୀୟ ଜୟନ୍ତୀ ସମାରୋହ

# ତ୍ୟାଗ ଓ ସେବା ଦ୍ୱାରା ଆମେ ଆମ ଭବିଷ୍ୟ ଗଢ଼ିବା : ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୬।୭(ସମିସ): ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଏବଂ ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ଡ. ଶ୍ୟାମପ୍ରସାଦ ମୁଖାର୍ଜୀଙ୍କ ୧୨୫ ତମ ରାଜ୍ୟସ୍ତରୀୟ ଜୟନ୍ତୀ ସମାରୋହ ସ୍ଥାନୀୟ ଜୟଦେବ ଭବନ ଠାରେ ଆୟୋଜିତ ହୋଇଯାଇଛି। ଏଥିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେଇ ଆଜିର ଦିନକୁ ସଂକଳ୍ପ, ଏକ ପ୍ରେରଣା ଏବଂ ଏକ ଜାଗୃତିର ଦିବସ ବୋଲି କହିଥିଲେ।



ନିଜ ବକ୍ତବ୍ୟରେ ମୁଖ୍ୟମନ୍ତ୍ରୀ କହିଥିଲେ, ଡ. ମୁଖାର୍ଜୀଙ୍କ ଜୀବନ ଏହି ଦେଶ ପାଇଁ ଏମିତି ଏକ ଉପହାର ଯାହା ପ୍ରତିଟି ଭାରତବାସୀଙ୍କୁ ଆଦର୍ଶ ଓ ପ୍ରେରଣା ଦେଇଥାଏ। ବିଂଶ ଶତାବ୍ଦୀର ପ୍ରଥମାର୍ଦ୍ଧରେ ଯେଉଁ କେତେଜଣ ମହାମନୀଷୀ ଭାରତୀୟ ଶିକ୍ଷା, ସଂସ୍କୃତି, ପରମ୍ପରା ଓ ରାଷ୍ଟ୍ରବାଦର ଉତ୍ଥାନ କରି ଦେଶ ମାତୃକାର ସେବା ପାଇଁ ଆଗେଇ ଆସିଥିଲେ, ସେମାନଙ୍କ ମଧ୍ୟରେ ଡ. ଶ୍ୟାମାପ୍ରସାଦ ମୁଖାର୍ଜୀ ଥିଲେ ଅଗ୍ରଗଣ୍ୟ। ଡ. ମୁଖାର୍ଜୀଙ୍କ ପରି ଜଣେ ମହାନ ଜନନାୟକଙ୍କ ପାଇଁ ଏ ଦେଶ ସର୍ବଦା ଗର୍ବିତ। ଏଣୁ ନୈତିକତା ବିନା ରାଜନୀତି, ଆଦର୍ଶ ବିନା ଶାସନ ଓ ଦେଶପ୍ରେମ ବିନା ସ୍ୱାଧୀନତା କେବଳ ଏକ ଭ୍ରମ, ତ୍ୟାଗ ଓ ସେବା ଦ୍ୱାରା ଆମେ ଆମ ଭବିଷ୍ୟ ଗଢ଼ିବା ବୋଲି ସେ କହିଥିଲେ। ସମ୍ମାନିତ ଅତିଥି ଭାବେ ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ରାଜ୍ୟ ଖଣି ଓ ଇସ୍ପାତ ମନ୍ତ୍ରୀ ବିଭୂତି ଭୂଷଣ ଜେନା, ମୁଖ୍ୟ ବକ୍ତା ଭାବେ ଅନିର୍ବାଣ ଗାଙ୍ଗୁଲି, ସରକାରୀ ମୁଖ୍ୟ ସଚେତକ ସରୋଜ କୁମାର ପ୍ରଧାନ ଓ ଏକାମ୍ର ଭୁବନେଶ୍ୱର ବିଧାୟକ ବାବୁ ସିଂ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ଡ. ଶ୍ୟାମପ୍ରସାଦ ମୁଖାର୍ଜୀଙ୍କ ଜୀବନୀ ଆଧାରିତ ଫଟୋଚିତ୍ର ପ୍ରଦର୍ଶନୀ ଗ୍ୟାଲେରୀକୁ ଉଦଘାଟନ କରିଥିଲେ। ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଡ. ମୁଖାର୍ଜୀଙ୍କ ଉପରେ ଏକ କ୍ଷୁଦ୍ର ଚଳଚିତ୍ର ପ୍ରଦର୍ଶନ କରାଯାଇଥିଲା। ଏହି ଅବସରରେ ଆୟୋଜିତ ତର୍କ ପ୍ରତିଯୋଗିତାର କୃତୀ ମହାବିଦ୍ୟାଳୟ ଓ ବିଦ୍ୟାଳୟସ୍ତରର ଛାତ୍ରଛାତ୍ରୀଙ୍କୁ ମୁଖ୍ୟମନ୍ତ୍ରୀ ସମ୍ମାନିତ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ସଂସ୍କୃତି ବିଭାଗ ସଚିବ ସଂଜୀବ କୁମାର ମିଶ୍ର ସ୍ୱାଗତ ଭାଷଣ ଦେଇଥିବା ବେଳେ ବିଭାଗୀୟ ନିର୍ଦ୍ଦେଶକ ବିଜୟ କେତନ ଉପାଧ୍ୟାୟ ଧନ୍ୟବାଦ ଦେଇଥିଲେ। ଏହି କାର୍ଯ୍ୟକ୍ରମ ପୂର୍ବରୁ ମୁଖ୍ୟମନ୍ତ୍ରୀଙ୍କ ସମେତ ବାଚସ୍ପତି ସୁରମା ପାଢ଼ୀ ଏବଂ ଅନ୍ୟ ବିଶିଷ୍ଟ ବ୍ୟକ୍ତି ଭୁବନେଶ୍ୱରର ସତସଙ୍ଗ ବିହାର ଠାରେ ଶ୍ୟାମା ପ୍ରସାଦ ମୁଖାର୍ଜୀ ପାର୍କରେ ସ୍ୱର୍ଗତ ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପ ପ୍ରଦାନ କରି ଶ୍ରଦ୍ଧାଞ୍ଜଳୀ ଅର୍ପଣ କରିଥିଲେ।

# ଓଲଟିଲା ବସ୍; ୪୦ ଯାତ୍ରୀ ଆହତ

କୁଆଖିଆ,୬।୭(ସମିସ): ଯାଜପୁର ଜିଲ୍ଲା କୁଆଖିଆ ଥାନା ଜାତୀୟ ରାଜପଥର ମୂଳାପାଳ ଛକ ନିକଟରେ ଏକ ବସ୍ ଓଲଟି ପଡ଼ିବାରୁ ୪୦ରୁ ଊର୍ଦ୍ଧ୍ୱ ଯାତ୍ରୀ ଆହତ ହୋଇଛନ୍ତି। ସୂଚନାନୁଯାୟୀ, ଆଜି ସନ୍ଧ୍ୟା ପ୍ରାୟ ୮ଟାରେ ସ୍ୱସ୍ତି ରଥ ନାମକ ଏକ ଘରୋଇ ବସ୍ (ନଂ- ଓଡି୦୫ ବିଏସ୍ ୪୭୩୫) କଟକରୁ ବରୀ ଅଭିମୁଖେ ଯାଉଥିବା ସମୟରେ କୁଆଖିଆ ବଜାର ନିକଟସ୍ଥ ମୂଳାପାଳ ଛକଠାରେ ଭାରସାମ୍ୟ ହରାଇ ରାସ୍ତା ତଳକୁ ଓଲଟି ପଡ଼ିଥିଲା। ଫଳରେ ବସ୍‌ରେ ଥିବା ୪୦ରୁ ଊର୍ଦ୍ଧ୍ୱ ଯାତ୍ରୀ ବସ୍ ଭିତରେ ରହିଯାଇଥିଲେ। ଖବର ପାଇ କୁଆଖିଆ ପୁଲିସ୍ ଏବଂ ଅଗ୍ନିଶମ ବିଭାଗ ପହଞ୍ଚି ଯାତ୍ରୀମାନଙ୍କୁ ଉଦ୍ଧାର କରି ଆହତମାନଙ୍କୁ ମଧୁବନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ତେବେ ବସ୍‌ର ଡ୍ରାଇଭର ଫେରାର ହୋଇ ଯାଇଥିବା ଜଣାପଡ଼ିଛି।

# ଭୁବନେଶ୍ୱର ସିଟି



## ପତ୍ନୀଙ୍କୁ ହତ୍ୟା ଉଦ୍ୟମ କରି ସ୍ୱାମୀ ଗିରଫ



ଭୁବନେଶ୍ୱର,୬।୭(ସମିସ): ଖାଦ୍ୟ ଆଣିବାକୁ କହିବାରୁ ପତ୍ନୀର ତଣ୍ଟିଚିପି ହତ୍ୟା ଉଦ୍ୟମ କରିଛି ପତି। ପୁରୁଣା ଭୁବନେଶ୍ୱର ବଢ଼େଇ ବାଙ୍କ ଅଞ୍ଚଳରେ ଏଭଳି ଘଟଣା ଘଟିଛି। ଅଭିଯୁକ୍ତକୁ ଗିରଫ କରିଛି ଶ୍ରୀଲିଙ୍ଗରାଜ ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ବଡ଼ଦାଣ୍ଡ ସାହିର ରାକେଶ କୁମାର ପ୍ରହରାଜ ଓରଫ ପପୁ (୩୮)। ପପୁ ୨୦୧୪ ମେ' ମାସରେ ବର୍ଷାରାଣୀଙ୍କୁ ବିବାହ କରିଥିଲେ। ସେମାନଙ୍କର ଏକ ୭ ବର୍ଷର ପୁଅ ମଧ୍ୟ ଅଛି। ବିବାହ ପରଠାରୁ ସେମାନେ ଶାନ୍ତିପୂର୍ଣ୍ଣ ଭାବରେ ଦାମ୍ପତ୍ୟ ଜୀବନ ଅତିବାହିତ କରିଆସୁଥିଲେ। କିନ୍ତୁ ପପୁ ପ୍ରାୟ ସମୟ ମଦ୍ୟପାନ କରି ଘରେ ବିଶୃଙ୍ଖଳା ସୃଷ୍ଟି କରୁଥିଲେ। ଗତମାସ ୨୯ ତାରିଖ ଦିନ ପୁଅ ରିସାନ ବାର୍ଷାଙ୍କୁ ଖାଇବା ଲାଗି ମାଗିଥିଲେ, ହେଲେ ଘରେ ଖାଦ୍ୟ ସାମଗ୍ରୀ ଓ ଗ୍ୟାସ ନଥିଲା। ବର୍ଷା ଏନେଇ ସ୍ୱାମୀଙ୍କୁ କହିବାରୁ ପପୁ ହଠାତ୍ ରାଗିଯାଇ ତାଙ୍କ ତଣ୍ଟିଚିପି ଧରିଥିଲେ। ବର୍ଷା କୌଶଳକ୍ରମେ ଖସିଯାଇ ଥାନାର ଦ୍ୱାରସ୍ଥ ହୋଇଥିଲେ। ଏଥିସହିତ ବିବାହ ପରଠାରୁ ଅଧିକ ଯୌତୁକ ଦାବି କରି ଶାରୀରିକ ଓ ମାନସିକ ନିର୍ଯାତନା ଦେଇ ଆସୁଥିବା ଅଭିଯୋଗରେ ଦର୍ଶାଇଥିଲେ। ଶ୍ରୀ ଲିଙ୍ଗରାଜ ଥାନା ପୁଲିସ ଏକ ମାମଲା ରୁଜୁ କରିବା ସହିତ ପପୁକୁ ଗିରଫ କରିଥିଲା।

## କୁକୁଡ଼ା ଚିଆଁ ଓ ଦାନା ଚୋରି; ଯୁବକ ଗିରଫ

ବାଲିଅନ୍ତା,୬।୭(ସମିସ): ବାଲିଅନ୍ତା ଥାନା ପୁଲିସ ଆଜି କୁକୁଡ଼ା ଫାର୍ମରୁ ଦାନା ଓ ଚିଆଁ ଲୁଟ୍ ମାମଲାରେ ଜଣେ ଯୁବକକୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଯୁବକ ହେଲେ ସରକଣା ପଞ୍ଚାୟତ ବ୍ରାହ୍ମଣସୁଆଁଲୋ ଗ୍ରାମର ମନୋଜ ଭୋଇ (୨୬)। ତେବେ କୋର୍ଟରେ ଜାମିନ ଆବେଦନ ଖାରଜ ହୋଇଯିବାରୁ ଝାରପଡ଼ା ଜେଲ୍ ହାଜତକୁ ପଠାଇ ଦିଆଯାଇଛି। ସାରକଣା ପଞ୍ଚାୟତ ବ୍ରାହ୍ମଣସୁଆଁଲୋର ବୀଣାପାଣି ଦାସ ବାଲକାଟି ଥାନାରେ ଅଭିଯୋଗ କରିଥିଲେ। ବୀଣାପାଣି ବ୍ରାହ୍ମଣ ସୁଆଁଲୋ ଗ୍ରାମରେ ନିଜ ପୁଅ ସହ ରହୁଥିବା ବେଳେ, ଉକ୍ତ ଗ୍ରାମର ଭୋଇ ସାହି ନିକଟରେ ଏକ କୁକୁଡ଼ା ଫାର୍ମ କରିଥିଲେ। ଗତ ମାସ ୨୩ ତାରିଖ ରାତିରେ ଟୁଇନା ଫାର୍ମକୁ ଯାଇ ତାଙ୍କ ପୁଅ ଶୁଭମ୍‌ଙ୍କୁ ୫କେଜି କୁକୁଡ଼ା ଦାନା ମାଗିଥିଲେ। ରାତି ଅଧିକ ହୋଇଯାଇଥିବା କହି ଶୁଭମ୍ ତାଙ୍କୁ ସକାଳେ ଆସିବା ଲାଗି କହିଥିଲେ। ଏଥିରେ ଟୁଇନା ଉତ୍ତେଜିତ ହୋଇ ତାଙ୍କୁ ଧମକ ଦେଇ ସେଠାରୁ ପଳାଇ ଯାଇଥିଲେ। ତା' ପରଦିନ ସକାଳେ ଶୁଭମ୍ କୁକୁଡା ଫାର୍ମକୁ ଯାଇଥିବା ବେଳେ, କେହି ଫାର୍ମର ତାଲା ଭାଙ୍ଗି ଭିତରୁ ୧୦ ପ୍ୟାକେଟ କୁକୁଡ଼ା ଦାନା ଏବଂ ପ୍ରାୟ ୧୦୦ଟି କୁକୁଡ଼ା ଚିଆଁ ଚୋରି କରି ନେଇଯାଇଥିବା ଜାଣିବାକୁ ପାଇଥିଲେ। ଏହି ଘଟଣାରେ ଟୁଇନା ସମ୍ପୃକ୍ତ ଥିବା ସନ୍ଦେହ କରି ବୀଣାପାଣି ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ପୁଲିସ ମାମଲାର ତଦନ୍ତ କରିବା ସହିତ ସିସିଟିଭି ଫୁଟେଜ୍ ଯାଞ୍ଚ କରି ଟୁଇନାକୁ ଚିହ୍ନଟ କରିଥିଲା। ଆଜି ପୁଲିସ ଟୁଇନାକୁ ଶିଶିଲୋ ଛକ ନିକଟରୁ କାବୁ କରିବାରେ ସକ୍ଷମ ହୋଇଥିଲା। ପଚରାଉଚରା କରି ପୁଲିସ ଟୁଇନା ନିକଟରୁ ୧୦୦ କେଜି ଓଜନର ଦୁଇଟି କୁକୁଡା ଦାନା ବସ୍ତା ଏବଂ ଚୋରି ଦାନା ବିକ୍ରି ବାବଦରେ ରଖିଥିବା ୨୩୦୦ ଟଙ୍କା ମଧ୍ୟ ଜବତ କରିଥିଲା। ଟୁଇନାଙ୍କ ନାମରେ ପୂର୍ବରୁ ମଧ୍ୟ ବାଲିଅନ୍ତା ଥାନାରେ ଏକ ମାମଲା ରହିଛି। ବର୍ତ୍ତମାନ ଏହି ମାମଲାର ଅଧିକ ତଦନ୍ତ ଚାଲୁ ରହିଛି।

## ଫ୍ୟାନ୍‌ରେ ଝୁଲିପଡ଼ିଲେ ଯୁବକ

ଭୁବନେଶ୍ୱର,୬।୭ (ସମିସ): ବରମୁଣ୍ଡା ହାଉସିଂ ବୋର୍ଡ କଲୋନୀର ଏକ ଘରୁ ଜଣେ ଯୁବକଙ୍କ ଝୁଲନ୍ତା ମୃତଦେହ ଠାବ କରିଛି ଭରତପୁର ଥାନା ପୁଲିସ। ମୃତକ ହେଉଛନ୍ତି କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ଅଞ୍ଚଳର ରୁଦ୍ର ରଞ୍ଜନ ଦାସ (୨୫)। ମିଳିଥିବା ସୂଚନା ଅନୁସାରେ, ବଡ଼ଭାଇ ରଶ୍ମିରଞ୍ଜନ ଦାସ ବରମୁଣ୍ଡା ହାଉସିଂ ବୋର୍ଡ କଲୋନୀରେ ରହୁଥିବା ବେଳେ କିଛିଦିନ ପୂର୍ବେ ରୁଦ୍ର ସେଠାକୁ ଆସିଥିଲେ। ରଶ୍ମିରଞ୍ଜନ ଗତକାଲି ସକାଳେ କୌଣସି କାମରେ ବାହାରକୁ ଯାଇ ମଧ୍ୟାହ୍ନ ୧୨ଟା ୩୦ରେ ଫେରିଥିଲେ। କବାଟ ବାଡ଼େଇବାପରେ ରୁଦ୍ର ନ ଖୋଲିବାରୁ ରଶ୍ମିରଞ୍ଜନ ପୁଣି ଅନ୍ୟ କାମରେ ପଳାଇଥିଲେ। ଅପରାହ୍ନ ୪ଟା ୩୦ରେ ଘରକୁ ଫେରି ଡାକିଥିଲେ ମଧ୍ୟ ଭିତରୁ କୌଣସି ଉତ୍ତର ମିଳିନଥିଲା। ରଶ୍ମି ବାଧ୍ୟହୋଇ ପିସିଆର ଭ୍ୟାନକୁ ଡକାଇଥିଲେ। ଖବରପାଇ ପୁଲିସ ଘଟଣାସ୍ଥଳରେ ପହଞ୍ଚି କବାଟ ଭାଙ୍ଗି ଭିତରେ ପଶିଥିଲା। ସେତେବେଳକୁ ରୁଦ୍ର ବେକରେ ଗାମୁଛା ଲଗାଇ ଫ୍ୟାନରେ ଝୁଲୁଥିବା ଦେଖିବାକୁ ପାଇଥିଲେ। ରୁଦ୍ରଙ୍କୁ ଝୁଲନ୍ତା ଅବସ୍ଥାରେ ଉଦ୍ଧାର କରି କ୍ୟାପିଟାଲ ହସ୍ପିଟାଲକୁ ନିଆଯାଇଥିଲା। ହେଲେ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ରଶ୍ମିରଞ୍ଜନଙ୍କ ଅଭିଯୋଗ ଆଧାରରେ ଭରତପୁର ଥାନା ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରିଥିଲା। ଆଜି ମୃତଦେହ ବ୍ୟବଚ୍ଛେଦ କରିବା ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି।

ସେହିପରି ଚକେଇସିଆଣୀ ଅଞ୍ଚଳର ଏକ ଘରୁ ଯୁବକଙ୍କ ଝୁଲନ୍ତା ମୃତଦେହ ଠାବ ହୋଇଛି। ମୃତକ ହେଉଛନ୍ତି ଜଗତସିଂହପୁରର ଚିନ୍ମୟ ମଲ୍ଲିକ (ଚିନୁ)। ସେ ମଞ୍ଚେଶ୍ୱର ଥାନା ଚକେଇସିଆଣୀ ଅନ୍ତର୍ଗତ ଶ୍ରୀରାମ ନଗର ଅଞ୍ଚଳରେ ରହୁଥିଲେ। ରବିବାର ରାତି ପ୍ରାୟ ୧୦ଟା ସମୟରେ ମୃତଦେହ ଝୁଲୁଥିବା ଖବରପାଇ ମଞ୍ଚେଶ୍ୱର ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା।

## ବିଏମ୍‌ସି କୋଳିଗଛ: ବାପା ପରେ ପିଲାଙ୍କୁ ଚାକିରି

ଭୁବନେଶ୍ୱର,୬।୭(ସମିସ)

କୋଳିଖାଇ ମଞ୍ଜି ପୋତିଛନ୍ତି ବିଏମ୍‌ସି କର୍ମଚାରୀ। ଫଳରେ ତାଙ୍କ ପରେ ତାଙ୍କ ପିଲାମାନେ ବି ସେହି କୋଳି ଖାଉଛନ୍ତି। ପିଢ଼ି ପରେ ପିଢ଼ି ଏଭଳି ପରିବାରବାଦ ଚାଲିଥିବାବେଳେ ସାଧାରଣ ପ୍ରାର୍ଥୀଙ୍କୁ ବିଏମ୍‌ସିରେ ଚାକିରି ସୁଯୋଗ ମିଳୁନି। ଚାକିରି ପାଇବା ତ ଦୂରର କଥା, ଆବେଦନ କରିବାର ସୁଯୋଗ ବି ମିଳୁନି। ଯେଉଁ କର୍ମଚାରୀ ଏଠାରେ ଚାକିରି କରୁଛନ୍ତି, ସେମାନେ ତାଙ୍କ ପିଲାମାନଙ୍କୁ ଯେନତେନ ପ୍ରକାରେ ଭର୍ତ୍ତି କରିଚାଲିଛନ୍ତି। ଥାର୍ଡ ପାର୍ଟି ସଂସ୍ଥା ଏଭଳି କାରବାରର ପ୍ରମୁଖ ମାଧ୍ୟମ ପାଲଟୁଛି। ଏହି ଗଳାବାଟରେ ବହୁ ସଂଖ୍ୟାରେ ବିଏମ୍‌ସି କର୍ମଚାରୀଙ୍କ ପିଲା, ସମ୍ପର୍କୀୟ କିମ୍ବା ସାଙ୍ଗସାଥୀ ଭର୍ତ୍ତି ହୋଇ ବିଭିନ୍ନ ବିଭାଗରେ କାମ କରୁଛନ୍ତି। ମାସିକ ୫୦ରୁ ଏକ ଲକ୍ଷ ଟଙ୍କା ଦରମା ନେଉଛନ୍ତି। ହେଲେ ସାଧାରଣ ପିଲାମାନଙ୍କ ପାଇଁ କୌଣସି ସୁଯୋଗ ମିଳୁନାହିଁ। ଚପରାସି ଠାରୁ ଆରମ୍ଭ କରି ବଡ଼ ଅଧିକାରୀ ସମସ୍ତେ ଏବେ ଏହି ରେସ୍‌ରେ ଲାଗିପଡ଼ିଛନ୍ତି। ବିଏମ୍‌ସିରେ ଏଭଳି କାମକୁ ପରିଚାଳନା କରିବାକୁ ଏକ ସ୍ୱତନ୍ତ୍ର ରାକେଟ୍ କାମ କରୁଛି।

ପୂର୍ବରୁ ବିଏମ୍‌ସିରେ ନିଯୁକ୍ତି ପାଇଁ ସରକାରୀ ଭାବେ ବିଜ୍ଞପ୍ତି ପ୍ରକାଶ ପାଉଥିଲା।

### ମାଧ୍ୟମ ପାଲଟିଛି ଥାର୍ଡ ପାର୍ଟି

ସମସ୍ତେ ଜାଣୁଥିଲେ। ପରୀକ୍ଷାର ଆୟୋଜନ କରାଯାଉଥିଲା। ଯୋଗ୍ୟ ବିବେଚିତ ପ୍ରାର୍ଥୀ ଚାକିରି ପାଆନ୍ତୁ କିମ୍ବା ନପାଆନ୍ତୁ ଆବେଦନ କରିବାକୁ ଅନ୍ତତଃ ସୁଯୋଗ ପାଉଥିଲେ। ସବୁ ପ୍ରକ୍ରିୟା ଯାଞ୍ଚ ହେବା ପରେ ଜଣେ ଯୋଗ୍ୟ ବିବେଚିତଙ୍କୁ ବିଏମ୍‌ସିରେ ନିଯୁକ୍ତି ଦିଆଯାଉଥିଲେ। ସମୟ କ୍ରମେ ସରକାରୀ ଚାକିରିକୁ ଜାଣିଶୁଣି କମ୍ କରାଗଲା। ଖାଲି ପଡ଼ିଥିବା ପଦବୀ ପୂରଣ ନକରିବାକୁ କିଛି ଅଧିକାରୀ ଉପରେ ବସି ଚାପ ପ୍ରୟୋଗ କଲେ। ଏଣୁ ଦୀର୍ଘ ଦିନ ଖାଲି ପଡ଼ିବା ପରେ ଏହାକୁ ଥାର୍ଡ ପାର୍ଟିକୁ ଟେକି ଦିଆଗଲା। ଏଠାରେ ମନଇଚ୍ଛା ଲୋକଙ୍କୁ ଭର୍ତ୍ତି କରାଯାଉଛି। ସରକରୀ ଅଧିକାରୀ ନିଜ ପରିବାର ଲୋକଙ୍କୁ ବିଏମ୍‌ସିରେ ଭର୍ତ୍ତି କରିବାକୁ ଥାର୍ଡ ପାର୍ଟି ବ୍ୟବସ୍ଥାକୁ ଏକ ଅସ୍ତ୍ର ବନାଇଛନ୍ତି। ବିଏମ୍‌ସିର ପ୍ଲାନିଂ, ସାନିଟେସନ୍, ହେଲଥ୍, ଭେଇକିଲ୍, ଡାଟା ଏଣ୍ଟ୍ରି, ଆକାଉଣ୍ଟ୍, ଆଇନ୍ ଠାରୁ ଆରମ୍ଭ କରି ଏକାଧିକ ବିଭାଗରେ ଥାର୍ଡ ପାର୍ଟି ଜରିଆରେ ଏଭଳି କର୍ମଚାରୀ ଭର୍ତ୍ତି ହୋଇଛନ୍ତି।

ପ୍ରଥମେ କୁହାଗଲା ଥାର୍ଡ ପାର୍ଟି ମାଧ୍ୟମରେ ନିଯୁକ୍ତି ଦେଲେ ବିଏମ୍‌ସିର କମ୍ ଟଙ୍କା ଖର୍ଚ୍ଚ ହେବ। ଦକ୍ଷ ବ୍ୟକ୍ତିବିଶେଷ ବିଏମ୍‌ସିରେ ନିଯୁକ୍ତି ପାଇବେ ବୋଲି ଯୁକ୍ତି ଉପସ୍ଥାପନ କରାଗଲା। ହେଲେ ଥାର୍ଡ ପାର୍ଟି ଦ୍ୱାରା ନିଯୁକ୍ତି ପାଇଥିବା କର୍ମଚାରୀ ଏବେ ସରକାରଙ୍କ ଦ୍ୱାରା ନିଯୁକ୍ତ କର୍ମଚାରୀଙ୍କ ଠାରୁ ଅଧିକ ଟଙ୍କା ପାଉଛନ୍ତି। ବିଏମ୍‌ସିର ଏହି ମାଧ୍ୟମରେ ଅଧିକ ଟଙ୍କା ଖର୍ଚ୍ଚ ହେଉଛି। ଏକ୍ସପର୍ଟିଜ୍ ନାମରେ ଏଠାରେ ପରିବାରବାଦକୁ ପ୍ରୋତ୍ସାହନ ଦିଆଯାଉଥିବା ଅଭିଯୋଗ ହେଉଛି। ଥାର୍ଡ ପାର୍ଟି ଜରିଆରେ ବିଏମ୍‌ସିରେ ଏଭଳି ହେଲେ ଆଉ କିଛି ଦିନ ପରେ ସାଧାରଣ ଲୋକଙ୍କୁ ଚାକିରି ପାଇବା ତ ଦୂରର କଥା ଆବେଦନ କରିବା ବି କଷ୍ଟକର ହୋଇଯିବ। ବାପଙ୍କ ପରେ ତାଙ୍କ ପିଲାଙ୍କ ପରେ ପୁଣି ତାଙ୍କ ପିଲା ଚାକିରି ପାଇଚାଲିଥିବେ। ଧୀରେ ଧୀରେ ବିଏମ୍‌ସି ସରକାରୀ ସଂସ୍ଥା ବଦଳରେ ପାରିବାରିକ ସଂସ୍ଥା ଭାବେ ବାହାରକୁ ଦେଖାଯିବ।

### ସାଧାରଣ ଲୋକଙ୍କୁ ସୁଯୋଗ ନାହିଁ

ମିଳିଥିବା ସୂଚନା ମୁତାବକ, ବିଏମ୍‌ସି କର୍ମଚାରୀମାନେ ନିଜ ପିଲାଙ୍କୁ ଭର୍ତ୍ତି କରିବାକୁ ହେଲେ ନିଜ ଚାକିରି କାଳ ମଧ୍ୟରେ ଉପରିସ୍ଥ ଅଧିକାରୀଙ୍କୁ ଖୁସି କରି ରଖିବାକୁ ପଡୁଛି। ସେମାନେ ଯାହା କହିବେ ହଁ ଜୀ, ହଁ ଜୀ କରିବାକୁ ପଡ଼ିବ। ଭୁଲ କରୁଥିଲେ ମଧ୍ୟ ସମର୍ଥନ ଜଣାଇବାକୁ ପଡ଼ିବ। ବଡ଼ ଅଧିକାରୀଙ୍କ ବ୍ୟତୀତ ଆଉ ଏକ ବାଟ ରହିଛି। ତାହା ହେଲା ଥାର୍ଡ ପାର୍ଟି ସଂସ୍ଥାକୁ ପରୋକ୍ଷ କିମ୍ବା ପ୍ରତ୍ୟେକ୍ଷ ଭାବେ ଫାଇଦା ପହଞ୍ଚାଇବା। ବିଏମ୍‌ସିରେ କାମ କରୁଥିବା ଏକାଧିକ ବିଭାଗରେ ବହୁ ସଂଖ୍ୟାରେ ଥାର୍ଡ ପାର୍ଟି ସଂସ୍ଥା କାମ କରୁଛନ୍ତି। କୌଣସି ଗୋଟିଏ ସଂସ୍ଥା ସହ ସୁସମ୍ପର୍କ ରଖି ତାହାର ଭୁଲଗୁଡ଼ିକୁ ନଜର ଅନ୍ଦାଜ କରିଦେଲେ ଫାଇଦା ମିଳୁଛି। ଏଥିରେ ମୋଟା ଆକାର ଟଙ୍କା କାରବାର ହେଉଥିବା ନେଇ ବିଶ୍ୱସ୍ତ ସୂତ୍ରରୁ ଖବର ମିଳିଛି।

## ବିଏମ୍‌ସି ଅଫିସର୍ କହି ଉଠାଦୋକାନୀଙ୍କୁ ଲୁଟିଲେ

ଭୁବନେଶ୍ୱର, ୬।୭(ସମିସ)

ଭୁବନେଶ୍ୱରରେ ମାତିଛନ୍ତି ନକଲି ବିଏମ୍‌ସି କର୍ମଚାରୀ। ଏମାନେ ଦୋକାନ ଠାରୁ ଆରମ୍ଭ କରି ଲୋକଙ୍କ ଘରକୁ ବି ଯାଉଛନ୍ତି। ବିଏମ୍‌ସି କର୍ମଚାରୀଙ୍କ ଭଳି ପୋଷାକ ପରିଧାନ କରୁଛନ୍ତି। ବିଶ୍ୱାସ ଭାଜନ ହେବା ପାଇଁ ନକଲି ଆଇଡି କାର୍ଡ ବି ପାଖରେ ରଖୁଛନ୍ତି। ବିଭିନ୍ନ ଆଳରେ ଲୋକଙ୍କୁ ଟଙ୍କା ମାଗୁଛନ୍ତି। କେତେବେଳେ କାମ କରାଇଦେବାକୁ କହି ଟଙ୍କା ମାଗୁଛନ୍ତି ତ ପୁଣି କେତେବେଳେ ଦୋକାନୀଙ୍କୁ ଧମକାଇ ଟଙ୍କା ମାଗୁଛନ୍ତି। ପୂର୍ବରୁ ଏଭଳି ଅନେକ ଘଟଣା ଘଟିଥିଲା ବେଳେ ରବିବାର ଖାରବେଳନଗର ପ୍ରିୟା ହୋଟେଲ ଗଳିରେ ଏକ ଘଟଣା ସାମ୍ନାକୁ ଆସିଛି। ବିଏମ୍‌ସି ସ୍କ୍ୱାଡ୍ ବେଶରେ ଜଣେ ଯୁବକ ଏକ ପାନ ଦୋକାନୀଙ୍କୁ ଚୂନ ମାରି ଚାଲିଯାଇଛି। ଖାରବେଳନଗର ପ୍ରିୟା ହୋଟେଲ ଗଳିରେ ପ୍ରଦୀପ ସାବତ ଓରଫ ବାବୁ ପାନ ଓ ଚା' ଦୋକାନ କରିଛନ୍ତି। ଗତ ୨ ତାରିଖ ଅପରାହ୍ଣରେ ପ୍ରକାଶ ତ୍ରିପାଠୀ ନାମକ ଜଣେ ବ୍ୟକ୍ତି ନିଜକୁ ବିଏମ୍‌ସିର ସ୍କ୍ୱାଡ୍ ଅଫିସର ଭାବେ ପରିଚୟ ଦେଇଥିଲେ। ବିଏମ୍‌ସି ପକ୍ଷରୁ ଉଠାଦୋକାନୀଙ୍କୁ ଅନୁଦାନ ସ୍ୱରୂପ ୧ ଲକ୍ଷ ୮୨ ହଜାର ଟଙ୍କା ଦିଆଯିବ। ବିଷୟରେ ଦୋକାନୀଙ୍କ ସହ ଆଲୋଚନା କରିଥିଲେ। ବିଏମ୍‌ସି ଅନୁଦାନ ଦେଉଥିବା ୧ ଲକ୍ଷ ୮୨ ହଜାର ଟଙ୍କା ଶୁଝିବାକୁ ପଡ଼ିବ ନାହିଁ। କେବଳ କୋର୍ଟ ଫି ବାବଦରେ ୬୫୦ ଟଙ୍କା ଖର୍ଚ୍ଚ ହେବ। ମାତ୍ର ପାନଦୋକାନୀ ଏହାକୁ ବିଶ୍ୱାସ ନ କରିବାରୁ ପ୍ରକାଶ ନିଜ ବେକରେ ପକାଇଥିବା ବିଏମ୍‌ସିର ଆଇଡି କାର୍ଡ ଦେଖାଇଥିଲେ। ଏହାପରେ ପାନଦୋକାନୀ ପ୍ରକାଶଙ୍କୁ ୬୫୦ ଟଙ୍କା ଦେଇଥିଲେ। ପ୍ରକାଶ ରସିଦ ଖଣ୍ଡେ ଧରାଇ ଦେଇଥିଲେ। ଏହାପର ଠାରୁ ପ୍ରକାଶଙ୍କ ଆଉ ଦେଖା ମିଳି ନଥିଲା। ସେ ଗାଏବ୍ ହୋଇଯାଇଥିଲେ। ତାଙ୍କ ଫୋନ୍ ମଧ୍ୟ ବନ୍ଦ ଥିଲା।

### ଉଠାଦୋକାନୀ ମହାସଂଘ ଥାନାର ଦ୍ୱାରସ୍ଥ

ପାନ ଦୋକାନୀ ଏକଥା ମହାସଂଘକୁ ଜଣାଇଥିଲେ। ନିଖିଳ ଓଡ଼ିଶା ଉଠାଦୋକାନୀ ମହାସଂଘର ସଭାପତି ପ୍ରତାପ ସାହୁ ବିଏମ୍‌ସିର ଅଧିକାରୀଙ୍କ ସହ ଆଲୋଚନା ବେଳେ ସ୍ପଷ୍ଟ ହୋଇଥିଲେ ଯେ ବିଏମ୍‌ସିରେ ଏଭଳି କୌଣସି କର୍ମଚାରୀ କାମ କରୁନାହାନ୍ତି। ଏହାପରେ ଶ୍ରୀ ସାହୁଙ୍କ ନେତୃତ୍ୱରେ ଖାରବେଳ ନଗର ଥାନାରେ ଏତଲା ଦିଆଯାଇଛି। ଅନ୍ୟମାନଙ୍କ ମଧ୍ୟରେ ନିରଞ୍ଜନ ପାଣ୍ଡେ, ଲଲାଟ କୁମାର ଓଝା, ଶୁଭଲକ୍ଷ୍ମୀ ମହାନ୍ତି, ସସ୍ମିତା ସାହୁ, ସୂର୍ଯ୍ୟମଣି ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

ଗତ କିଛିଦିନ ହେବ ଭୁବନେଶ୍ୱର ମହାନଗର ନିଗମର ବିଭିନ୍ନ ଅଞ୍ଚଳରେ ଭୁବନେଶ୍ୱର ମହାନଗର ନିଗମର ସ୍କ୍ୱାଡ୍ ଅଫିସର କହି ଉଠାଦୋକାନୀଙ୍କ ଠାରୁ ଲକ୍ଷ ଲକ୍ଷ ଟଙ୍କା ଠକି ନେଉଥିବାର ସଙ୍ଗୀନ ଅଭିଯୋଗ ହୋଇଛି। ଏପରିକିଛି ଜଣେ ବ୍ୟକ୍ତି ସଫେଇ ଆଳରେ ବିଏମ୍‌ସିର ପରିମଳ ବିଭାଗର ଜଣେ ବଡ଼ ଅଧିକାରୀଙ୍କୁ ଟଙ୍କା ମାଗିଥିଲେ।

### କନେଷ୍ଟବଳଙ୍କୁ ଆକ୍ରମଣ ଘଟଣା

## ୬ ବର୍ଷ ପରେ ଧରାପଡ଼ିଲା ଅଭିଯୁକ୍ତ



ଭୁବନେଶ୍ୱର,୬।୭(ସମିସ): ଡ୍ୟୁଟି ବେଳେ କନେଷ୍ଟବଳଙ୍କୁ ଆକ୍ରମଣ ଘଟଣାର ୬ ବର୍ଷ ପରେ ଜଣଙ୍କୁ ଗିରଫ କରିଛି ସହିଦନଗର ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ଅନ୍ଧାରୁଆର ଏକ ଆପାର୍ଟମେଣ୍ଟରେ ରହୁଥିବା ସ୍ୱରାଜ କୁମାର ଜେନା ଓରଫ୍ ରାଜ୍ (୨୮)। ପୁଲିସ ସୂଚନା ଅନୁସାରେ, ୨୦୧୮ ମସିହା ନଭେମ୍ବର ମାସ ୨୧ ତାରିଖ ସନ୍ଧ୍ୟାରେ କନେଷ୍ଟବଳ ରାଜେଶ କୁମାର ନାୟକ ଆଇଡିବିଆଇ ଛକରେ ଟ୍ରାଫିକ୍ ପରିଚାଳନା ଡ୍ୟୁଟିରେ ମୁତୟନ ଥିଲେ। ସେହି ସମୟରେ ସ୍ୱରାଜ ଓ ତା'ର ୩ ସହଯୋଗୀ ବାଣୀବିହାର ପାଶ୍ୱର୍ରୁ ଏକ କାରରେ ଆଇଡିବିଆଇ ଛକ ଆଡ଼କୁ ଆସି ଟ୍ରାଫିକ ସିଗ୍‌ନାଲ ଭାଙ୍ଗିଥିଲା। ରାଜେଶ ଏ ନେଇ ପ୍ରଶ୍ନ କରିବାରୁ କାର୍‌ରେ ବସିଥିବା ୪ଜଣ ତାଙ୍କୁ ଗାଳିଗୁଲଜ କରିଥିଲେ। ଡ୍ୟୁଟିରେ ଥିବା ସମୟରେ ଗାଡ଼ିରୁ ଓହ୍ଲାଇ ତାଙ୍କୁ ଆକ୍ରମଣ କରିଥିଲେ। ଏମିତିକି ତାଙ୍କୁ ଗାଡ଼ି ଚଢ଼ାଇ ମାରିଦେବାକୁ ଧମକ ଦେଇଥିଲେ। ସେଠାରେ କାର୍ଯ୍ୟରତ ଅନ୍ୟ ପୁଲିସ କର୍ମଚାରୀ ବିରୋଧ କରିବାରୁ ସେମାନଙ୍କୁ ମଧ୍ୟ ଦୁର୍ବ୍ୟବହାର କରି ଫେରାର ହୋଇ ଯାଇଥିଲେ। ରାଜେଶଙ୍କ ଅଭିଯୋଗ ଆଧାରରେ ସହିଦନଗର ଥାନା ପୁଲିସ ଏକ ମାମଲା ରୁଜୁ କରିଥିଲା। ପୁଲିସ ସିସିଟିଭି ଫୁଟେଜ ଯାଞ୍ଚ କରି ସ୍ୱରାଜ ବିଷୟରେ ତଥ୍ୟ ହାସଲ କରିଥିଲା। ଆଜି ସ୍ୱରାଜକୁ ଗିରଫ କରି କୋର୍ଟ ଚାଲାଣ କରିଛି।

### ଦୁର୍ଘଟଣାରେ ଜଣେ ମୃତ

ଭୁବନେଶ୍ୱର,୬।୭(ସମିସ): ପାହାଳ ଥାନା ଅନ୍ତର୍ଗତ ସିମ୍ଫୋନି ମଲ୍ ନିକଟ ଜାତୀୟ ରାଜପଥ ଉପରେ ଏକ ଅଜଣା ଗାଡ଼ି ଧକ୍କା ଦେବାରୁ ଜଣେ ପ୍ରାଣ ହରାଇଛନ୍ତି। ରବିବାର ରାତିରେ ବର୍ଷା ହେଉଥିବାବେଳେ ଏକ ଅଜଣା ଗାଡ଼ି ଧକ୍କା ତାଙ୍କୁ ଧକ୍କା ଦେଇଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

## ସହରରେ ଅବଧି ନ ଥିବା ପାଉଁରୁଟି

ଭୁବନେଶ୍ୱର, ୬।୭(ସମିସ): ପାଉଁରୁଟି ଏବେ ନିତିଦିନିଆ ଖାଦ୍ୟ ଭାବେ ବେଶ ଆଦୃତ ହୋଇଛି। ଏହି ଖାଦ୍ୟକୁ ଲୋକମାନେ ଜଳଖିଆ ଭାବେ ବ୍ୟବହାର କରୁଛନ୍ତି। ଏହି ପାଉଁରୁଟିରେ କୌଣସି ବ୍ୟବହାର ଅବଧି ଲେଖା ନ ଥିବାରୁ ବର୍ତ୍ତମାନ ଏହା ସ୍ୱାସ୍ଥ୍ୟ ପକ୍ଷେ କ୍ଷତିକାରକ ସାବ୍ୟସ୍ତ ହେଉଥିବା ଆଶଙ୍କା ପ୍ରକାଶ ପାଉଛି। ଏପରିକି ପାଉଁରୁଟି ପ୍ୟାକେଟ୍ ମଧ୍ୟରେ ଫିମ୍ପି ବାହାରୁଥିବା ଅଭିଯୋଗ ହୋଇଛି। ରାଜଧାନୀରେ ସାଧାରଣତଃ ମଞ୍ଚେଶ୍ୱର, ଖୋର୍ଦ୍ଧା, କଟକ ଶିଳ୍ପାଞ୍ଚଳ ଆଦି ସ୍ଥାନରେ ପାଉଁରୁଟି କାରଖାନା ରହିଛି। ପ୍ରତ୍ୟହ ଶହ ଶହ ସଂଖ୍ୟକ ପାଉଁରୁଟି ହୋଲ୍‌ସେଲ୍ ଓ ରିଟେଲର ବ୍ୟବସାୟୀଙ୍କ ନିକଟକୁ ରପ୍ତାନି ହେଉଛି। ଏହାକୁ ସହରରୁ ଗ୍ରାମାଞ୍ଚଳ ପର୍ଯ୍ୟନ୍ତ ଲୋକମାନେ ଜଳଖିଆ ଭାବେ ବ୍ୟବହାର କରୁଛନ୍ତି। ଡାକ୍ତରଖାନା ଗୁଡ଼ିକରେ ମଧ୍ୟ ବଣ୍ଟନ କରାଯାଉଛି। ଏହାସହ ବହୁ ଫାଷ୍ଟ ଫୁଡ ସେଣ୍ଟର ଗୁଡିକରେ ପାଓଭାଜି ସମେତ ପାଉଁରୁଟିରେ ବିଭିନ୍ନ ଖାଦ୍ୟ ପ୍ରସ୍ତୁତି କରାଯାଇଥାଏ। ବଜାରରେ ଏବେ ୨ପ୍ରକାର ପାଉଁରୁଟିର ବହୁଳ ଚାହିଦା ରହିଛି। ଏଥିମଧ୍ୟରୁ ଅଟାରେ ପ୍ରସ୍ତୁତ ପାଉଁରୁଟି ଅଧିକ ବିକ୍ରି ହେଉଛି। ଯାହାକୁ ବୟସ୍କଙ୍କଠାରୁ ଆରମ୍ଭ କରି ଯୁବ ପିଢ଼ି ପର୍ଯ୍ୟନ୍ତ ସମସ୍ତେ ଖାଇବାକୁ ପସନ୍ଦ କରୁଛନ୍ତି। କିନ୍ତୁ ବିଡ଼ମ୍ବନାର ବିଷୟ ଏଥିରେ ବ୍ୟବହାର ଅବଧି ଉଲ୍ଲେଖ ରହୁନି। ପ୍ୟାକେଟ ଉପରେ କେବଳ ପ୍ରସ୍ତୁତକାରୀ ସାମଗ୍ରୀ, ମୂଲ୍ୟ ଓ ସଂସ୍ଥାର ନାମ ଉଲ୍ଲେଖ ରହୁଛି। କିନ୍ତୁ ଅବଧି ଲେଖା ରହୁ ନାହିଁ। ଫଳରେ ଅନେକ ସମୟରେ ପ୍ୟାକେଟ୍ ମଧ୍ୟରେ ଫିମ୍ପି ରହୁଥିବା ଅଭିଯୋଗ ହୋଇଛି। ଫିମ୍ପି ପାଉଁରୁଟିକୁ ଗ୍ରାହକ ଦୋକାନୀଙ୍କୁ ଫେରାଇଲେ ଏହାକୁ ସେମାନେ ଗ୍ରହଣ କରୁ ନ ଥିବା ଅଭିଯୋଗ ହୋଇଛି। ସେହିପରି ବଜାରରେ ମିଠା ଯୁକ୍ତ ପାଉଁରୁଟି ମଧ୍ୟ ବିକ୍ରି ହେଉଛି। ଯାହାକୁ ଛୋଟ

### ଖାଦ୍ୟ ସୁରକ୍ଷା ଅଧିକାରୀ ଚୁପ୍; ବିପଦରେ ଖାଉଟି

ଶିଶୁ ଆଗ୍ରହର ସହ ଖାଉଛନ୍ତି। ଏଥିରେ ମଧ୍ୟ କୌଣସି ବ୍ୟବହାର ଅବଧି ଲେଖା ରହୁ ନ ଥିବାରୁ ପିଲାଙ୍କ ସ୍ୱାସ୍ଥ୍ୟ କ୍ଷେତ୍ରରେ କ୍ଷତିକାରକ ସାବ୍ୟସ୍ତ ହେବା ନେଇ ଆଶଙ୍କା ପ୍ରକାଶ ପାଉଛି। ତତ୍‌ସହିତ ଶରୀର ଅସୁସ୍ଥ ହେଲେ ଡାକ୍ତର ରୋଗୀଙ୍କୁ ପାଉଁରୁଟି ଖାଇବାକୁ ପରାମର୍ଶ ଦେଉଛନ୍ତି। କିନ୍ତୁ ପାଉଁରୁଟି ପ୍ୟାକେଟ୍‌ରେ ଏଭଳି ସମୟ ସୀମା ନ ରହିବା ରୋଗୀଙ୍କ ପକ୍ଷେ କେତେ ଉପଯୋଗୀ ସେ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ବିଏମ୍‌ସି ଖାଦ୍ୟ ସୁରକ୍ଷା ବିଭାଗ ପକ୍ଷରୁ ସହରରେ ରହିଥିବା ପାଉଁରୁଟି ପ୍ରସ୍ତୁତକାରୀ କମ୍ପାନୀ ଉପରେ କେବେ ଚଢ଼ଉ କରାଯାଉନାହିଁ। ଏଥିସହ ବଜାରରେ ମିଳୁଥିବା ଏହି ଅବଧି ଉଲ୍ଲେଖ ରହୁ ନ ଥିବା ପାଉଁରୁଟିର ମାଲିକଙ୍କୁ ନୋଟିସ୍ ବି କରାଯାଉନି। ଏ ନେଇ ଖାଦ୍ୟ ସୁରକ୍ଷା ଅଧିକାରୀଙ୍କ ସହ ଯୋଗାଯୋଗ କରିବାରୁ ସେ କହିଛନ୍ତି, ସହରରେ ପାଉଁରୁଟି ଫ୍ୟାକ୍ଟ୍ରିରେ ଯାଞ୍ଚ କରାଯିବ। ଯେଉଁମାନେ ଏଭଳି ଅବଧି ନଥିବା ପାଉଁରୁଟି ବିକ୍ରି କରୁଥିବେ, ସେମାନଙ୍କୁ ନୋଟିସ୍ ଦିଆଯିବ। ଏହାପରେ ଯଦି ନିୟମ ଉଲ୍ଲଙ୍ଘନ କରନ୍ତି, ତେବେ କମ୍ପାନୀ ଲାଇସେନ୍ସ ରଦ୍ଦ କରାଯିବ।

## କମିସନରେଟ୍ ପୁଲିସ: କଥାରେ ହିରୋ; କାମରେ ଜିରୋ

ଭୁବନେଶ୍ୱର,୬।୭(ସମିସ): 'ଉଇ କେୟାର, ଉଇ ଡେୟାର' ନାରା ଦେଉଥିବା କମିଶନରେଟ୍ ପୁଲିସ କେବଳ କଥାରେ ହିରୋ, କିନ୍ତୁ ବାସ୍ତବରେ ଜିରୋ। ଅପରାଧୀଙ୍କୁ ସାବାଡ଼ କରିବା ପାଇଁ ପୁଲିସ ବିଗତ ଦିନମାନଙ୍କରେ ଯେଉଁ ଯୋଜନା କରିଥିଲା ତାହା ଏବେ ବନ୍ଦ ହୋଇଗଲାଣି। ବାବୁ ବଦଳିଲେ ଯୋଜନା ବଦଳିଯାଉଛି। ଡିସିପି କିମ୍ବା ସିପି ବଦଳିଲେ ଯୋଜନା ବନ୍ଦ ହୋଇଯାଉଛି। ଅନ୍ୟ ଅଫିସରଙ୍କ ଭଲ ଯୋଜନାକୁ ନୂଆ ଡିସିପି ଗ୍ରହଣ କରୁନଥିବା ଚର୍ଚ୍ଚା ହେଉଛି। ଯେଉଁଥି ପାଇଁ ନିଜର ଇଗୋ ପାଇଁ ଲୋକଙ୍କ ସୁରକ୍ଷା ନିମନ୍ତେ କରାଯାଇଥିବା ଭଲ ବ୍ୟବସ୍ଥା ବନ୍ଦ ହୋଇଯାଉଛି। ଯାହାର ଉଦାହରଣ ବିଗତ ଦିନ ମାନଙ୍କରେ ଦେଖିବାକୁ ମିଳିଛି। ବିଶେଷ କରି ମହିଳାମାନଙ୍କ ସୁରକ୍ଷାକୁ ପୁଲିସ ଗୁରୁତ୍ୱ ଦେଉନି। ଅଧିକାଂଶ ମହିଳାଙ୍କ ସୁରକ୍ଷା ପାଇଁ କରାଯାଇଥିବା ବ୍ୟବସ୍ଥା ବନ୍ଦ ହୋଇଗଲାଣି।

### ● ପିଙ୍କ୍ ଅଟୋ ବ୍ୟବସ୍ଥା ଫେଲ୍

ରାତି ହେଉ ଅବା ଦିନ ମହିଳା ଅଟୋରେ ଗଲେ ଅସଦାଚରଣ ଠାରୁ ଆରମ୍ଭ କରି ଅପହରଣର ଶିକାର ହେଉଥିଲେ। ଏହାକୁ ଦୃଷ୍ଟିରେ ରଖି ପୂର୍ବତନ ପୁଲିସ କମିସନର ଆର୍. ପି ଶର୍ମା ପିଙ୍କ୍ ଅଟୋ ବ୍ୟବସ୍ଥା ୨୦୧୫ରେ ଆରମ୍ଭ କରିଥିଲେ। ରାଜଧାନୀର ମାଷ୍ଟରକ୍ୟାଣ୍ଟିନ ଛକ, ବାଣୀବିହାର, କିଟ୍ ଛକ ଆଦି ଅନେକ ସ୍ଥାନରେ ଏହି ପିଙ୍କ୍ ଅଟୋ ବ୍ୟବସ୍ଥା କରାଯାଇଥିଲା। ମହିଳାମାନେ



ଏହି ପିଙ୍କ୍ ଅଟୋରେ ସୁରକ୍ଷିତ ଭାବେ ନିଜ ଗନ୍ତବ୍ୟ ସ୍ଥଳକୁ ଯାଇ ପାରୁଥିଲେ। ଏହି ଅଟୋ ଥିବା ଡ୍ରାଇଭରଙ୍କ ସମସ୍ତ ତଥ୍ୟ ପୁଲିସ ନିକଟରେ ରହୁଥିଲା। ପୁଲିସ ମଧ୍ୟ ପ୍ରତି ଡ୍ରାଇଭରଙ୍କ ଅପରାଧିକ ରେକର୍ଡ ଯାଞ୍ଚ କରି ଅଟୋ ଚଲାଇବାକୁ ଅନୁମତି ଦେଇଥିଲା।

### ● ଚୂଲିକୁ ଗଲାଣି ମହିଳା ଏସ୍‌ପିଓ

କର୍ମକ୍ଷେତ୍ରରେ ମହିଳାମାନେ ଯୌନ ନିର୍ଯାତନାର ଶିକାର ହେଉଛନ୍ତି। ବିଶେଷ କରି ଘରୋଇ ଏବଂ ଆଇଟି ଫାର୍ମରେ ମହିଳାମାନେ ଅଧିକ ଶିକାର ହେଉଛନ୍ତି। ତେଣୁ ଏହାକୁ ଦୃଷ୍ଟିରେ ରଖି ମହିଳା ଏସ୍‌ପିଓ ବ୍ୟବସ୍ଥା ୨୦୨୦ରେ କରାଯାଇଥିଲା। ହେଲେ ଏହି ଯୋଜନା ଏବେ ଚୂଲିକୁ ଗଲାଣି ବୋଲି ଚର୍ଚ୍ଚା ହେଉଛି।

### ● ମୋ ସାଥୀ ଆପ୍ ହଜିଗଲାଣି

ମହିଳାମାନଙ୍କ ସୁରକ୍ଷା ପାଇଁ ମୋ ସାଥୀ ଆପ୍ ବ୍ୟବସ୍ଥା କରାଯାଇଥିଲା। ଯଦି କୌଣସି ବ୍ୟକ୍ତି ମହିଳାଙ୍କ ହଇରାଣ

**● ଅଫିସର ବଦଳିଲେ ବଦଳୁଛି ଯୋଜନା**

**● ଜନତାଙ୍କ ସୁରକ୍ଷା ପଛ, ଭିଆଇପି ସୁରକ୍ଷା ଆଗ**

ଏବଂ ଅସଦାଚରଣ କରୁଛନ୍ତି ତୁରନ୍ତ ନିଜ ମୋବାଇଲ ବଟମ ଚିପିଲେ ପୁଲିସ ନିକଟକୁ ଖବର ଯିବ। ଏପରିକି ଲୋକେସନ ପୁଲିସ ନିକଟକୁ ପଳାଇଯିବ। ତୁରନ୍ତ ସୂଚନା ପାଇ ପୁଲିସ ଘଟଣା ସ୍ଥଳରେ ପହଞ୍ଚିବ। ହେଲେ ଏହି ଆପ୍ ଏବେ ଦେଖିବାକୁ ମିଳୁନି।

### ● 'କୁଣ୍ଡଳୀ' ଆପ୍‌ରେ ରହୁନି ତଥ୍ୟ

୨୦୨୧ ମସିହା ଜାନୁଆରୀରେ ତତ୍କାଳୀନ ଡିସିପି ଉମାଶଙ୍କର ଦାସ, ରାଜଧାନୀରେ ଅପରାଧୀଙ୍କ ଡାଟାବେସ ଏକାଠି କରି ରଖିବା ପାଇଁ ଆରମ୍ଭ କରିଥିଲେ "କୁଣ୍ଡଳୀ' ଆପ୍। ସମାନ ସମୟରେ ଆରମ୍ଭ ହୋଇଥିଲା "ସନ୍ଧାନ' ଆପ୍। ଯେଉଁଥିରେ ପ୍ରପର୍ଟି ଅଫେନ୍ସ ବା ଚୋରି ସାମଗ୍ରୀ ଓ ଅଭିଯୁକ୍ତ ସମ୍ପର୍କିତ ସମସ୍ତ ତଥ୍ୟ ରହୁଥିଲା। କିଛିଦିନ ବ୍ୟବଧାନରେ ଆରମ୍ଭ ହୋଇଥିଲା "ସରାଇ' ଆପ୍। ସହରର ବିଭିନ୍ନ ହୋଟେଲ, ଲଜରେ ରହୁଥିବା ଲୋକଙ୍କ ତଥ୍ୟ ଏହି ଆପ ରେ ରହୁଥିଲା। ଫଳରେ ଅପରାଧୀଙ୍କ ଗତିବିଧି ଓ ଆନ୍ତଃରାଜ୍ୟ ଲୁଟେରାଙ୍କ ସମ୍ପର୍କରେ ତଥ୍ୟ ପାଉଥିଲା ପୁଲିସ। ଠିକ ସେହିଭଳି ଭଡ଼ାଟିଆ ଚିହ୍ନଟ ପ୍ରକ୍ରିୟା, ପବ୍ଲିକ ଇଣ୍ଟରଫେସ୍ ଆଦି ଅନେକ ଲୋକାଭିମୁଖୀ ଯୋଜନା ପୂର୍ବରୁ ଆରମ୍ଭ କରାଯାଇଥିବା ବେଳେ ତାହା ଏବେ ଏସବୁ ନାଲି ଫିତା ତଳେ ବନ୍ଦ ହୋଇଯାଇଛି। ସହାୟତା ଆପ୍ ମଧ୍ୟ ବର୍ତ୍ତମାନ ଜରାଜୀର୍ଣ୍ଣ ଅବସ୍ଥାରେ। ପୁଲିସ ଅପରାଧ ନିୟନ୍ତ୍ରଣ ପାଇଁ ଯେଉଁ ସବୁ ଯୋଜନା କରିଥିଲା ତାହା ଏବେ ସବୁ ବନ୍ଦ। ତେଣୁ କମିଶନରେଟ୍ ପୁଲିସ କିଭଳି ଲୋକଙ୍କୁ ସୁରକ୍ଷା ଦେବ ତାହା ପ୍ରଶ୍ନ ହୋଇଛି।

### ● ଖୋଲୁଛି ଡିଲର୍ ଦିଲ୍ଲୀପ ଶାହର ନେଟ୍‌ୱର୍କ

## ମାଟି ତଳେ ଲୁଚାଉଥିଲେ ବନ୍ଧୁକ

ଭୁବନେଶ୍ୱର, ୬।୭(ସମିସ): ବନ୍ଧୁକ ଡିଲର୍ ଦିଲ୍ଲୀପ ଶାହ ଗିରଫ ହେବା ପରେ ତା' କଳା କାରନାମା ପଦାକୁ ଆସିବାରେ ଲାଗିଛି। ପଶ୍ଚିମରୁ ଦକ୍ଷିଣ ଓଡ଼ିଶା ପର୍ଯ୍ୟନ୍ତ ତା' ଚୋରା ବନ୍ଧୁକ କାରବାରର ନେଟ୍‌ୱର୍କ ଲମ୍ବିଥିବା ଏସ୍‌ଟିଏଫ୍ ଜାଣିବାକୁ ପାଇଛି। ବିହାର ମୁଙ୍ଗେର୍‌ରୁ ବନ୍ଧୁକ ଆଣିବା ପରେ ରାଜଧାନୀରେ ଏକ ଟିଣ ଡବାରେ ରଖି ମାଟି ତଳେ ପୋତି ଦେଉଥିଲେ। ଫଳରେ ପୁଲିସ୍ ସେମାନଙ୍କୁ ଧରିଲେ ମଧ୍ୟ ବନ୍ଧୁକ ଜବତ କରିପାରୁନାହିଁ ଏବଂ ପ୍ରମାଣ ଅଭାବରୁ ସେମାନଙ୍କୁ ଗିରଫ କରିବା ପୁଲିସ୍ ପକ୍ଷେ କାଠିକର ହେଉଛି। ଖାଲି ସେତିକି ନୁହେଁ, ସେମାନେ ବନ୍ଧୁକ ବିକ୍ରି ପାଇଁ ଏକ ଅଫର୍ ରଖୁଥିଲେ। ପୁରୁଣା ବନ୍ଧୁକ ବଦଳାଇ ନୂଆ ବନ୍ଧୁକ ଦେଉଥିଲେ।

### ଦିଲ୍ଲୀପ ଏବଂ ଅସଲମଙ୍କୁ ମୁହାଁମୁହିଁ ଜେରା କରିବ ଏସ୍‌ଟିଏଫ୍

ଏହିଭଳି ଦିଲ୍ଲୀପ ଏବଂ ଅସଲାମ ବନ୍ଧୁକ କାରବାର ଚଳାଇଥିଲେ। ଓଡ଼ିଶାରେ ଏମାନଙ୍କୁ ସହଯୋଗ କରୁଥିଲେ ଆଉ ୪ଜଣ। ସେମାନଙ୍କୁ ଧରିବା ପାଇଁ ଏସ୍‌ଟିଏଫ୍ ତନାଘନା ଚଳାଇଛି। ଅପରପକ୍ଷେ, ସୋମବାର ଦିଲ୍ଲୀପ ଏବଂ ଅସଲାମ୍‌କୁ ଏସ୍‌ଟିଏଫ୍ ରିମାଣ୍ଡରେ ଆଣିବା ପାଇଁ ଆବେଦନ କରିବ। ଉଭୟଙ୍କୁ ରିମାଣ୍ଡରେ ଆଣି ମୁହାଁମୁହିଁ ଜେରା କରିବ। ଉଭୟଙ୍କୁ ମୁହାଁମୁହିଁ ଜେରା କରାଗଲେ ଅନେକ ଗୋପନ କଥା ପଦାକୁ ଆସିବ ବୋଲି ଏସ୍‌ଟିଏଫ ଏସ୍‌ପି ରବି ଶତପଥୀ ସୂଚନା ଦେଇଛନ୍ତି। ଅସଲାମ୍ ଜେଲରେ ରହିଲେ ମଧ୍ୟ ଦିଲ୍ଲୀପ ମାଧ୍ୟମରେ ସେ ବନ୍ଧୁକ କାରବାର କରୁଥିଲା। ଓଡ଼ିଶାର ସମସ୍ତ ଅପରାଧୀଙ୍କ ହାତରେ ବନ୍ଧୁକ ଧରାଇବାକୁ ସେ ଯୋଜନା କରିଥିଲା। ଅସଲମ୍ ଓ ଦିଲ୍ଲୀପ ଓଡ଼ିଶାରେ ୩ହଜାରରୁ ଅଧିକ ବନ୍ଧୁକ ବିକ୍ରି କରିଥିବା ଏସ୍‌ଟିଏଫ ତଦନ୍ତରୁ ଜାଣିବାକୁ ପାଇଛି। ୧୩ ଜୁନ୍‌ରେ ୟୁପି ବନ୍ଧୁକ ମାଫିଆ ରାଜଧାନୀରେ ଡେରା ପକାଇଥିବା ବେଳେ ସେମାନଙ୍କଠାରୁ ୬ଟି ବନ୍ଧୁକ ଓ ୧୮ ରାଉଣ୍ଡ ଗୁଳି ଜବତ କରିଥିଲା ସ୍ପେସାଲ ସ୍କ୍ୱାଡ୍।

ସକାଳ THE SAKALA

# ସମ୍ପାଦକୀୟ



ଶିକ୍ଷାର ଲକ୍ଷ୍ୟ କେବଳ ତଥ୍ୟଭିତ୍ତିକ ଜ୍ଞାନ ଆହରଣ ନୁହେଁ, ଏହା ମୂଲ୍ୟବୋଧ ମଧ୍ୟ ଶିଖାଏ।
--ୱିଲିୟମ ଏସ୍ ବରୋସ

## ଅଦିନିଆ ମୂଲ୍ୟସ୍ଫୀତି

ଏବେ ରାଜ୍ୟରେ, ବିଶେଷକରି ସହରାଞ୍ଚଳରେ, ପନିପରିବା ଦରରେ ଆକସ୍ମିକ ବୃଦ୍ଧି ଘଟିଛି। ସାଧାରଣତଃ ବର୍ଷାଋତୁରେ ବାଡ଼ି ପନିପରିବା ସହିତ ଚାଷକ୍ଷେତରୁ ବିଭିନ୍ନ ପରିବା ଉତ୍ପାଦନ ଅଧିକ ହେଉଥିବାରୁ ଖାଉଟି ସୁଲଭ ମୂଲ୍ୟରେ ପରିବା ପାଇବା କଥା। କିନ୍ତୁ ଚଳିତବର୍ଷ ସେଥିରେ ବ୍ୟତିକ୍ରମ ଦେଖାଦେଇଛି। ବିଶେଷକରି ଗତ ଦୁଇ ସପ୍ତାହ ଧରି ପରିବା ଦର ଦ୍ୱିଗୁଣା ହୋଇଛି। ଏହାର ତତ୍କାଳ ପ୍ରଭାବ ଋତୁକାଳୀନ ଫଳ ଆମ୍ବ ଉପରେ ପଡ଼ିଛି। କିଲୋ ପିଛା ୨୦ରୁ ୩୦ ଟଙ୍କାରେ ମିଳୁଥିବା ବିଭିନ୍ନ କିସମର ଆମ୍ବର ଦର ଏବେ ପ୍ରାୟ ଚାରିଗୁଣା ବଢ଼ିଯାଇଛି। ବିକ୍ରେତାଙ୍କ କହିବା କଥା ଲଘୁଚାପ ବର୍ଷା ଯୋଗୁଁ ବାହାର ଅଞ୍ଚଳରୁ ପରିବା ଯୋଗାଣ ବ୍ୟାହତ ହୋଇଛି। ତେଣୁ ବଜାରରେ ଦାମ ଉଚ୍ଚା ରହିଛି। କିନ୍ତୁ ବର୍ଷା ଜନିତ ଗମନାଗମନ ବାଧାପ୍ରାପ୍ତ ହେବା ଭଳି ସ୍ଥିତି ଏ ପର୍ଯ୍ୟନ୍ତ ଓଡ଼ିଶାରେ ଉପୁଜିନାହିଁ। ତଥାପି ପରିବା ଦର ଉଚ୍ଚା ରହିବା ପଛରେ କିଛି ଭିନ୍ନ କାରଣ ରହିଛି।

କେତେକ ବଜାର ବିଶେଷଜ୍ଞଙ୍କ କହିବା ଅନୁଯାୟୀ ପରିବା ଦର ବୃଦ୍ଧିରେ ଲଗାଣ ବର୍ଷାର ଭୂମିକା ଯେତିକି ନାହିଁ, ତା'ଠାରୁ ଅଧିକ ରହିଛି ରଥଯାତ୍ରାରେ ବିଭିନ୍ନ ସଂସ୍ଥା ପକ୍ଷରୁ ଆରମ୍ଭ ହୋଇଥିବା ଦାତବ୍ୟ ଭୋଜନ ଓ ଅନ୍ନଛତ୍ର ବ୍ୟବସ୍ଥା। ସମ୍ପ୍ରତି ଗଣଉତ୍ସବଗୁଡ଼ିକରେ ଦାତବ୍ୟ ଭୋଜନ ବା ମାଗଣା ଅନ୍ନଛତ୍ର ଏକ ଧାରା ପାଲଟି ଯାଇଛି। ଧନାଢ୍ୟ ବ୍ୟକ୍ତିମାନେ ପୁଣ୍ୟ ଅର୍ଜନ ଲକ୍ଷ୍ୟରେ ଏଭଳି ପନ୍ଥା ଆପଣେଇଥିବା ବେଳେ ଦେଖାଦେଖି ଏଭଳି ଅନୁଷ୍ଠାନ ଓ କାର୍ଯ୍ୟକ୍ରମ ସଂଖ୍ୟା ବଢ଼ିଚାଲିଛି। ଚଳିତ ବର୍ଷ ରଥଯାତ୍ରାରେ ଦେଶର ବହୁ ବିଶିଷ୍ଟ ଶିଳ୍ପପତିଙ୍କ ଟ୍ରଷ୍ଟମାନ ବିଗତ ପ୍ରାୟ ୧୦ ଦିନ ଧରି ପୁରୀ ଶ୍ରୀକ୍ଷେତ୍ରରେ ଭକ୍ତଙ୍କୁ ମାଗଣା ଭୋଜନ ଦେଇଆସୁଛନ୍ତି। ପୁରୀ ଶ୍ରୀକ୍ଷେତ୍ରରେ ଦୈନିକ ପ୍ରାୟ ୧୦ ଲକ୍ଷ ଲୋକଙ୍କ ପାଇଁ ଏହି ଭୋଜନ ବ୍ୟବସ୍ଥା ହେଉଥିବା ବେଳେ ଆଖପାଖ ଅଞ୍ଚଳ ଓ ଅନ୍ୟାନ୍ୟ ସହରାଞ୍ଚଳଗୁଡ଼ିକରେ ମଧ୍ୟ ଏଭଳି ଦାତବ୍ୟ ଅନ୍ନଛତ୍ର ଖୋଲିଛି। ସ୍ୱେଚ୍ଛାସେବୀ ଅନୁଷ୍ଠାନ ଓ ଶିଳ୍ପ ସଂସ୍ଥାମାନେ କର୍ପୋରେଟ୍ ସାମାଜିକ ଉତ୍ତରଦାୟିତ୍ୱ ଅଧୀନରେ ଏଭଳି କାର୍ଯ୍ୟକ୍ରମ ହାତକୁ ନେଇଥିବା ବେଳେ ଆଉ କେତେକ ନିଜର ଧାର୍ମିକ ପରିଚୟ ଦେବା ଆଳରେ ଏଭଳି କାର୍ଯ୍ୟକ୍ରମ ମାଧ୍ୟମରେ ବିଜ୍ଞାପିତ କରୁଥିବା ଦେଖାଯାଉଛି। ଦୈନିକ ଏଭଳି ବିଶାଳ ଆୟୋଜନର ପ୍ରତ୍ୟକ୍ଷ ପ୍ରଭାବ ପରିବା ବଜାର ଉପରେ ପଡ଼ିଛି। ଅର୍ଥନୈତିକ ତତ୍ତ୍ୱ ଅନୁଯାୟୀ ଯୋଗାଣ ସୀମିତ ରହି ଚାହିଦା ବଢ଼ିବାରୁ ସ୍ୱାଭାବିକ ଭାବେ ନିତିଦିନିଆ ପରିବା ଦାମ ବଢ଼ିଛି।

ଭିନ୍ନ ଏକ ଦୃଷ୍ଟିକୋଣରୁ ଆଲୋଚନା କଲେ ଏଭଳି ଋତୁକାଳୀନ ବା ଆକସ୍ମିକ ମୂଲ୍ୟସ୍ଫୀତି ଭଳି ପରିସ୍ଥିତିକୁ ସମ୍ଭାଳିବା ପାଇଁ ଆମ ରାଜ୍ୟ ଏ ପର୍ଯ୍ୟନ୍ତ ସ୍ୱାବଲମ୍ବୀ ହୋଇପାରିନାହିଁ। ଏବେ ମଧ୍ୟ ଓଡ଼ିଶାବାସୀଙ୍କ ପନିପରିବା ଚାହିଦାର ୮୦ ଭାଗ ବାହାର ରାଜ୍ୟରୁ ଆମଦାନୀ ହେଉଛି। ସେହିସବୁ ରାଜ୍ୟରେ ବର୍ଷା, ମରୁଡ଼ି ଆଦି ପ୍ରାକୃତିକ ଦୁର୍ବିପାକ କିମ୍ବା ଅନ୍ୟ କୌଣସି କାରଣରୁ ଉତ୍ପାଦନ ଓ ପରିବହନରେ ବାଧା ଉପୁଜିଲେ ତାହାର ତତ୍କାଳ ପ୍ରଭାବ ଓଡ଼ିଶା ବଜାର ଉପରେ ପଡୁଛି। ଆଳୁ, ପିଆଜ, ଟମାଟୋ ଉପରେ ପୂର୍ବରୁ ଆମେ ପଡ଼ୋଶୀ ରାଜ୍ୟ ଉପରେ ନିର୍ଭର କରୁଥିବା ବେଳେ ଏବେ ଲଙ୍କା, ଲେମ୍ବୁ, ପୋଟଳ, ବିନ୍, ଝୁଡ଼ଙ୍ଗ, ବାଇଗଣ, କୋବି ପାଇଁ ମଧ୍ୟ ବାହାର ରାଜ୍ୟର ହାତକୁ ଚାହିଁ ବସିବାକୁ ପଡୁଛି।

ଆମେ ଯେଉଁସବୁ ରାଜ୍ୟରୁ ଆମଦାନୀ ଉପରେ ନିର୍ଭର କରୁଛୁ ସେହିସବୁ ରାଜ୍ୟ କେବଳ କୃଷିପ୍ରଧାନ ନୁହନ୍ତି। କିନ୍ତୁ ଶିଳ୍ପ ସହିତ କୃଷିକୁ ସମନ୍ୱିତ ଭାବେ ପରିଚାଳନା କରିପାରୁଥିବାରୁ ଏବଂ ଉତ୍ପାଦନ ଓ ବଜାର ଦର ମଧ୍ୟରେ ଉପଯୁକ୍ତ ସମନ୍ୱୟ ରକ୍ଷା କରିପାରୁଥିବାରୁ ସେହି ରାଜ୍ୟମାନେ କୃଷିଜାତ ଦ୍ରବ୍ୟରେ ବଳକା ରାଜ୍ୟ ଭାବେ ପରିଗଣିତ ହେଉଛନ୍ତି। ଏକଦା ଆମ ରାଜ୍ୟ ମଧ୍ୟ ଦେଶରେ ଦ୍ୱିତୀୟ ବୃହତ୍ ପନିପରିବା ଉତ୍ପାଦନକାରୀ ରାଜ୍ୟ ଭାବେ ପରିଗଣିତ ହେଉଥିଲା। କିନ୍ତୁ କୃଷି ପ୍ରତି ନିରନ୍ତର ଅବହେଳା, ସରକାରୀ ପ୍ରୋତ୍ସାହନ ଓ କୃଷି ଅଧିକାରୀଙ୍କ ଆନ୍ତରିକତାର ଅଭାବ ଯୋଗୁଁ ଆଜି ଆମେ ପରହାତକୁ ଚାହିଁ ବସିବାକୁ ପଡୁଛି।

ଓଡ଼ିଶାରେ ପନିପରିବା ଉତ୍ପାଦନ କମିବା ପଛର ଆଉ ଏକ କାରଣ ହେଲା ଚାଷ ପ୍ରତି ବଢ଼ିଚାଲିଥିବା ବୀତସ୍ପୃହ ମନୋଭାବ। ବିଲମୁଣ୍ଡର ଦର ଓ ବଜାର ଦର ମଧ୍ୟରେ ଆକାଶପାତାଳ ତାରତମ୍ୟ ଚାଷୀକୁ ପରିବା ଚାଷ ପ୍ରତି ବିମୁଖ କରୁଛି। ଉଦାହରଣ ସ୍ୱରୂପ ଭେଣ୍ଡିଚାଷ କରୁଥିବା କୃଷକଟିଏ ଯେତେବେଳେ ପୋଟଳ କିମ୍ବା ଜହ୍ନି କିଣିବା ପାଇଁ ବଜାରକୁ ଯାଉଛି ସେତେବେଳେ ସେ ବିଲମୁଣ୍ଡରେ କେଜି ପିଛା ୫ଟଙ୍କାରେ ବିକ୍ରି କରିଥିବା ତା'ର ଉତ୍ପାଦକୁ ବଜାରରେ ୬୦ ଟଙ୍କାରେ ବିକ୍ରି ହେଉଥିବା ଦେଖୁଛି। ଖାଉଟି ବଜାର ଓ ବିଲ ହୁଡ଼ା ମଧ୍ୟରେ ରହିଯାଉଥିବା ଦାମର ଏହି ତାରତମ୍ୟର ସର୍ବାଧିକ ହିତାଧିକାର ହେଉଛନ୍ତି ଦଲାଲ୍। ଏ ବିଷୟରେ ସରକାର ଜାଣି ମଧ୍ୟ ଉଦାସୀନତା ରହିବାର ପ୍ରଭାବ ଚାଷୀକୁ ପରିବା ଚାଷ ପ୍ରତି ବିମୁଖ କରୁଛି ଏବଂ ବଜାରରେ ପନିପରିବା ଦରଦାମରେ ପ୍ରତିଫଳିତ ହେଉଛି।

ଓଡ଼ିଶାରେ ପରିବା ଚାଷୀର ସବୁଠାରୁ ବଡ଼ ଆହ୍ୱାନ ହେଉଛି ସଂରକ୍ଷଣ। ପ୍ରତିବର୍ଷ ବଜେଟ୍‌ରେ ବ୍ୟୟବରାଦ ହେଉଥିଲେ ମଧ୍ୟ ତୃଣମୂଳସ୍ତରରେ ଶୀତଳଭଣ୍ଡାର ନିର୍ମାଣ ଆବଶ୍ୟକ ମୁତାବକ ହୋଇପାରୁନାହିଁ। ତେଣୁ ବାଧ୍ୟ ହୋଇ ଚାଷୀ କମ୍ ମୂଲ୍ୟରେ ଉତ୍ପାଦ ବିକି ପ୍ରଭୂତ କ୍ଷତି ସହୁଛି କିମ୍ବା ବିଲରେ ଗୋରୁଙ୍କ ପାଇଁ ଛାଡ଼ି ଦେଉଛି। ଏଭଳି ପରିସ୍ଥିତିରେ ରାଜ୍ୟ ପନିପରିବା ଉତ୍ପାଦନରେ ସ୍ୱାବଲମ୍ବୀ ହେବ କେମିତି? ଆମ ରାଜ୍ୟର ବିଡ଼ମ୍ବନା ହେଲା ଶିଳ୍ପାୟନ ନାଁରେ ଯେଉଁ ସବୁ ଜମିର କିସମ ପରିବର୍ତ୍ତନ ହେଉଛି ସେଠାରେ ଶିଳ୍ପ ତ ଆଶାନୁରୂପ ପ୍ରତିଷ୍ଠା ହୋଇପାରୁନାହିଁ, ଅଧିକନ୍ତୁ ଚାଷ ଜମି ସଂକୁଚିତ ହୋଇଚାଲିଛି। ଏ ଦିଗରେ ନୀତି ନିର୍ଦ୍ଧାରକମାନେ ଯତ୍ନଶୀଳ ହେବା ଆବଶ୍ୟକ। ଏହାବାଦ୍ ବର୍ତ୍ତମାନର କୃଷି ବିଭାଗ ଅଧିକାରୀମାନେ କ୍ଷେତ୍ର ପରିଦର୍ଶନ କରିବା ବଦଳରେ ବାତାନୁକୂଳିତ କୋଠରିରେ ବସି ନିଷ୍ପତ୍ତି ନେଉଥିବାରୁ ଚାଷ ଓ ଚାଷୀର ବାସ୍ତବ ସମସ୍ୟା ସମାଧାନ ହୋଇପାରୁନାହିଁ। ଏ ଦିଗରେ ମଧ୍ୟ ସରକାର ଦୃଷ୍ଟି ଦେବା ବିଧେୟ। ●

## ଅସ୍ତ୍ରବିରତି ଅନ୍ତରାଳେ...

ଗୌରୀପ୍ରସାଦ ମହାପାତ୍ର

ଆମେରିକା ମଧ୍ୟସ୍ଥତାରେ ଇସ୍ରାଏଲ୍-ଇରାନ୍ ଯୁଦ୍ଧବିରତି ଘୋଷଣା ହେବା ପରେ ପ୍ରଶ୍ନ ଉଠିଛି - ଏହି ୧୨ଦିନିଆ ଯୁଦ୍ଧରେ କାହାକୁ କ'ଣ ମିଳିଲା? ଏହାର ଉତ୍ତର ଖୋଜିବା ବେଳେ କାଚମିସ୍ତ୍ରୀ ଭୂମିକାରେ ଅବତୀର୍ଣ୍ଣ ଖ୍ୟାତନାମା ବ୍ୟଙ୍ଗ କଳାକାର ଚାର୍ଲି ଚାପ୍ଲିନ୍‌ଙ୍କ ସେହି କ୍ଷୁଦ୍ର ଚଳଚ୍ଚିତ୍ରଟିକୁ ଥରେ ମନେ ପକାନ୍ତୁ, ଯେଉଁଥିରେ କିଛି ମୁଦ୍ରା ବିନିମୟରେ ଚାର୍ଲିଙ୍କ ଦ୍ୱାରା ପ୍ରଲୋଭିତ ଜଣେ ଚପଳମତି ଶିଶୁ ଲୁଚିଛପି କୌଣସି ଏକ ଘରର ଝରକାକୁ ଟେକା ମାରି ଭାଙ୍ଗିଦିଏ। କିଛିସମୟ ପରେ ଚାର୍ଲି ଝରକାକାଚର ପସରା ପିଠିରେ ଝୁଲାଇ ସେହି ବାଟ ଦେଇ କିଛି ନ ଜାଣିବା ପରି ଯା'ନ୍ତି। ଅଗତ୍ୟା ସେହି ଘର ମାଲିକ ଦୁଆର ପାଖରେ କାଚମିସ୍ତ୍ରୀଟିଏ ମିଳିଯାଇଥିବାରୁ ଆଶ୍ୱସ୍ତି ହୋଇ ମରାମତି କରିବାକୁ ଚାର୍ଲିଙ୍କୁ ପଚାରନ୍ତି ଏବଂ ଚାର୍ଲି ବିନା ଦ୍ୱିଧାରେ ତାଙ୍କ ପ୍ରଚ୍ଛଦ ପ୍ରାୟୋଜିତ କାମଟି ସାରି ପାଉଣା ନେଇଆସନ୍ତି। ଇରାନ୍-ଇସ୍ରାଏଲ୍ ଯୁଦ୍ଧ ପୃଷ୍ଠଭୂମିକୁ ଅନୁଶୀଳନ କଲେ ଚାର୍ଲି ଭୂମିକାରେ ଟ୍ରମ୍ପ ଏବଂ ସେହି ଚପଳମତି ଶିଶୁ ଭୂମିକାରେ ଇସ୍ରାଏଲ୍‌ର ଜୀବନ୍ତ ଅଭିନୟ ସ୍ପଷ୍ଟ ହେବ ଏବଂ ଉପରୋକ୍ତ ପ୍ରଶ୍ନର ଉତ୍ତର ମିଳିଯିବ।

ଇରାନ୍‌ର ଆଣବିକ କାର୍ଯ୍ୟକ୍ରମ ଆଜିର ନୁହେଁ କିମ୍ବା ଲୁଚାଛପାରେ ଆଣବିକ ଅସ୍ତ୍ର ପରୀକ୍ଷଣ କରୁଥିବା ଏକମାତ୍ର ରାଷ୍ଟ୍ର ନୁହେଁ। କିନ୍ତୁ ହଠାତ୍ ଆନ୍ତର୍ଜାତିକ ଆଣବିକ ସଂସ୍ଥାର ପରିଚାଳନା ବୈଠକ ଆହୂତ ହୋଇ ଇରାନ୍ ବିରୋଧରେ କଟକଣା ସଂକଳ୍ପ ପାରିତ ହେବା, ତତ୍କାଳ ଇସ୍ରାଏଲ୍ ଆଗତକୁହା ଭାବେ ଇରାନ୍ ଉପରେ ଆକ୍ରମଣ କରିବା, ଇସ୍ରାଏଲ୍‌ର ସହାୟତା ପାଇଁ ଆମେରିକା ପ୍ରତ୍ୟକ୍ଷ ଯୁଦ୍ଧକୁ ଓହ୍ଲାଇବା, ପୁଣି ଯୁଦ୍ଧବିରତି ପାଇଁ ଉଭୟ ରାଷ୍ଟ୍ରକୁ ରାଜି କରାଇବା ଏବଂ ଆଶ୍ଚର୍ଯ୍ୟଜନକ ଭାବେ ଇରାନ୍ ଉପରେ ଆକ୍ରମଣ ପାଇଁ ଇସ୍ରାଏଲ୍ ଉପରେ ଆମେରିକା ଅସନ୍ତୋଷ ପ୍ରକାଶ କରିବା ଆଦି ଘଟଣାକ୍ରମ ଆଦୌ କାକତାଳିକ ହୋଇ ନ ପାରେ। ତେଣୁ ସେହି ୧୨ଦିନିଆ ଯୁଦ୍ଧର ପ୍ରାୟୋଜକ, ନିର୍ଦ୍ଦେଶକ, ଚିତ୍ରନାଟ୍ୟ ଲେଖକ କିଏ ତାହା ପରଦାରେ ଉଲ୍ଲେଖ ନଥିଲେ ମଧ୍ୟ ଦର୍ଶକମାନେ ବୁଝିବାରେ ଦ୍ୱିଧାଗ୍ରସ୍ତ ହୋଇନାହାନ୍ତି।

ବସ୍ତୁତଃ ଦ୍ୱିତୀୟ ବିଶ୍ୱଯୁଦ୍ଧ ପରବର୍ତ୍ତୀ ସମୟରେ ଭିଏତ୍‌ନାମରୁ ଆରମ୍ଭ କରି ଇରାକ୍ ଓ ଆଫଗାନିସ୍ତାନ ବିରୋଧରେ ପ୍ରତ୍ୟକ୍ଷ ଯୁଦ୍ଧ ହେଉ କିମ୍ବା ଦକ୍ଷିଣକୋରିଆ-ଉତ୍ତରକୋରିଆ, ଚୀନ୍-ଜାପାନ, ଇରାନ୍-ଇରାକ୍, ଇରାକ୍-କୁଏତ, ଚୀନ୍-ତାଇୱାନ୍, ଇସ୍ରାଏଲ୍-ପାଲେଷ୍ଟାଇନ୍ ଓ ସମ୍ପ୍ରତି ଇସ୍ରାଏଲ୍-ଇରାନ୍ ବିବାଦ ଓ ଉତ୍ତେଜନାର ପୃଷ୍ଠଭୂମିରେ ଆମେରିକାର ଭୂମିକାକୁ ତର୍ଜମା କଲେ ସେହି ସମରବିଳାସୀ ରାଷ୍ଟ୍ରର ଚାର୍ଲି ଅଭିନୀତ ଉପରୋକ୍ତ କାଚମିସ୍ତ୍ରୀ ସୁଲଭ ଚରିତ୍ରଟି ସାମ୍ନାକୁ ଆସିବ ଏବଂ ପାଉଣା ସ୍ୱରୂପ ଆମେରିକାର ସର୍ବାଧିକ ଚାରିଜଣ ରାଷ୍ଟ୍ରମୁଖ୍ୟ ନୋବେଲ୍ ଶାନ୍ତି ପୁରସ୍କାରରେ ସମ୍ମାନିତ ହୋଇଥିବା ମଧ୍ୟ ମନେ ପଡ଼ିବ। ଆମେରିକାର ଚାର୍ଲି ଅଭିନୀତ ଚଳଚ୍ଚିତ୍ରରେ ଇସ୍ରାଏଲ୍-ଇରାନ୍ ଯୁଦ୍ଧ ଆଉ ଏକ ଦୃଶ୍ୟପଟ ମାତ୍ର। ଏବେ ଇସ୍ରାଏଲ୍ ଯେଉଁ ଚପଳମତି ଶିଶୁ ସୁଲଭ ଭୂମିକାରେ ଅବତୀର୍ଣ୍ଣ ହୋଇଛି ସେହି ଭୂମିକାରେ ପୂର୍ବରୁ ଇରାକ୍ ବିରୋଧରେ କୁଏତ୍ ଏବଂ ଭାରତ ବିରୋଧରେ ପାକିସ୍ତାନ, ରୁଷ୍ ବିରୋଧରେ ୟୁକ୍ରେନ୍ ଅଭିନୟ କରିସାରିଛନ୍ତି। ସେହି ଧାରାବାହିକରେ ଡୋନାଲ୍ଡ ଟ୍ରମ୍ପ ନାମରେ ଏବେ ଜଣେ ନୂଆ କଳାକାରଙ୍କର କେବଳ ଯାହା ଆବିର୍ଭାବ ଘଟିଛି।

ଲକ୍ଷ୍ୟ କରିବାର କଥା ଶୀତଳଯୁଦ୍ଧ ପରବର୍ତ୍ତୀ ସମୟରୁ ଆମେରିକାର ପ୍ରତ୍ୟକ୍ଷ ଓ ପରୋକ୍ଷ ନେତୃତ୍ୱରେ ବିଶ୍ୱରେ ଯେତେସବୁ ଯୁଦ୍ଧ ସଂଗଠିତ ହୋଇଛି ତାହାର ମୁଖ୍ୟ କ୍ଷେତ୍ର ବା ମଞ୍ଚ ରହିଛି ପଶ୍ଚିମ-ଏସିଆ। ପଶ୍ଚିମ-ଏସିଆ ଓ ଉପସାଗରୀୟ ଅଞ୍ଚଳର ପ୍ରଚୁର ତୈଳ ଓ ପ୍ରାକୃତିକ ବାଷ୍ପର ଉତ୍ସ ଉପରେ ଆଧିପତ୍ୟ ବିସ୍ତାର କରିବା ଆମେରିକାର ଅନ୍ୟତମ ଆଭିମୁଖ୍ୟ ହୋଇପାରେ; କିନ୍ତୁ ତାହା ହିଁ ଏକମାତ୍ର ଓ ମୂଳଲକ୍ଷ୍ୟ ନୁହେଁ। ଏହାପଛରେ ଲୁକ୍କାୟିତ କିଛି ସାଂଘାତିକ ତଥ୍ୟ ସାମ୍ନାକୁ ଆସିଛି, ଯାହା ଆମେରିକାର ସେହି ଚାର୍ଲି ଅଭିନୀତ କାଚମିସ୍ତ୍ରୀ ଚରିତ୍ରକୁ ଅଧିକ ଜୀବନ୍ତ କରିଛି।

କଂଗ୍ରେସନାଲ୍ ରିସର୍ଚ୍ଚ ସର୍ଭିସ୍(ସିଆରଏସ୍) ନାମକ ଏକ ସଂସ୍ଥାର ରିପୋର୍ଟ ଅନୁଯାୟୀ ଶୀତଳ ଯୁଦ୍ଧ ସମୟରେ ଆମେରିକାର ପ୍ରତିରକ୍ଷା ବିଭାଗ ଗୁପ୍ତରେ ୫୧ଟି ଦେଶର ୧୨୮ଟି ସ୍ଥାନରେ ସାମରିକ କେନ୍ଦ୍ରମାନ ସ୍ଥାପନା କରିଛି, ଯେଉଁଥିରୁ ସର୍ବାଧିକ ରହିଛି ମଧ୍ୟପ୍ରାଚ୍ୟ ଓ ପଶ୍ଚିମ ଏସିଆରେ। ସେଥିମଧ୍ୟରୁ ଏବେ କେତେକ କେବଳ ରକ୍ଷଣାବେକ୍ଷଣରେ ସୀମିତ ରହିଥିବା ବେଳେ ଆଉ କେତେକ ସକ୍ରିୟ ରହିଛି। ୟୁଏସ୍ ସେଣ୍ଟ୍ରାଲ୍ କମାଣ୍ଡ ଦ୍ୱାରା ପରିଚାଳିତ ସେହିସବୁ ଆମେରିକୀୟ ସାମରିକ ଘାଟିର ରକ୍ଷଣାବେକ୍ଷଣ ବାବଦରେ ସମ୍ପୃକ୍ତ ରାଷ୍ଟ୍ର ଆମେରିକାଠାରୁ ମୋଟା ଅଙ୍କର ଆର୍ଥିକ ସହାୟତା ମଧ୍ୟ ପାଉଛନ୍ତି। କାଜାକସ୍ତାନରୁ ଇଜିପ୍ଟ ମଧ୍ୟରେ ୧୧ଟି ସେହିପରି ଆମେରିକୀୟ ସାମରିକ ଘାଟି ପ୍ରତ୍ୟକ୍ଷ ଓ ସକ୍ରିୟ ଭାବେ କୃତ୍ରିମ ବୁଦ୍ଧିମତ୍ତା ଜ୍ଞାନକୌଶଳରେ ପରିଚାଳିତ ହେଉଛି। ସବୁଠାରୁ ବଡ଼ ଘାଟି ରହିଛି କାତାରାରେ। ତେଣୁ ଇରାନ୍‌ର କାତାର ଆକ୍ରମଣ ପରେ ଆମେରିକା ବାଧ୍ୟ ହୋଇ ଇସ୍ରାଏଲ୍-ଇରାନ୍ ଯୁଦ୍ଧବିରତିରେ ମଧ୍ୟସ୍ଥତା କରିବାକୁ ବିବଶ ହୋଇପଡ଼ିଲା ଏବଂ ଇରାନ୍ ରାଷ୍ଟ୍ର ମୁଖ୍ୟ ଆୟାତୋଲ୍ଲା ଖେମିନି ଯୁଦ୍ଧର ବିଜୟୋତ୍ସବ ପାଳିଲେ।

ସିଆରଏସ୍‌ର ରିପୋର୍ଟ ଅନୁଯାୟୀ କାତାର ସ୍ଥିତ ଆଣବିକ ପରୀକ୍ଷଣ କେନ୍ଦ୍ରରେ ଆମେରିକା ପ୍ରାୟ ୧୦ ହଜାର ଆମେରିକୀୟ ସୈନିକ ଓ ଅଧିକାରୀଙ୍କୁ ମୁତୟନ କରିଛି ଏବଂ ରକ୍ଷଣାବେକ୍ଷଣ ବାବଦରେ କାତାରକୁ ୨୦୦୩ ମସିହାରୁ ବାର୍ଷିକ ୮୦୦ କୋଟି ଡଲାର ଲେଖାଏଁ ଆର୍ଥିକ ସହାୟତା ଦେଇ ଆସୁଛି। ସେହିପରି ଲୋହିତ ସାଗର, ଆରବ ସାଗର, ଭାରତ ମହାସାଗରର କେତେକ ଅଂଶ, ମଧ୍ୟପ୍ରାଚ୍ୟ-ପାରସ୍ୟ ଉପରେ ଦୃଷ୍ଟି ରଖିବା ପାଇଁ ଆମେରିକା ୧୯୪୮ ମସିହାରୁ ବାହାରିନ୍‌ରେ ସାମରିକ ଘାଟି ପ୍ରତିଷ୍ଠା କରି ୯ ହଜାରରୁ ଊର୍ଦ୍ଧ୍ୱ ଆମେରିକୀୟ ସୈନିକ ଓ ସେନାଧିକାରୀଙ୍କୁ ସେଠାରେ ନିଯୁକ୍ତ କରିଛି। ଏହାଛଡ଼ା ଏବେ କୁଏତ୍, ସଂଯୁକ୍ତ ଆରବ ଏମିରଟସ, ଇରାକ୍, ସାଉଦୀ ଆରବ, ଇଜିପ୍ଟ, ସିରିଆ, ଜୋର୍ଡାନ୍, ଇସ୍ରାଏଲ୍, ୟେମେନ୍ ଆଦି ରାଷ୍ଟ୍ରରେ ଆମେରିକାର ଗୁପ୍ତ ସାମରିକ ଘାଟିମାନ ସକ୍ରିୟ ଅଛି। ତେଣୁ ଇରାନ୍ ପରମାଣୁ ଅସ୍ତ୍ରସମ୍ପନ୍ନ ହୋଇଗଲେ ପଶ୍ଚିମ ଏସିଆରେ କାର୍ଯ୍ୟକ୍ଷମ ଆମେରିକୀୟ ପରମାଣୁ କାର୍ଯ୍ୟକ୍ରମ ପ୍ରତି ଅଧିକ ବିପଦ ରହିଥିବା ଆମେରିକା ଆଶଙ୍କା କରୁଛି। ବୋଧହୁଏ ଏହି କାରଣରୁ ୩୫ ସଦସ୍ୟ ବିଶିଷ୍ଟ ଆନ୍ତର୍ଜାତିକ ଆଣବିକ ସଂସ୍ଥାର ପରିଚାଳନା ମଣ୍ଡଳିର ସଦ୍ୟତମ ଅନୁଷ୍ଠିତ ବୈଠକରେ ଇରାନ୍ ବିରୋଧରେ ଆସିଥିବା କଟକଣା ସଂକଳ୍ପକୁ ରୁଷିଆ, ଚୀନ୍ ଓ ବୁର୍କିନା ଫାସୋକୁ ବାଦ୍ ଦେଇ ବାକି ସମସ୍ତେ ସମର୍ଥନ କରିଥିଲେ। ଇସ୍‌ଲାମିକ୍ ବହୁଳ ଅଞ୍ଚଳରେ ଇରାନ୍‌କୁ ସମର୍ଥନ ନ ମିଳିବା ମଧ୍ୟପ୍ରାଚ୍ୟରେ ଯେଉଁ ନୂଆ ଭୂରାଜନୈତିକ ସମୀକରଣର ସଂକେତ ଦିଗକୁ ଅଙ୍ଗୁଳି ନିର୍ଦ୍ଦେଶ କରୁଛି ତା'ପଛରେ ଯେ ଆମେରିକାର ଆଣବିକ କାର୍ଯ୍ୟକ୍ରମର ସୁରକ୍ଷା ଲକ୍ଷ୍ୟ ରହିଛି ତାହା ସିଆରଏସ୍‌ର ରିପୋର୍ଟରୁ କେତେକାଂଶରେ ପ୍ରମାଣିତ ହେଉଛି।

ନିକଟରେ ଚୀନ୍ ସାଟେଲାଇଟ୍ 'ମିଜାଜ୍ ଭିଜନ୍'ର ଫଟୋଚିତ୍ରକୁ ଉଦ୍ଧାର କରି ଆଉ ଏକ ଚମକ୍‌ପ୍ରଦ ରିପୋର୍ଟ ପ୍ରକାଶ ପାଇଛି, ଯେଉଁଥିରେ ଆମେରିକାର କାଚମିସ୍ତ୍ରୀ ଧାରାବାହିକରେ ପାକିସ୍ତାନର ଚପଳମତି ଶିଶୁ ଚରିତ୍ର ଆହୁରି ସ୍ପଷ୍ଟ ହେବା ସହିତ ଭାରତ-ପାକିସ୍ତାନ ସଦ୍ୟତମ ଅସ୍ତ୍ରବିରତି ଅନ୍ତରାଳର କିଛି ସାଂଘାତିକ ତଥ୍ୟ ପ୍ରଘଟ ହୋଇଛି। ଉକ୍ତ ତଥ୍ୟ ଆଧାରରେ ସାମାଜିକ ଗଣମାଧ୍ୟମରେ ପ୍ରକାଶ ପାଇଥିବା ଆଲେଖ୍ୟର ନିଷ୍କର୍ଷକୁ ଯଦି ବିଶ୍ୱାସକୁ ନିଆଯାଏ ତେବେ 'ଅପରେସନ୍ ସିନ୍ଦୂର'ରେ ଭାରତର ବ୍ରହ୍ମୋସ୍ କ୍ଷେପଣାସ୍ତ୍ରଗୁଡ଼ିକ ପାକିସ୍ତାନର ନୁରଖାନ୍, ମୁସାଫ୍ ଏୟାରବେସ୍ ଓ କିରାନା ହିଲ୍ସ୍‌କୁ କ୍ଷତବିକ୍ଷତ କରିବା ପରେ ଯୁଦ୍ଧବିରତି ପାଇଁ ଡୋନାଲ୍ଡ ଟ୍ରମ୍ପ ଅତିଶୟ ଆଗ୍ରହ ପ୍ରକାଶ କରିଥିଲେ। ବାସ୍ତବରେ ସେହି ଆଣବିକ ଘାଟିଗୁଡ଼ିକରେ ଆମେରିକା ପ୍ରାୟୋଜିତ କାର୍ଯ୍ୟକ୍ରମ ଜାରି ରହିଛି। ତେଣୁ ସେଠାରେ ତେଜସ୍କ୍ରିୟ ରଶ୍ମି ବିକିରଣର ସୂଚନା ମିଳିବା ପରେ ଆମେରିକାର ଆଣବିକ ବିଶେଷଜ୍ଞ ଦଳ ତତ୍କାଳ ସ୍ଥିତି ପରୀକ୍ଷା କରିବାକୁ ପହଞ୍ଚିଥିଲେ ଏବଂ ଇଜିପ୍ଟରୁ ବେରିୟମ ବୋଝେଇ ଟ୍ରକମାନ ପାକିସ୍ତାନକୁ ଆସୁଥିବାର ଦେଖାଯାଇଥିଲା। ତତ୍କାଳୀନ ସୋଭିଏତ୍ ରୁଷର ସାମରିକ ଘାଟିଗୁଡ଼ିକୁ ଲକ୍ଷ୍ୟଭେଦ କରିବା ପାଇଁ ପାକିସ୍ତାନରେ ଆମେରିକା ପ୍ରାୟୋଜିତ ଆଣବିକ କାର୍ଯ୍ୟକ୍ରମ ଏକ ଦୀର୍ଘମିଆଦୀ ଯୋଜନା। ଏହିକାରଣରୁ ପାକିସ୍ତାନ ଆମେରିକାର ଗେହ୍ଲା ପୁଅ ହୋଇ ଏଫ୍-୧୬ ଯୁଦ୍ଧବିମାନ ହାସଲ କରିଛି ଏବଂ ଆତଙ୍କବାଦୀ ରପ୍ତାନିକାରୀ ରାଷ୍ଟ୍ର ଭାବେ କୁଖ୍ୟାତି ଅର୍ଜନ କରିଥିଲେ ମଧ୍ୟ ଆତଙ୍କବାଦୀ ଦମନ ନାମରେ ଆମେରିକା ସମେତ ଆଇଏମ୍‌ଏଫ୍ ଓ ବିଶ୍ୱବ୍ୟାଙ୍କରୁ ଅକୁଣ୍ଠ ଆର୍ଥିକ ସହାୟତା ହାତେଇ ଆସୁଛି।

ପୁଣି ଥରେ ଚାର୍ଲିଙ୍କ ଉପରୋକ୍ତ ଚଳଚ୍ଚିତ୍ରର କାହାଣୀକୁ ଫେରିବା। ଦିନେ ଶିଶୁଟି ଚାର୍ଲିଙ୍କ ଆୟରେ ତା'ର ଭୂମିକା ବୁଝିପାରି ଅଧିକ ପାଉଣା ଦାବି କରେ ଏବଂ ଚାର୍ଲିଙ୍କଠାରୁ ନାସ୍ତିବାଣୀ ଶୁଣି ପୁଲିସ୍ ଆଗରେ ଫେରାଦ ହୁଏ। ଏହାପରେ ଚାର୍ଲିଙ୍କ ସ୍ଥିତି କ'ଣ ହୋଇଥିବ ତାହା ଉଲ୍ଲେଖ ଅନାବଶ୍ୟକ। ଏଠାରେ କିନ୍ତୁ ବିଡ଼ମ୍ବନା ହେଲା ଚାର୍ଲି ଭୂମିକାରେ ଅଭିନୟ କରୁଥିବା ଆମେରିକା ହିଁ ବିଶ୍ୱରେ ପୁଲିସ୍ ଓ ଅଦାଲତ ଭୂମିକାରେ ଅବତୀର୍ଣ୍ଣ ହୋଇଛି। ତେଣୁ ଆଗକୁ ମଧ୍ୟ ଏଭଳି ଅନେକ ଭଦ୍ରଲୋକଙ୍କ ଘରର କାଚଝରକା ଭାଙ୍ଗିବାର ଧାରା ଜାରି ରହିଥିବ ଏବଂ ଆମେରିକା ସେଗୁଡ଼ିକୁ ମରାମତି କରିବାର ଶ୍ରେୟ ସହିତ ପାଉଣା ଅସୁଲ କରିଚାଲିଥିବ।

ଭୁବନେଶ୍ୱର, ମୋ: ୯୩୩୮୦୮୭୯୦୦

## ଲୋକସଂସ୍କୃତିର ବାର୍ତ୍ତାବହ

ଡ ଚନ୍ଦ୍ରକଳା ନାୟକ

ସଂସ୍କୃତି ଏକ ପ୍ରବହମାନ ଧାରା। ସଂସ୍କୃତି ହିଁ ବ୍ୟକ୍ତି ମନରେ ଆତ୍ମବିଶ୍ୱାସ ସୃଷ୍ଟି କରିଥାଏ। ଏହା ତ୍ୟାଗ ଓ ସଂଯମର ବିଭୂତି। ଲୋକସଂସ୍କୃତିର ପରିସର ଅତ୍ୟନ୍ତ ବ୍ୟାପକ। ଏହାରି ଭିତରେ ରହିଛି ଲୋକନୃତ୍ୟ, ଲୋକନାଟକ, ଲୋକକଳା, ଲୋକଗୀତ, ଲୋକକଥା, ଲୋକସାହିତ୍ୟ ପରି ଅନେକ ବିଭାଗ। ତନ୍ମଧ୍ୟରୁ 'ଦାସକାଠି' ଅନ୍ୟତମ।

ଦାସକାଠିରେ କଳାକାର ମାତ୍ର ଦୁଇଜଣ। ଜଣେ ପାଳିଆ ଓ ଅନ୍ୟଜଣେ ଗାହାଣ। ଶ୍ରୋତା ଓ ଦର୍ଶକଙ୍କ ମନୋରଞ୍ଜନ ପାଇଁ ବିଭିନ୍ନ ସାଂକେତିକ ଚରିତ୍ରଗତ ଭୂମିକାରେ ସାମୟିକ ଭାବେ ଏହି ଦୁଇ ଜଣ ଅବତୀର୍ଣ୍ଣ ହୁଅନ୍ତି। ଏମାନଙ୍କ ବାଦ୍ୟ ଉପକରଣ ମଧ୍ୟ ନିଜର ସ୍ୱତନ୍ତ୍ରତା ପ୍ରତିପାଦନ କରେ। ଗାୟକ ସାଧାରଣତଃ ସଭ୍ୟ, ଶିକ୍ଷିତ ଓ ସାହିତ୍ୟ ବିଶାରଦ ହୋଇଥା'ନ୍ତି। ବିଶେଷତଃ ଏଥିରେ ଧାର୍ମିକ ଆବେଦନ ରହିଥିବାରୁ ସମାଜର ସମସ୍ତ ବର୍ଗର ବ୍ୟକ୍ତି ଏହାକୁ ଉତ୍ସାହର ସହ ଆୟୋଜନ କରିଥା'ନ୍ତି। ଲୋକନୃତ୍ୟ ପରମ୍ପରାରେ ଏକମାତ୍ର ଦାସକାଠି ନୃତ୍ୟ ବିଦଗ୍ଧ ଶିକ୍ଷିତ ଓ ଅଶିକ୍ଷିତ ବର୍ଗଙ୍କୁ ବହୁ ଭାବରେ ପ୍ରଭାବିତ କରିଥାଏ।

ଦାସକାଠି ଲୋକଚିତ୍ତରେ ପୌରାଣିକ ଭାବଧାରା ପ୍ରତିଷ୍ଠା କରିବା ସଙ୍ଗେ ସଙ୍ଗେ ଓଡ଼ିଆ ସାହିତ୍ୟର ଛାନ୍ଦ, ଚୌତିଶା ଆଦି ପାଇଁ ଆଗ୍ରହ ସୃଷ୍ଟି କରାଇ ଥାଏ। ଏହାର ପରିବେଷଣ କୌଶଳ ଏବଂ ଶୈଳୀ ମନୋମୁଗ୍ଧକର, ସରସ, ସୁନ୍ଦର ଓ ଲାଳିତ୍ୟପୂର୍ଣ୍ଣ। ଦାସକାଠିରେ ପାଳିଆ ଭୂମିକା ତାତ୍ପର୍ଯ୍ୟପୂର୍ଣ୍ଣ। ତା'ର ଉପସ୍ଥିତ ବୁଦ୍ଧିବଳରେ ନାନା ପ୍ରକାର ହାସ୍ୟରସ ସୃଷ୍ଟି ହୁଏ। ଧରାବନ୍ଧା କୌତୁକପୂର୍ଣ୍ଣ କାହାଣୀ ସ୍ୱତନ୍ତ୍ର ରୀତିରେ ପରିବେଷଣ କରୁଥିବା କାରଣରୁ ଅନ୍ୟାନ୍ୟ ଲୋକନୃତ୍ୟ ଅପେକ୍ଷା ସମାଜରେ ଏହା ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରେ।

ଦାସକାଠି ମୁଖ୍ୟତଃ ଗଞ୍ଜାମ ଜିଲ୍ଲାରୁ ଜନ୍ମ ହୋଇ ଓଡ଼ିଶାର ଅନ୍ୟାନ୍ୟ ଅଞ୍ଚଳକୁ ପରିବ୍ୟାପ୍ତ ହୋଇଛି। ଲୋକମୁଖରେ ଶୁଣାଯାଏ, ବୈଷ୍ଣବ ଧର୍ମର ସମୃଦ୍ଧି କାଳରେ ହିଁ ଏହା ଆତ୍ମପ୍ରକାଶିତ। କୃଷ୍ଣ ଭକ୍ତି ପରମ୍ପରା ଅପେକ୍ଷା ରାମ ଉପାସନା ହେଉଛି ପ୍ରାଚୀନ। ସେଥିପାଇଁ କୁହାଯାଏ- ଏହା ରାମଲୀଳାର ପ୍ରଚାର ଉଦ୍ଦେଶ୍ୟରେ ସୃଷ୍ଟି ହୋଇଥିଲା। ସର୍ବୋପରି ରାମାୟଣର କାର୍ଯ୍ୟାବଳୀ ଓ ପୃଷ୍ଠଭୂମି ଦାସକାଠିରେ ପ୍ରତିଫଳିତ। ଶ୍ରୀରାମ ଓ ଲକ୍ଷ୍ମଣଙ୍କ ଅଭିନ୍ନ ଯୋଡ଼ି ଏମାନଙ୍କ ଆଦର୍ଶ। ରାମଲୀଳାର ଗାୟକଙ୍କ ଦ୍ୱାରା ଏମାନେ ପ୍ରଭାବିତ।

ଦକ୍ଷିଣ ଓଡ଼ିଶାର 'ବାସିରି' ସଂପ୍ରଦାୟ ଦ୍ୱାରା ଏହା ସୃଷ୍ଟ। ଗାୟକମାନଙ୍କ ଦେହରେ ଜରିଲଗା ପୋଷାକ, ମୁଣ୍ଡରେ ପଗଡ଼ି, ହାତରେ ବଳାଖଡ଼ୁ, କାନରେ ଗୋଖରା ଶୋଭା ପାଇଥାଏ। କଳାକାରମାନେ ଧୋତୀକୁ କୁଞ୍ଚ ପକାଇ କଳାକୋର୍ଟ ପରିଧାନ କରନ୍ତି ଏବଂ ବେକରୁ ପାଦ ପର୍ଯ୍ୟନ୍ତ ସରୁ ଓଢ଼ଣୀ, ଅଣ୍ଟା ପାଟିଆ, କପାଳରେ ବୈଷ୍ଣବ ଧର୍ମୀ ତିଳକ, କାନରେ ନୋଳି, ମସ୍ତକରେ ପଗଡ଼ି ଧାରଣ କରନ୍ତି। ଗାୟକ ଓ ପାଳିଆ ସାତ୍ତ୍ୱିକ ଖାଦ୍ୟ ଗ୍ରହଣ କରିଥା'ନ୍ତି।

କାଠି ସଙ୍ଗୀତ ଏକ ସଂପୂର୍ଣ୍ଣ ନୂଆ ରୂପ ନେଇ ଦାସକାଠି ହୋଇଛି। ଗାୟକ ଓ ପାଳିଆ ସାଧାରଣତଃ ରାମ ଉପାସକ। ଏଥିରେ ପାଳିଆ ମଝିରେ ମଝିରେ 'ରାମ ଯେ, ହରିରାମ ଯେ, ନବୀନ ସୁନ୍ଦର ଘନଶ୍ୟାମ ଯେ' ଘୋଷା ପଦଟିଏ ବାରମ୍ବାର ଉଚ୍ଚାରଣ କରିଥା'ନ୍ତି। ଭାରତୀୟ ସଙ୍ଗୀତ ଶାସ୍ତ୍ର ଅନୁଯାୟୀ 'ଆନନ୍ଧ' ବାଦ୍ୟଯନ୍ତ୍ର ମଧ୍ୟରେ ଦାସକାଠି ଅନ୍ତର୍ଭୁକ୍ତ। ଏହି ବାଦ୍ୟଯନ୍ତ୍ର ଦୁଇପ୍ରକାରର ବ୍ୟବହୃତ ହୁଏ। ଯଥା ରାମତାଳ ଓ ଲକ୍ଷ୍ମଣ ତାଳ। ଗାୟକଙ୍କ ଦ୍ୱାରା ବ୍ୟବହୃତ ବାଦ୍ୟ ରାମତାଳ ଏବଂ ଚାରିଫାଳିଆ କାଠ, ଯାହା ପାଳିଆ ବ୍ୟବହାର କରିଥାଏ, ତାହା ଲକ୍ଷ୍ମଣତାଳ। ସାଧାରଣତଃ ଏହା ଶିଶୁ କାଠରୁ ପ୍ରସ୍ତୁତ।। ଏହି ବାଦ୍ୟ ବିଶ୍ୱକର୍ମାଙ୍କ ପ୍ରସ୍ତୁତ ପୌରାଣିକ ଯୁଗରୁ ପରମ୍ପରାକ୍ରମେ ଆସିଛି ବୋଲି କୁହାଯାଏ।

ଦାସକାଠିର କଳାକାର ଗ୍ରାମରୁ ଗ୍ରାମ ଓ ସହରାଦିରେ ପୁରାଣର ସଂଗୃହୀତ ଓ କାଳ୍ପନିକ ବିଷୟବସ୍ତୁ ପରିବେଷଣ କରିଥା'ନ୍ତି। ଯେପରି ଚନ୍ଦ୍ରାବତୀ ହରଣ, ନିଳାଦ୍ରୀ ହରଣ, କାମକଳା ହରଣ, ସୁଲୋଚନା ପରିଣୟ, ଚିତ୍ରସେନ ହରଣ, ସୁଭଦ୍ରା ହରଣ, କୀଚକ ବଧ, କର୍ଣ୍ଣ ବଧ, ଅଭିମନ୍ୟୁ ବଧ ପ୍ରଭୃତି ଏହାର ବହୁ ଜନାଦୃତ ଆଲୋଚିତ ବିଷୟ। ଦାସକାଠିର କେତେକ ବିଷୟ ପାଳିଆ ପରିବେଷଣ କରେ, ଯାହାର ସମ୍ପର୍କ ମୂଳ ବିଷୟ ସହ ନଥାଏ। କିନ୍ତୁ ଦର୍ଶକର ମନୋରଞ୍ଜନ ହୋଇଥାଏ ଏବଂ କେତେକ ସାମାଜିକ ଶିକ୍ଷା ମଧ୍ୟ ମିଳିଥାଏ। ଯେପରି ଗାୟକ ଆଗରେ ବୋଲେ - 'ସମ୍ମୁଖ ସମର ଅଟେ ଧର୍ମଯୁଦ୍ଧ ନୀତି, ପୃଷ୍ଠଦେଶୁ ଯୁଦ୍ଧ କେବେ ନକରଇ କ୍ଷତ୍ରୀ'। ପାଳିଆ ପଛରେ ବୋଲେ - 'ମଧୁପରିଡ଼ାଙ୍କ ଝିଅ ଚତୁର ସୁନ୍ଦରୀ, ଆସିଛି କଟକରୁ ଏମ.ଏ ପାସ କରି'। ଅଭିମନ୍ୟୁ ବଧ ବିଷୟ ପରିବେଷଣ କଲାବେଳେ ପାଳିଆ ଆଧୁନିକ ସମାଜର ଏକ ସାମାଜିକ ଚିତ୍ର ପରିବେଷଣ କରିଥାଏ।

ଦାସକାଠି ଅଭିନୟ ମୁକ୍ତମଞ୍ଚରେ ହୋଇଥାଏ। ଆବାହମାନ କାଳରୁ ଉତ୍ତର ରାମଚରିତର ଶେଷ ଅଙ୍କ ପାଠ କଲେ ମନେହୁଏ ଲବକୁଶ ଏହିପରି ମୁକ୍ତମଞ୍ଚରେ ରାମାୟଣର ନାଟ୍ୟ ରୂପ ପରିବେଷଣ କରିଥିଲେ। ଅଭିନୟ ସ୍ଥାନର ଚାରିପାର୍ଶ୍ୱରେ ଦର୍ଶକଙ୍କ ପାଇଁ ସ୍ଥାନ ସଂରକ୍ଷଣ କରାଯାଏ। ଏହି ଅଭିନୟ କ୍ଷେତ୍ରକୁ ମଣ୍ଡଳ କୁହାଯାଏ। ସଙ୍ଗୀତ ନୃତ୍ୟ ଓ ଅଭିନୟର ଏକ ମିଶ୍ରିତ କଳା ହେଉଛି ଦାସକାଠି।

ଦାସକାଠି ଆମ ପରମ୍ପରାରେ ଏକ ଗୀତିମୟ ସାହିତ୍ୟିକ କହିଲେ ଭୁଲ ହେବ ନାହିଁ। ଦାସକାଠିର ଅନ୍ୟ ନାମ ହେଉଛି- ରାମତାଳି। କାହିଁ କେଉଁ ଶତାବ୍ଦୀରୁ ସୃଷ୍ଟି ହୋଇଥିବା ଏହି ବିଦଗ୍ଧ କଳାକୁ ଆମ ପରମ୍ପରାର ବାର୍ତ୍ତାବହ ଭାବରେ ଗ୍ରହଣ କରାଯାଇଛି। ଆମ ସାଂସ୍କୃତିକ ତଥା ସାହିତ୍ୟିକ ଶ୍ରୋତସ୍ୱିନୀକୁ ମୁଖରିତ କରି ଗଢ଼ି ତୋଳିବାରେ ଦାସକାଠି ଗୁରୁତ୍ୱପୂର୍ଣ୍ଣ ଭୂମିକା ଉଲ୍ଲେଖଯୋଗ୍ୟ। ଆଜିର ଅତ୍ୟାଧୁନିକ ବସ୍ତୁବାଦୀ ଯୁଗରେ ଏହି ପାରମ୍ପରିକ ଲୋକକଳାକୁ ବଞ୍ଚାଇ ରଖିବା ପ୍ରତ୍ୟେକ ଓଡ଼ିଆଙ୍କ କର୍ତ୍ତବ୍ୟ। ●

ଚଣ୍ଡିଖୋଲ, ମୋ: ୯୪୩୭୯୫୭୬୧୭

## ଆମ ବୃକ୍ଷଲତା ଆମ ଜୀବନ

ପ୍ରକୃତି-ପରିବେଶ

### ବୃଦ୍ଧଦାରକ

ସୌଭାଗ୍ୟସୁନ୍ଦର

ବୃଦ୍ଧଦାରକ ହେଉଛି ଭାରତୀୟ ଉପମହାଦେଶର ଏକ ବହୁବର୍ଷୀୟ ବଳିଷ୍ଠ ଲତା। ପରେ ଏହାକୁ ହାୱାଇ, ଆଫ୍ରିକା ଓ କାରିବିଆନ ସମେତ ବିଶ୍ୱବ୍ୟାପୀ ଅନେକ ଅଞ୍ଚଳରେ ପ୍ରଚଳିତ କରାଯାଇଥିଲା। ଆକ୍ରମଣାତ୍ମକ ହେଲେ ମଧ୍ୟ ସୌନ୍ଦର୍ଯ୍ୟ ଏବଂ ଔଷଧୀୟ ମୂଲ୍ୟ ପାଇଁ ବୃଦ୍ଧଦାରକ ପ୍ରାୟତଃ ବହୁଳ ଆଦୃତ। ଅଷ୍ଟ୍ରେଲିଆରେ ବୃଦ୍ଧଦାରକକୁ ଏକ ଅନାବନା ଉଦ୍ଭିଦ ଭାବରେ ବିବେଚନା କରାଯାଏ ଏବଂ ଏହା କେପ୍ ୟର୍କ ଉପଦ୍ୱୀପ ପାଇଁ ଏକ ପ୍ରାଥମିକ ଅନାବନା ଉଦ୍ଭିଦ ତାଲିକାରେ ଅନ୍ତର୍ଭୁକ୍ତ ଅଛି।

ଦୃଢ଼କାଣ୍ଡ ବିଶିଷ୍ଟ ଏହି ଉଦ୍ଭିଦର ଡାଳ ବା ଶାଖା ରେଶମୀ ଧଳା ଆବରଣ ଦ୍ୱାରା ଆଚ୍ଛାଦିତ ହୋଇଥାଏ। ଗଛଟି ପ୍ରଥମ ୧/୨ବର୍ଷ ମଧ୍ୟରେ ଏକ ବୁଦା ଭାବରେ ବଢ଼ିଥାଏ ଏବଂ ୧୦ ମିଟର ଲମ୍ବ ପର୍ଯ୍ୟନ୍ତ ଲତାରେ ପରିଣତ ହୋଇ ଆଶ୍ରୟ ପାଇଁ ନିକଟବର୍ତ୍ତୀ ଯେକୌଣସି ବୃକ୍ଷ ବା ପଥର କିମ୍ବା କାନ୍ଥରେ ଗୁଡ଼େଇ ହୁଏ। ୮ ରୁ ୨୦ ସେମି ଲମ୍ବା ଏବଂ ୫ ରୁ ୧୫ ସେମି ଚଉଡ଼ା ପତ୍ରଗୁଡ଼ିକ ହାତୀ କାନ ଭଳି କିମ୍ବା ହୃତପିଣ୍ଡ ଆକାରର। ନିମ୍ନପୃଷ୍ଠ ଲୋମଯୁକ୍ତ ଓ ଧୂସର ଧଳା ଏବଂ ଉପଭାଗ ମସୃଣ। ଫନେଲ ଆକାରର ଫୁଲ ୩ ରୁ ୪ ସେମି ଲମ୍ବା ଏବଂ ଗୋଲାପୀ ଧଳା। ଫଳ (ବେରି) ଗୋଲାକାର, ୨ ସେମି ବ୍ୟାସବିଶିଷ୍ଟ, ଯେଉଁଥିରେ ୨ ରୁ ୪ ଟି ବିହନ ଥାଏ। ଭାରତରେ ଜୁଲାଇ-ଡିସେମ୍ବର ଏବଂ ମାର୍ଚ୍ଚ-ଏପ୍ରିଲରେ ଫୁଲ ଫୁଟେ। ଉଷ୍ଣମଣ୍ଡଳୀୟ ଏବଂ ଉପ-ଉଷ୍ଣମଣ୍ଡଳୀୟ ପରିସଂସ୍ଥାରେ ଖୋଲା ଜଙ୍ଗଲ, ଘନ ତୃଣଭୂମି, ରାସ୍ତା କଡ଼, ନଦୀ କୂଳ, ହ୍ରଦର ଧାର ଆଦି ସ୍ଥାନମାନଙ୍କରେ ଏହି ଉଦ୍ଭିଦ ଅଧିକ ଦେଖାଯାଏ।

ଆୟୁର୍ବେଦିକ ଗ୍ରନ୍ଥଗୁଡ଼ିକ ସୂଚାଇ ଦିଏ ଯେ ବୃଦ୍ଧଦାରକରେ ଏପରି ଗୁଣ ଅଛି, ଯାହା ସ୍ମୃତି, ଏକାଗ୍ରତା ଏବଂ ସାମଗ୍ରିକ ଜ୍ଞାନାତ୍ମକ କାର୍ଯ୍ୟକୁ ଉନ୍ନତ କରେ। ଏହାକୁ ପ୍ରାୟତଃ ମାନସିକ ସୁସ୍ଥତା ଓ ମସ୍ତିଷ୍କ ଟନିକ୍ ଏବଂ କାମୋଦ୍ଦୀପକ ଭାବରେ ବ୍ୟବହାର କରାଯାଏ। ଏହାର ପ୍ରଦାହ-ବିରୋଧୀ ଗୁଣ ଯୋଗୁଁ ସନ୍ଧି ଯନ୍ତ୍ରଣା ଦୂର କରିବାରେ ଏହାକୁ ଉପଯୋଗ କରାଯାଏ। ଦାଗ, ଏକଜିମା, କୁଣ୍ଡିଆ ଓ ଅନ୍ୟାନ୍ୟ ଚର୍ମରୋଗ, ପାଚନ ପ୍ରଣାଳୀର ସନ୍ତୁଳନ, ଅନ୍ତନଳୀ ସୁସ୍ଥତା, ଗନୋରିଆ, କ୍ରନିକ୍ ଅଲସର, ମଧୁମେହ, ରକ୍ତହୀନତା, ଭୋକହୀନତା, ଗଳାଘାତ, ଶ୍ୱାସରୋଗ, ଦୀର୍ଘକାଳୀନ ଅଲସର, ବାତରୋଗ, ସ୍ନାୟୁତନ୍ତ୍ରର ରୋଗ, ସ୍ଥୂଳତା, ସିଫିଲିସ୍, ଦୀର୍ଘକାଳୀନ କାଶ, ଥଣ୍ଡା, ଜ୍ୱର, ବାତରୋଗ, ହେମିପ୍ଲେଜିଆ ଓ ପତଳାଝାଡ଼ା ଆଦି ଚିକିତ୍ସାରେ ଏହା ଉପଯୋଗୀ। ଗର୍ଭାବସ୍ଥା ଏବଂ ସ୍ତନ୍ୟପାନ ସମୟରେ ଆୟୁର୍ବେଦିକ ଔଷଧ ଭାବରେ ଏହାକୁ ଏଡ଼ାଇବାକୁ ସାଧାରଣତଃ ପରାମର୍ଶ ଦିଆଯାଏ। କାରଣ ଏହା କିଛି ବିପରୀତ ପ୍ରତିକ୍ରିୟା ପ୍ରଦର୍ଶନ କରିପାରେ। କିଛି କ୍ଷେତ୍ରରେ, ଏହା ବାନ୍ତି କିମ୍ବା ପତଳାଝାଡ଼ା ସହିତ ପାକସ୍ଥଳୀ ଅସ୍ୱସ୍ତିକର କାରଣ ହୋଇପାରେ।

ପ୍ରାଚୀନ କାଳରେ ସେନା 'ବୈଦ୍ୟରାଜ' ସର୍ବଦା ଏହି ବୃକ୍ଷର ବିଭିନ୍ନ ଅଂଶକୁ ପ୍ରାଥମିକ ଚିକିତ୍ସା ଭାବରେ ଯୁଦ୍ଧକ୍ଷେତ୍ରକୁ ନେଇ ଯାଉଥିଲେ। ଆଲେକଜାଣ୍ଡାର ମଧ୍ୟ ଯୁଦ୍ଧକ୍ଷେତ୍ରକୁ ଯିବା ବେଳେ ଏହି ପତ୍ର ଓ ଚେରମୂଳି ନେଇ ଯାଉଥିବା କୁହାଯାଏ। ବୃଦ୍ଧଦାରକରେ ବିଭିନ୍ନ ପ୍ରକାରର ଇମ୍ୟୁନୋମୋଡୁଲେଟ୍ରି, ଆଣ୍ଟିବ୍ୟାକ୍ଟେରିଆଲ୍, ଆଣ୍ଟିଭାଇରାଲ୍ ଏବଂ ଆଣ୍ଟିଫଙ୍ଗାଲ, ଲାଇସର୍ଗାମାଇଡ୍ସ, ଏର୍ଗୋଲାଇନ୍ ଆଲକାଲଏଡ୍ସ ଯେପରିକି ଏର୍ଜିନ୍ ଗୁଣ ସମେତ ଲାଇସର୍ଜିକ୍ ଏସିଡ୍, ମିଥାଇଲର୍ଗୋମେଟ୍ରିନ୍, ମେଥାଇସର୍ଗାଇଡ୍, ଲାଇସର୍ଜିଲାଲାନାଇନ୍, ଆର୍ଜିରୋସାଇଡ୍ ରହିଛି।

ବୃଦ୍ଧଦାରକ ବାଣିଜ୍ୟିକ ଭିତ୍ତିରେ ବହୁଳ ଭାବରେ ଚାଷ କରାଯାଏ ଏବଂ ଏହା ଏକ ଲୋକପ୍ରିୟ ଭାରତୀୟ ଔଷଧୀୟ ଉଦ୍ଭିଦ, ଯାହା ଦୀର୍ଘ ସମୟ ଧରି ପାରମ୍ପରିକ ଆୟୁର୍ବେଦିକ ଔଷଧରେ ବିଭିନ୍ନ ରୋଗର ଚିକିତ୍ସା ପାଇଁ ବ୍ୟବହୃତ ହୋଇଆସୁଛି। ଏହାର ବ୍ୟାପକ ଔଷଧୀୟ ସମ୍ଭାବନା ହେତୁ ଏହାକୁ ସ୍ଥାନୀୟ ଚାଷୀମାନଙ୍କୁ ଆୟ ପ୍ରଦାନ କରିବା ଏବଂ ଏହାର ଔଷଧୀୟ ଗୁଣର ଆହୁରି ଅନୁସନ୍ଧାନ କରିବା ପାଇଁ ଭାରତରେ ଏହାର ବ୍ୟାପକ ପରିମାଣରେ ଚାଷ କରାଯିବା ଉଚିତ। ●

ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଆସନ୍ତା ବର୍ଷକୁ ସୁନାବେଶର ନୂଆ ସେଟ୍

ପୁରୀ, ୬।୭ (ସମିସ): ଆସନ୍ତା ବର୍ଷକୁ ମହାପ୍ରଭୁଙ୍କ ହେବ ସୁନାବେଶର ନୂଆ ସେଟ୍। ପବିତ୍ର ସୁନାବେଶ ଅବସରରେ ଏ ସଂପର୍କରେ ଘୋଷଣା କରିଛନ୍ତି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ। ସେ କହିଛନ୍ତି, ଏନେଇ ପ୍ରାଥମିକସ୍ତରରେ ଆଲୋଚନା ହୋଇଛି। କିନ୍ତୁ ଏହାର ଦାୟିତ୍ୱ ମହାପ୍ରଭୁଙ୍କର। ତାଙ୍କର ଇଚ୍ଛା ଥିଲେ, କିଛି ଅସମ୍ଭବ ନୁହେଁ। ଦୀର୍ଘ ଦିନ ହେବ ସେବାୟତମାନଙ୍କ ଏହି ଦାବି ଏବଂ ଅନୁରୋଧ ରହିଛି। ଗତ ପରିଚାଳନା କମିଟି ସଦସ୍ୟମାନେ ବୈଠକରେ ଏହି ପ୍ରସଙ୍ଗ ବାରମ୍ବାର ଉତ୍ଥାପନ କରିଛନ୍ତି। ଯଦି ମହାପ୍ରଭୁଙ୍କ ଇଚ୍ଛା ଏବଂ ଆଶୀର୍ବାଦ ରହିବ, ତେବେ ନୂଆ ଅଳଙ୍କାର ତିଆରି ହେବ। ଏନେଇ ସରକାରୀସ୍ତରରେ ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ଆଲୋଚନା ହୋଇଛି। ଠାକୁରଙ୍କ ଆଶୀର୍ବାଦ ରହିଲେ ଏହି ପ୍ରକ୍ରିୟା ଖୁବ୍ଶୀଘ୍ର ସମ୍ଭବ ହେବ। ସବୁ କିଛି ଠିକଠାକ୍ ରହିଲେ ଆସନ୍ତା ବର୍ଷ ମହାପ୍ରଭୁଙ୍କର ନୂଆ ଅଳଙ୍କାର ଦେଖିବାକୁ ମିଳିବ। ବର୍ତ୍ତମାନ ସୁନାବେଶରେ ବ୍ୟବହୃତ ଅଳଙ୍କାର ଦୀର୍ଘ ବର୍ଷର। ଏହା ମଧ୍ୟ ପତଳା ହୋଇଆସିଲାଣି। ନୂଆ ଅଳଙ୍କାର ହେଲେ ପୁରୁଣା ଅଳଙ୍କାରକୁ ଦର୍ଶନ ଉଦ୍ଦେଶ୍ୟରେ ଶ୍ରୀମନ୍ଦିର ପରିସରରେ କୌଣସି ଏକ ଜାଗାରେ ରଖିବାର ବ୍ୟବସ୍ଥା ହେବ ବୋଲି କହିଛନ୍ତି ଆଇନମନ୍ତ୍ରୀ ଶ୍ରୀ ହରିଚନ୍ଦନ। ରତ୍ନଭଣ୍ଡାର ମରାମତି ସମ୍ପର୍କରେ ଆଇନମନ୍ତ୍ରୀ କହିଛନ୍ତି, ୯୯ ପ୍ରତିଶତ କାମ ଶେଷ ହୋଇଛି। ସମ୍ଭବତଃ ସୋମବାର ଏଏସ୍ଆଇ ଶ୍ରୀମନ୍ଦିର ପ୍ରଶାସନକୁ ରତ୍ନଭଣ୍ଡାର ହସ୍ତାନ୍ତର କରିବାର ଯୋଜନା ରହିଛି। ନୀଳାଦ୍ରି ବିଜେ ପରେ ମହାପ୍ରଭୁଙ୍କର ରତ୍ନ ଅଳଙ୍କାରକୁ ରତ୍ନଭଣ୍ଡାରକୁ ସ୍ଥାନାନ୍ତର କରାଯିବ। ପରବର୍ତ୍ତୀ ସମୟରେ ଗଠନ କରାଯାଇଥିବା ଉଚ୍ଚସ୍ତରୀୟ କମିଟି ଏବଂ ରିଜର୍ଭ ବ୍ୟାଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ଗଣତିମଣତି କରାଯିବ ବୋଲି କହିଛନ୍ତି ଆଇନମନ୍ତ୍ରୀ ଶ୍ରୀ ହରିଚନ୍ଦନ।

■ ରତ୍ନଭଣ୍ଡାର ୯୯ ପ୍ରତିଶତ କାମ ସରିଛି
■ ନୀଳାଦ୍ରି ବିଜେ ପରେ ରତ୍ନଭଣ୍ଡାରକୁ ଅଳଙ୍କାର ସ୍ଥାନାନ୍ତର ହେବ

## ୧୦୮ ଆମ୍ବୁଲାନ୍ସ ଅଚଳ ଯୋଗୁ ଘାଟିରେ ଯୁବକଙ୍କ ମୃତ୍ୟୁ ଘଟଣା

# ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ସରକାରଙ୍କ ଅପରାଧିକ ଅବହେଳା: ବିଜେଡି

ବ୍ରହ୍ମପୁର/ଖଲ୍ଲିକୋଟ,୬।୭(ସମିସ): ୧୦୮ ଆମ୍ବୁଲାନ୍ସ ସେବା କ୍ଷେତ୍ରରେ ଚରମ ଅବ୍ୟବସ୍ଥା ଲାଗି ଖଲ୍ଲିକୋଟ ବ୍ଲକ ଅନ୍ତର୍ଗତ ଆଇତପୁର ଗ୍ରାମର ଶଙ୍କର ମହାରଣାଙ୍କ ମୃତ୍ୟୁ ଘଟିଛି। ବିଜୁ ଜନତା ଦଳର ଏକ ପ୍ରତିନିଧିମଣ୍ଡଳୀ ମୃତକଙ୍କ ପରିବାରକୁ ଭେଟି ଆଶ୍ୱାସନା ଦେବା ସହ ଏହାକୁ ସରକାରଙ୍କ ଚରମ ଅପରାଧିକ ଅବହେଳା ବୋଲି କହିଛି।

ସୂଚନାଯୋଗ୍ୟ, ଗୁରୁବାର କ୍ରିକେଟ୍ ଖେଳିବା ବେଳେ ଛାତିରେ ବଲ୍ ବାଜିବାରୁ ଶଙ୍କର ଯନ୍ତ୍ରଣାରେ ଛଟପଟ ହୋଇଥିଲେ। ପରିବାରଲୋକେ ୧୦୮ ଆମ୍ବୁଲାନ୍ସକୁ କଲ୍ କରିଥିଲେ ମଧ୍ୟ ନ ଆସିବାରୁ ନିଜ ଉଦ୍ୟମରେ ବାଲୁଗାଁ ମେଡ଼ିକାଲକୁ ନେଇଥିଲେ। ଅବସ୍ଥା ଗୁରୁତର ହେବାରୁ ଡାକ୍ତର ତାଙ୍କୁ ବ୍ରହ୍ମପୁର ସ୍ଥାନାନ୍ତର କରିଥିଲେ। ତାଙ୍କୁ ୧୦୮ ଆମ୍ବୁଲାନ୍ସରେ ବ୍ରହ୍ମପୁର ନେବା ବେଳେ ବଡ଼ଘାଟିରେଆମ୍ବୁଲାନ୍ସଟି ଖରାପ ହୋଇଯାଇଥିଲା। ଅନ୍ୟ ଆମ୍ବୁଲାନ୍ସ ଓ ପୁଲିସକୁ ଫୋନ୍ କରି ସହାୟତା ମାଗିଥିଲେ ମଧ୍ୟ ମିଳିନଥିଲା। ଫଳରେ ମା' ଆଗରେ ଛଟପଟ ହୋଇ ପୁଅର ଜୀବନ ଚାଲିଯାଇଥିଲା। ୩ ଘଣ୍ଟା ପରେ ଆମ୍ବୁଲାନ୍ସ ପହଞ୍ଚିବା ପରେ ବ୍ରହ୍ମପୁର ଏମ୍କେସିଜି ମେଡ଼ିକାଲକୁ ନିଆଯାଇଥିଲା ସେଠାରେ ଡାକ୍ତର ମୃତ ଘୋଷଣା କରିବା ସହ ଯଦି ଶୀଘ୍ର ରୋଗୀଙ୍କୁ ମେଡ଼ିକାଲରେ ପହଞ୍ଚା ଯାଇଥାନ୍ତା, ତେବେ ଜୀବନ ବଞ୍ଚିଯାଇଥାନ୍ତା ବୋଲି କହିଥିଲେ। ରାଜ୍ୟ ସରକାରଙ୍କ ଅବହେଳା ଯୋଗୁ ଏକ ଅମୂଲ୍ୟ ଜୀବନ ଚାଲିଗଲା ବୋଲି ରବିବାର ଆଇତପୁର ଗ୍ରାମରେ ମୃତ ଶଙ୍କରଙ୍କ ପରିବାର ଓ ଗ୍ରାମବାସୀ ବିଜେଡି ପ୍ରତିନିଧି ଦଳ ନିକଟରେ ଅଭିଯୋଗ କରିଥିଲେ।

ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ଖବର ପହଞ୍ଚିବାର ୨୦ ମିନିଟ୍ ମଧ୍ୟରେ ୧୦୮ ଆମ୍ବୁଲାନ୍ସ ପହଞ୍ଚି ରୋଗୀଙ୍କୁ ହସ୍ପିଟାଲ ନେଉଥିଲା। ହେଲେ ବିଜେପି ସରକାରରେ ଖବର ଦେବାର ୩ ଘଣ୍ଟା ପରେ ବି ଆମ୍ବୁଲାନ୍ସ ପହଞ୍ଚି ପାରିଲା ନାହିଁ। ଫଳରେ ଏକ ଅମୂଲ୍ୟ ଜୀବନ ହରାଇବାକୁ ପଡ଼ିଲା। ମୃତ ଶରୀରକୁ ଏମକେସିଜି ମେଡ଼ିକାଲରୁ ନିଜ ଗ୍ରାମକୁ ନେବା ପାଇଁ ପରିବାରବର୍ଗ ସହାୟତା ମାଗିଥିଲେ ମଧ୍ୟ କେହି ଶୁଣିନଥିଲେ ଏବଂ ନିଜ ହାତରୁ ୫ ହଜାର ଟଙ୍କା ଖର୍ଚ୍ଚ କରି ପରିବାରଲୋକେ ମୃତଦେହକୁ ଘରକୁ ନେଇଥିଲେ। ଘଟଣାକୁ ୩ ଦିନ ବିତିଯାଇଥିଲେ ମଧ୍ୟ ଗତକାଲି ସୁଦ୍ଧା କୌଣସି ସରକାରୀ ଅଧିକାରୀ ପରିବାର ନିକଟରେ ପହଞ୍ଚିନଥିଲେ। ବିଜେଡି ପ୍ରତିନିଧିମଣ୍ଡଳୀ ଯିବାର ଖବର ପାଇ ଗତରାତି ୧୧ଟାରେ ସରକାର ୪ ଲକ୍ଷ ଟଙ୍କାର ଆର୍ଥିକ ସହାୟତା ଘୋଷଣା କରିଛନ୍ତି। ମୃତ ଶଙ୍କରଙ୍କ ପରିବାର ଅତ୍ୟନ୍ତ ଗରିବ ହୋଇଥିବାରୁ ସରକାର ତାଙ୍କ ଭାଇଙ୍କୁ ତୁରନ୍ତ ଏକ ସରକାରୀ ଚାକିରି ଦିଅନ୍ତୁ ବୋଲି ବିଜୁ ଜନତା ଦଳର ପ୍ରତିନିଧିମଣ୍ଡଳୀ ଦାବି କରିଛନ୍ତି।

ପୂର୍ବତନ କେନ୍ଦ୍ରମନ୍ତ୍ରୀ ଶ୍ରୀ ଚନ୍ଦ୍ରଶେଖର ସାହୁଙ୍କ ନେତୃତ୍ୱରେ ଯାଇଥିବା ବିଜେଡି ପ୍ରତିନିଧି ମଣ୍ଡଳୀରେ ପୂର୍ବତନ ବିଧାୟକ ଡ. ରମେଶ ଚନ୍ଦ୍ର ଚ୍ୟାଉପଟ୍ଟନାୟକ, ବିକ୍ରମ ପଣ୍ଡା, ସୁବାସ ବେହେରା, ମଞ୍ଜୁଳା ସ୍ୱାଇଁ, ସୂର୍ଯ୍ୟମଣୀ ବୈଦ୍ୟ, ରଞ୍ଜିତା ସାହୁ, ବ୍ରହ୍ମପୁର ମେୟର୍ ସଂଘମିତ୍ରା ଦଳେଇ, ସୁବାସ ମହାରଣା, ପୂର୍ବତନ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସୋନମ ପଲେଇ, ପୂର୍ବତନ ଏନଏସି ଅଧ୍ୟକ୍ଷ ରାମମୋହନ ପଣ୍ଡା, ଭବାନୀକାନ୍ତ ସାହୁ, ପ୍ରଫୁଲ୍ଲ ସାହୁ, ରତ୍ନାକର ସାହୁ, ଦୟାନିଧି ସାହୁ, ସ୍ଥାନୀୟ ସରପଞ୍ଚ ଟ୍ୱିଙ୍କିଲ୍ ତରାଇ ପ୍ରମୁଖ ସାମିଲ ଥିଲେ।



■ ମୃତକଙ୍କ ପରିବାରକୁ ଭେଟିଲେ ପ୍ରତିନିଧିମଣ୍ଡଳୀ
■ ଆମ୍ବୁଲାନ୍ସ ପରିଚାଳନାରେ ସ୍ୱାସ୍ଥ୍ୟ ବିଭାଗର ଚରମ ଦାୟିତ୍ୱହୀନତା

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଝଟକିଲେ ସୁନା...

ସରିଥିଲା। ଅପରାହ୍ଣ ୧ଟା ୪୫ରୁ ୨ଟା ୪୫ ମଧ୍ୟରେ ମଧ୍ୟାହ୍ନ ଧୂପ ବଢ଼ିବା ପରେ ୩ଟା ୫୫ରୁ ୪ଟା ୧୦ମଧ୍ୟରେ ମଇଲମ, ୪ଟା ୧୦ରୁ ୪ଟା ୧୫ ମଧ୍ୟରେ ଶାଢ଼ି ଖଣ୍ଡୁଆ ଲାଗି ହୋଇ ସନ୍ଧ୍ୟା ଆଳତି ହୋଇଥିଲା। ପରେ ଅପରାହ୍ଣ ୪ଟା ୪୫ରେ ଠାକୁରଙ୍କ ସ୍ୱର୍ଣ୍ଣ ଅଳଙ୍କାର ରଥ ନିକଟକୁ ବିଜେ କରାଯାଇଥିଲା। ଅପରାହ୍ଣ ୫ଟାରୁ ସୁନାବେଶ ଆରମ୍ଭ ହେବାକୁ ଥିବା ବେଳେ ଏହାର କିଛି ସମୟ ପୂର୍ବରୁ ଶ୍ରୀବିଗ୍ରହମାନଙ୍କୁ ସ୍ୱର୍ଣ୍ଣ, ରୁପା ଆଦି ମୂଲ୍ୟବାନ ଧାତୁଖଚିତ ଅଳଙ୍କାରରେ ବେଶ କରିଥିଲେ ପୁଷ୍ପାଳକ ସେବକ। ସେମାନଙ୍କୁ ଅନ୍ୟ ସେବକ ସହଯୋଗ କରିଥିଲେ। ସନ୍ଧ୍ୟା ୫ଟା ୫୫ସୁଦ୍ଧା ଠାକୁରମାନଙ୍କୁ ସୁନାବେଶରେ ସଜାଇବା ସମ୍ପୂର୍ଣ୍ଣ ହୋଇଥିଲା। ଶ୍ରୀବିଗ୍ରହମାନଙ୍କ ଶ୍ରୀମସ୍ତକରେ କିରୀଟ, ଗଳାରେ ମାଳା, ଓଡ଼ିଆଣୀ, କାନକୁଣ୍ଡଳ ଆଦି ଧାରଣ କରିଥିଲେ। ବଡ଼ଠାକୁର ଏବଂ ଶ୍ରୀଜଗନ୍ନାଥଙ୍କୁ ଶ୍ରୀହସ୍ତ, ଶ୍ରୀପୟର, ହଳମୂଷଳ, ଶଙ୍ଖ, ଚକ୍ର ଆଦି ଲାଗି କରାଯାଇଥିଲା। ସୁନାବେଶରେ ଥାଇ ରଥ ଉପରେ ହିଁ ଠାକୁରମାନଙ୍କ ସନ୍ଧ୍ୟା ଆଳତି ଓ ସନ୍ଧ୍ୟା ଧୂପ ବଢ଼ିଥିଲା। ରାତିରେ ସୁନାବେଶ ମଇଲମ ପରେ ରଥାରୂଢ଼ ଠାକୁରଙ୍କ ଅନ୍ୟାନ୍ୟ ନୀତି ବଢ଼ିଥିଲା।

ରତ୍ନସିଂହାସନରେ ସୁନାବେଶ ବେଳେ ଠାକୁର ରାହୁରେଖା ଏବଂ ରତ୍ନଖଚିତ ଚିତା ଧାରଣ କରିଥା'ନ୍ତି। କିନ୍ତୁ ରଥାରୂଢ଼ ଠାକୁରଙ୍କ ସୁନାବେଶର ବିଶେଷତ୍ୱ ହେଉଛି ଏହି ବେଶରେ ମହାପ୍ରଭୁ ରାହୁରେଖା ଏବଂ ରତ୍ନଖଚିତ ଚିତା ଧାରଣ କରିନଥା'ନ୍ତି। ରଥାରୂଢ଼ ଠାକୁର ସୁନାବେଶରେ ସୋଲର ଚିତା ଧାରଣ କରିଥା'ନ୍ତି। ତେବେ ଦର୍ଶନ ବ୍ୟବସ୍ଥାକୁ ଶୃଙ୍ଖଳିତ କରିବା ଲାଗି ପ୍ରଶାସନ ପକ୍ଷରୁ ସିଂହଦ୍ୱାର ରଥ ପାଖରୁ ମାର୍କେଟ୍ ଛକ ପର୍ଯ୍ୟନ୍ତ ବ୍ୟାରିକେଡ୍ କରାଯାଇଥିଲା। ଭକ୍ତମାନେ ଏକମୁହାଁ ହୋଇ ସିଂହଦ୍ୱାର ଅଭିମୁଖେ ଚାଲିଥିଲେ। ବାମପାର୍ଶ୍ୱରେ ଦଣ୍ଡାୟମାନ ନନ୍ଦିଘୋଷ କଡ଼ ଦେଇ ଡାହାଣକୁ ବୁଲି ସମ୍ମୁଖ ଭାଗରୁ ରଥାରୂଢ଼ ଠାକୁରଙ୍କୁ ସୁନାବେଶ ଦର୍ଶନ କରିଥିଲେ। ତାଳଧ୍ୱଜ ରଥ ପାର୍ଶ୍ୱ ଦେଇ ପୁନଶ୍ଚ ବଡ଼ଦାଣ୍ଡକୁ ଆସି ନିଜନିଜ ଗନ୍ତବ୍ୟ ସ୍ଥଳକୁ ଫେରିଯାଉଥିଲେ। ହରିବୋଲ, ଜୟ ଜଗନ୍ନାଥ ଧ୍ୱନିରେ ପ୍ରକମ୍ପିତ ହୋଇଥିଲା ବଡ଼ଦାଣ୍ଡ। ରାତି ୧୨ଟା ପର୍ଯ୍ୟନ୍ତ ରଥାରୂଢ଼ ଠାକୁରଙ୍କୁ ସୁନାବେଶରେ ଦର୍ଶନ କରିଥିଲେ ଭକ୍ତ। ଏହାପରେ ବେଶ ଓଲାଗି କରାଯାଇଥିଲା।

### 'ଏକ ଦେଶ...

କମିସନଙ୍କୁ ପ୍ରସ୍ତାବିତ ବ୍ୟବସ୍ଥାରେ ଯେପରି ଅଖଣ୍ଡ କ୍ଷମତା ଦିଆଯାଇଛି ତାହା ଗ୍ରହଣୀୟ ନୁହେଁ। ଏସଂପର୍କରେ ଅନ୍ୟତମ ପୂର୍ବତନ ପ୍ରଧାନ ବିଚାରପତି ଜଷ୍ଟିସ ରଂଜନ ଗୋଗୋଇ ଦେଇଥିବା ମତାମତକୁ ସମର୍ଥନ କରି ଜଷ୍ଟିସ ଚନ୍ଦ୍ରଚୂଡ କହିଛନ୍ତି ଯେ କମିସନଙ୍କ କ୍ଷମତାରେ ଅଙ୍କୁଶ ଲଗାଇବା ପାଇଁ କୌଣସି ଗାଇଡଲାଇନ୍ସ ନାହିଁ। ଲୋକସଭା ସହିତ ଏକ ସମୟରେ ନିର୍ବାଚନ କରିବା ଲାଗି ବିଧାନସଭାମାନଙ୍କର କାର୍ଯ୍ୟକାଳ ବୃଦ୍ଧି କରିବା ବା ହ୍ରାସ କରିବା ଲାଗି କମିସନଙ୍କୁ ଅଖଣ୍ଡ କ୍ଷମତା ଦିଆଯାଇଛି। ଏଭଳି ପରିସ୍ଥିତିରେ କମିସନ ନିଜ ମର୍ଜି ମୁତାବକ ନିଷ୍ପତ୍ତି ନେଇପାରିବେ। ବିଧାନସଭାର କାର୍ଯ୍ୟକାଳ ୫ ବର୍ଷ ରହିବ ବୋଲି ସମ୍ବିଧାନରେ ବ୍ୟବସ୍ଥା ଥିବା ବେଳେ କମିସନ ଚାହିଁଲେ ଏହାର କାର୍ଯ୍ୟକାଳ ବୃଦ୍ଧି କରିପାରିବେ ବୋଲି 'ଏକ ଦେଶ, ଏକ ନିର୍ବାଚନ' ପ୍ରସ୍ତାବରେ ବ୍ୟବସ୍ଥା କରାଯାଇଛି। କମିସନଙ୍କୁ ଏଭଳି କ୍ଷମତା ଦିଆଯିବା ଠିକ୍ ନୁହେଁ। କେଉଁ ପରିସ୍ଥିତିରେ ଏବଂ କିଭଳି କମିସନ ଏହି କ୍ଷମତାର ପ୍ରୟୋଗ କରିପାରିବେ, ସେଥିଲାଗି ଯଥେଷ୍ଟ ସେଫଗାର୍ଡ ରହିବା ଜରୁରୀ। ବିନା ଗାଇଡ୍ଲାଇନ୍ସରେ ଏଭଳି ନିଷ୍ପତ୍ତି ନେବାଲାଗି କମିସନଙ୍କୁ କ୍ଷମତା ମିଳିଲେ ସମଗ୍ର ବ୍ୟବସ୍ଥା ଭୁଶୁଡ଼ି ପଡ଼ିବ ବୋଲି ସେ ଉଦ୍ବେଗ ଜଣାଇଛନ୍ତି। ଗତ ମାର୍ଚ୍ଚରେ ସଂସଦୀୟ କମିଟିରେ ହାଜରେ ହାଇ ଜଷ୍ଟିସ ଗୋଗୋଇ ମଧ୍ୟ ଏଭଳି ଉଦ୍ବେଗ ଜଣାଇଥିଲେ। ଅନ୍ୟତମ ପୂର୍ବତନ ପ୍ରଧାନ ବିଚାରପତି ଜଷ୍ଟିସ ୟୁୟୁ ଲଳିତ ସଂସଦୀୟ କମିଟିକୁ କହିଥିଲେ, 'ଏକ ଦେଶ, ଏକ ନିର୍ବାଚନ' ପର୍ଯ୍ୟାୟକ୍ରମେ କାର୍ଯ୍ୟକାରୀ କରାଯିବା ଉଚିତ।

ଜଷ୍ଟିସ ଚନ୍ଦ୍ରଚୂଡ଼ ଆହୁରି କହିଛନ୍ତି ଯେ ଏକ ସମୟରେ ଲୋକସଭା ଏବଂ ବିଧାନସଭା ନିର୍ବାଚନ ହେଲେ ଆଞ୍ଚଳିକ ଓ କ୍ଷୁଦ୍ର ଦଳ କ୍ଷତିଗ୍ରସ୍ତ ହେବେ ବୋଲି ଯାହା କୁହାଯାଉଛି, ତାହା ସଂପୂର୍ଣ୍ଣ ରୂପେ ଭୁଲ ବୋଲି କୁହାଯାଇ ପାରିବ ନାହିଁ। ନିର୍ବାଚନ ପ୍ରଚାର ବେଳେ ଆର୍ଥିକ ସମ୍ବଳ ଦୃଷ୍ଟିରୁ ବଡ଼ ବଡ଼ ଜାତୀୟ ଦଳ ଅନ୍ୟମାନଙ୍କୁ ପଛରେ ପକାଇଦେବେ। ତେଣୁ ଆଞ୍ଚଳିକ ଦଳମାନଙ୍କ ସ୍ୱାର୍ଥର ସୁରକ୍ଷା ଲାଗି ବ୍ୟବସ୍ଥା ରହିବା ଜରୁରୀ। ସେ କହିଛନ୍ତି ଯେ ଲୋକପ୍ରତିନିଧି ଆଇନ ଓ ନିର୍ବାଚନ ଆଚରଣ ବିଧିରେ ନିର୍ବାଚନ ପ୍ରଚାର ବେଳେ ପ୍ରାର୍ଥୀମାନଙ୍କର ଖର୍ଚ୍ଚ ସୀମା ଧାର୍ଯ୍ୟ କରାଯାଇଛି। କିନ୍ତୁ ରାଜନୈତିକ ଦଳଙ୍କ ପାଇଁ ଏଭଳି ସୀମା ଧାର୍ଯ୍ୟ କରାଯାଇନାହିଁ। 'ଏକ ଦେଶ, ଏକ ନିର୍ବାଚନ' କାର୍ଯ୍ୟକାରୀ କରିବା ପୂର୍ବରୁ ଏସବୁ ସମସ୍ୟାର ସମାଧାନ ବାହାର କରାଯିବା ଉଚିତ ବୋଲି ସେ ମତ ଦେଇଛନ୍ତି। ଆସନ୍ତା ୧୧ ତାରିଖରେ ଜଷ୍ଟିସ ଚନ୍ଦ୍ରଚୂଡ଼ ଏବଂ ଆଉ ଜଣେ ପୂର୍ବତନ ପ୍ରଧାନ ବିଚାରପତି ଜଷ୍ଟିସ ଜେଏସ୍ ଖେହେର ଜେପିସିରେ ଉପସ୍ଥିତ ହୋଇ ସେମାନେ ମତାମତ ରଖିବେ ବୋଲି ଜଣାପଡ଼ିଛି।

### ଏସ୍ଏସ୍ବିର ଭୁଲ୍...

(ଓଏସ୍ଏସ୍ସି) ପରି ବିଭିନ୍ନ ପ୍ରବେଶିକା ଓ ନିଯୁକ୍ତି ପରୀକ୍ଷା ପରିଚାଳନା କରୁଥିବା ସଂସ୍ଥା ପ୍ରୋଭିଜିନାଲ୍ ଆନ୍ସାର୍ କି' ପ୍ରକାଶ ପରେ କୌଣସି ଦ୍ୱନ୍ଦ୍ୱ ଥିଲେ ପରୀକ୍ଷାର୍ଥୀଙ୍କ ଠାରୁ ଆବେଦନ ଆହ୍ୱାନ କରିଥାନ୍ତି। ଏଥିପାଇଁ ଫି' ନିର୍ଦ୍ଧାରଣ କରିବା ସହ ଅଭିଯୋଗ ସତ୍ୟ ହେଲେ ସେହି ଫି' ତାଙ୍କୁ ଫେରସ୍ତ କରାଯାଏ। ସତ୍ୟତା ନ ଥାଇ ଅଭିଯୋଗ କଲେ ଫି' ଫେରସ୍ତ ହୋଇନଥାଏ। ଫଳରେ ଅଭିଯୋଗ ସଂଖ୍ୟା କମାଇବାକୁ ଲକ୍ଷ୍ୟ ଥାଏ। ହେଲେ ଅଭିଯୋଗରେ ସତ୍ୟତା ଥିଲେ ଏସ୍ଏସ୍ବି କାହିଁକି ଫି' ଫେରସ୍ତ କରିବ ନାହିଁ? ଅପରପକ୍ଷରେ ଅନେକ ପିଲା ୨୦ରୁ ୩୧.୨୫ ମାର୍କ ଯାଏଁ ବଢ଼ିବ ବୋଲି ଦାବି କରିଛନ୍ତି। ସର୍ବାଧିକ ୩୧.୨୫ ମାର୍କ ମଧ୍ୟ ବଢ଼ିଛି। ତାହେଲେ ପ୍ରତି ପ୍ରଶ୍ନ ପିଛା ୨ଶହ ଟଙ୍କା ହିସାବରେ ୬,୨୫୦ ଟଙ୍କା ଫି' ଦାଖଲ କରିବାକୁ ହେବ। ସମସ୍ତଙ୍କ ପକ୍ଷେ ଏହା ସମ୍ଭବ ନୁହେଁ। ଏସ୍ଏସ୍ବି ପକ୍ଷରୁ ତ୍ରୁଟିପୂର୍ଣ୍ଣ ନିଷ୍ପତ୍ତି ପାଇଁ ପିଲାଙ୍କ ମାର୍କ କମିଛି। ସେହି ତ୍ରୁଟିକୁ ସଜାଡ଼ିବାକୁ ପରୀକ୍ଷାର୍ଥୀମାନେ କାହିଁକି ଆର୍ଥିକ ଦଣ୍ଡ ପାଇବେ?

ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଏ ସମ୍ପର୍କିତ ବିଜ୍ଞପ୍ତିକୁ ଗତ ୩ତାରିଖରେ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରାଯାଇଥିବାବେଳେ ପରୀକ୍ଷାର୍ଥୀମାନେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ଆବେଦନ କଲାବେଳେ ୫ଶହ ଏବଂ ଗୋଟିଏ ଚ୍ୟାଲେଞ୍ଜ ପାଇଁ ୨ଶହ ଟଙ୍କା ଆଦାୟ କରିବା ଏସ୍ଏସ୍ବିର ବ୍ୟବସାୟିକ ମନୋଭାବ ଜଣାପଡୁଥିବା ଜଣେ ୟୁଜର୍ ଲେଖିଛନ୍ତି। ସେହିପରି ଗୌରିମଣୀ ଦାସ୍ ନାମକ ଜଣେ ପରୀକ୍ଷାର୍ଥୀ ତାଙ୍କ ପାଖରେ ଟଙ୍କା ନାହିଁ, ତାଙ୍କୁ ନ୍ୟାୟ ଦେବାକୁ ଅପିଲ୍ କରିଛନ୍ତି। ରଶ୍ମିରଞ୍ଜନ ଦାସ୍ ନାମକ ଜଣେ ୟୁଜର୍ ଲେଖିଛନ୍ତି ଯେ ପ୍ରଥମେ ଭୁଲ୍ ଉତ୍ତର ଦେବେ, ତା ପରେ ପ୍ରତିଟି ଚ୍ୟାଲେଞ୍ଜ ପାଇଁ ୨ଶହ ଲେଖାଏଁ ଆଦାୟ କରିବେ। ଗରିବ ମେଧାବୀଙ୍କ କଣ ହେବ ବୋଲି ସେ ପ୍ରଶ୍ନ କରିଛନ୍ତି। ଅନେକ ୟୁଜର୍ ଏହି ନିଷ୍ପତ୍ତିକୁ ପାଗଳାମି କହି ଉଭୟ ଏସ୍ଏସ୍ବି ଓ ବିଭାଗ ଉପରେ ବର୍ଷିଛନ୍ତି। ଏଣୁ ଏହି ନିଷ୍ପତ୍ତିର ପୁନଃ ବିଚାର କରିବା ସହ ଅଭିଯୋଗ ସତ୍ୟ ହେଲେ ଫି' ଫେରସ୍ତ କରିବାକୁ ଦାବି କରିଛନ୍ତି। ବିଏଡ୍ ପରୀକ୍ଷା ପରିଚାଳନାରେ ଅନିୟମିତତା ନେଇ ସନ୍ଦେହ ଥିବାରୁ ଆନ୍ସାର୍ କି' ପ୍ରକାଶ ପାଇବା ପରେ ବହୁ ପରୀକ୍ଷାର୍ଥୀ ନ୍ୟାୟାଳୟର ଦ୍ୱାରସ୍ଥ ହେବେ ବୋଲି ମଧ୍ୟ ପ୍ରକାଶ କରିଛନ୍ତି।

### ଆଜି ଅଧା ଓଡ଼ିଶାରେ...

ପ୍ରବଳରୁ ଅତିପ୍ରବଳ ବର୍ଷା ହୋଇପାରେ। ଏଥିପାଇଁ ଉପରୋକ୍ତ ଜିଲ୍ଲାଗୁଡ଼ିକୁ ଅରେଞ୍ଜ ସତର୍କ ସୂଚନା ଜାରି କରାଯାଇଛି। ସେହିପରି ବଲାଙ୍ଗୀର, ସୋନପୁର, ବୌଦ୍ଧ, କନ୍ଧମାଳ, କଳାହାଣ୍ଡି, ନୟାଗଡ, କଟକ ଓ ଢେଙ୍କାନାଳ ଜିଲ୍ଲାରେ ପ୍ରବଳ ବର୍ଷା ସମ୍ଭାବନା ଥିବାବେଳେ ଉପରୋକ୍ତ ଜିଲ୍ଲାଗୁଡ଼ିକୁ ୟେଲୋ ସତର୍କ ସୂଚନା ଜାରି କରାଯାଇଛି। ଏହାବ୍ୟତୀତ ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା, ଜଗତସିଂହପୁର ଓ ମୟୂରଭଞ୍ଜରେ ମଧ୍ୟ ବର୍ଷା ସମ୍ଭାବନା ଥିବା ଜଣାପଡ଼ିଛି। ୮ ତାରିଖରେ ନବରଙ୍ଗପୁର, କଳାହାଣ୍ଡି, ନୂଆପଡା, ବଲାଙ୍ଗୀର, ସୋନପୁର, ବରଗଡ, ସମ୍ବଲପୁର, ଝାରସୁଗୁଡା ଓ ସୁନ୍ଦରଗଡରେ ପ୍ରବଳ ବର୍ଷା ସମ୍ଭାବନା ରହିଥିବା ବୁଲେଟିନରେ ସୂଚନା ପ୍ରଦାନ କରାଯାଇଛି। ଆସନ୍ତା ୧୨ ତାରିଖ ଯାଏଁ ରାଜ୍ୟର ବିଭିନ୍ନ ଜିଲ୍ଲାରେ ପ୍ରବଳ ବର୍ଷା ସମ୍ଭାବନା ରହିଥିବା ବେଳେ ଏହାପରେ ପାଣିପାଗରେ ସାମାନ୍ୟ ପରିବର୍ତ୍ତନ ଘଟିବା ନେଇ କେନ୍ଦ୍ର ପକ୍ଷରୁ ସୂଚନା ଜାରି କରାଯାଇଛି।

### ହୀରାକୁଦ ଖୋଲିଲା...

ସେଥିମଧ୍ୟରୁ ନଦୀବନ୍ଧର ବାମପଟର ୧୩ଟି ଓ ଡାହାଣ ପଟର ୭ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ହେଉଛି। ସନ୍ଧ୍ୟା ୬ଟାରେ ଜଳଭଣ୍ଡାରର ଜଳସ୍ତର ୬୧୦.୦୪ ଫୁଟ୍ ରହିଥିଲା। ମହାନଦୀ ଅବବାହିକା, ବୁର୍ଲା ମୁଖ୍ୟଯନ୍ତ୍ରୀ ଓ ଅବବାହିକା ପରିଚାଳକ ସୁଶୀଲ କୁମାର ବେହେରା ଓ ଯନ୍ତ୍ରୀମାନେ ଏହାକୁ ପରିଚାଳନା କରିଥିଲେ। ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର, ମହାନଗର ନିଗମ ଆୟୁକ୍ତ ବେଦଭୂଷଣ, ଭାରତୀୟ ପ୍ରଶାସନିକ ସେବା ଶିକ୍ଷାନବୀଶ ଶୁଭ୍ରା ପଣ୍ଡାଙ୍କ ସମେତ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

ବର୍ତ୍ତମାନ ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୨,୫୦,୧୦୨ ଘନଫୁଟ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩,୩୬,୫୦୮ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୨,୯୭,୨୮୦ ଘନଫୁଟ, ପାୱାର ଚ୍ୟାନେଲ ଦେଇ ୩୫୭୭୧ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୩୪ ଘନଫୁଟ, କେନାଲ ପାଇଁ ୩୨୨୩ ଘନଫୁଟ ଜଳ ନିଷ୍କାସିତ ହେଉଛି।

ଅନ୍ୟପକ୍ଷରେ ତଳମୁଣ୍ଡରେ ବେଲଗାଁଠାରେ ୧୦୦୦୦ କ୍ୟୁସେକ ଜଳ ପ୍ରବାହିତ ହେଉଥିବା ବେଳେ ପଥର୍ଲାଠାରେ ୩୫୨୬୨ କ୍ୟୁସେକ, ଖଇରମାଲଠାରେ ୭୮୦୦୦ କ୍ୟୁସେକ, ବାରମୁଲଠାରେ ୮୨୦୦୦ କ୍ୟୁସେକ ଏବଂ ମୁଣ୍ଡଲୀଠାରେ ୧୧୮୭୬୭ କ୍ୟୁସେକ ଜଳ ପ୍ରବାହିତ ହେଉଥିବା ହୀରାକୁଦ ମୁଖ୍ୟ ନଦୀବନ୍ଧ ସୂତ୍ରରୁ ପ୍ରକାଶ। ସେହିପରି ଗତ ୨୪ ଘଣ୍ଟାରେ ଉପରମୁଣ୍ଡରେ ୫୬.୯୮ ମିମି ଏବଂ ତଳମୁଣ୍ଡରେ ୧୮.୫୮ ମିମି ବର୍ଷା ହୋଇଥିବା ଜଣାପଡ଼ିଛି। ଉପରମୁଣ୍ଡରେ ପ୍ରବଳ ବର୍ଷା ଓ ଛତିଶଗଡ଼ର କଲମା ବ୍ୟାରେଜ୍ ସମସ୍ତ ଗେଟ୍ ଦେଇ ଜଳ ନିଷ୍କାସନ ଜାରି ରହିଥିବାରୁ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ବୃଦ୍ଧି ପାଉଛି। ଏଥିପାଇଁ ହୀରାକୁଦ ନଦୀବନ୍ଧ କର୍ତ୍ତୃପକ୍ଷ ଜଳଭଣ୍ଡାରରୁ ଆଜି ଚଳିତବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ କରାଯିବାକୁ ନିଷ୍ପତ୍ତି ନେଇଥିଲେ। ତଦନୁଯାୟୀ ମହାନଦୀ ଅବବାହିକାରେ ଥିବା ୧୩ଟି ଜିଲ୍ଲାର ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧୀକ୍ଷକଙ୍କୁ ଅବଗତ କରାଯାଇଛି। ଏହାସହ ଡାକବାଜି ଯନ୍ତ୍ର ଯୋଗେ ପ୍ରଚାର କରି ସର୍ବସାଧାରଣଙ୍କୁ ସଚେତନ କରାଯାଉଛି। ବନ୍ୟାଜଳ ନିଷ୍କାସନ ସମୟରେ ନଦୀ ମଧ୍ୟକୁ ପ୍ରବେଶ ଓ ଅନ୍ୟାନ୍ୟ ବ୍ୟବହାର ପାଇଁ ଜନସାଧାରଣ ସତର୍କତା ଅବଲମ୍ବନ କରିବାକୁ କୁହାଯାଇଛି।

### ଶିବରାଜ, ଧର୍ମେନ୍ଦ୍ର...

କେନ୍ଦ୍ରମନ୍ତ୍ରୀ ନିର୍ମଳା ସୀତାରମଣ ଓ ଦଳର ବରିଷ୍ଠ ନେତ୍ରୀ ତଥା ଆନ୍ଧ୍ରପ୍ରଦେଶର ପୂର୍ବତନ ମୁଖ୍ୟମନ୍ତ୍ରୀ ଏନ୍‌ଟି ରାମାରାଓଙ୍କ ଝିଅ ପୁରନ୍ଦେଶ୍ୱରୀଙ୍କ ନାମ ମଧ୍ୟ ଏଥିପାଇଁ ଚର୍ଚ୍ଚା ହେଉଛି।

ଏହି ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ଚଳିତ ବର୍ଷ ବିହାର ବିଧାନସଭା ନିର୍ବାଚନ ଅନୁଷ୍ଠିତ ହେବ। ସେହିପରି ୨୦୨୬ରେ ପଶ୍ଚିମବଙ୍ଗ, ତେଲଙ୍ଗାନା, କେରଳ, ଆସାମ ଓ ୨୦୨୭ରେ ଉତ୍ତରପ୍ରଦେଶ, ଉତ୍ତରାଖଣ୍ଡ, ପଞ୍ଜାମ, ଗୋଆ, ମଣିପୁର ବିଧାନସଭା ନିର୍ବାଚନ ହେବ ଏବଂ ଗୁରୁତ୍ୱପୂର୍ଣ୍ଣ ରାଷ୍ଟ୍ରପତି ଓ ଉପରାଷ୍ଟ୍ରପତି ନିର୍ବାଚନ ମଧ୍ୟ ଏହି ବର୍ଷ ଅନୁଷ୍ଠିତ ହେବ। ତେଣୁ ଏସବୁକୁ ଦୃଷ୍ଟିରେ ରଖି ଦଳ ସଭାପତି ନିଯୁକ୍ତି ସମ୍ପର୍କରେ ନିଷ୍ପତ୍ତି ନେବ। ସମ୍ପ୍ରତି ତିନିଜଣ କେନ୍ଦ୍ରମନ୍ତ୍ରୀ ଶିବରାଜ ସିଂହ ଚୌହ୍ୱାନ, ମନୋହରଲାଲ ଖଟ୍ଟର, ଧର୍ମେନ୍ଦ୍ର ପ୍ରଧାନଙ୍କ ନାମକୁ ନେଇ ଦଳର ଶୀର୍ଷ ମହଲରେ ଚର୍ଚ୍ଚା ଚାଲିଛି। ସେହିପରି କେନ୍ଦ୍ରମନ୍ତ୍ରୀ ଭୂପେନ୍ଦ୍ର ଯାଦବ, ପୁରନ୍ଦେଶ୍ୱରୀଙ୍କ ସହ ଦୁଇ ଟାଣୁଆ ସଙ୍ଗଠକ ବି.ଏଲ୍.ସନ୍ତୋଷ ଓ ସୁନୀଲ ବଂଶଲଙ୍କ ନାମ ମଧ୍ୟ ଆଲୋଚନା ପରିଧିରେ ରହିଛି। ଦଳର କିଛି ନେତା ସାଧାରଣ ସମ୍ପାଦକ ବିନୋଦ ତାୱଡ଼େଙ୍କ ନାମ ସମ୍ପର୍କରେ ମଧ୍ୟ ଚର୍ଚ୍ଚା କରୁଛନ୍ତି।

କୁହାଯାଉଛି ଯେ ଅଧ୍ୟକ୍ଷ ନିର୍ବାଚନ ନିମନ୍ତେ ବିଜେପି ମୁଖ୍ୟତଃ ୩ଟି ପ୍ରସଙ୍ଗ ଉପରେ ଗୁରୁତ୍ୱାରୋପ କରିଛି। ସଂଗଠନାତ୍ମକ ଅଭିଜ୍ଞତା, ଆଞ୍ଚଳିକ ସନ୍ତୁଳନ, ଜାତିଗତ ସମୀକରଣ ଏ କ୍ଷେତ୍ରରେ ପ୍ରାଥମିକତା ଗ୍ରହଣ କରିଛି। ଖୁବ୍ ଶୀଘ୍ର ସଭାପତି ନିର୍ବାଚନ ନିମନ୍ତେ ଏକ କେନ୍ଦ୍ରୀୟ କମିଟି ଗଠନ କରାଯିବ। ଦଳର ସମ୍ବିଧାନ ଅନୁଯାୟୀ ୫୦ ପ୍ରତିଶତ ସାଂଗଠନିକ ରାଜ୍ୟ ଶାଖାଙ୍କ ଅଧ୍ୟକ୍ଷ ନିଯୁକ୍ତି ପରେ ଜାତୀୟ ଅଧ୍ୟକ୍ଷ ନିର୍ବାଚନ ହେବ। ସମ୍ପ୍ରତି ବିଜେପିର ୩୭ଟି ରାଜ୍ୟ ଶାଖା ରହିଛି। ଏଥିରୁ ୨୬ଟିର ଅଧ୍ୟକ୍ଷ ଚୟନ ସରିଛି। ଚଳିତ ମାସ ପ୍ରାରମ୍ଭର ଦୁଇ ଦିନ ମଧ୍ୟରେ ବିଜେପି ୯ ରାଜ୍ୟର ନୂଆ ଅଧ୍ୟକ୍ଷଙ୍କ ନାମ ଘୋଷଣା କରାଯାଇଛି। ତେଣୁ ଜାତୀୟ ସଭାପତି ନିର୍ବାଚନ ନିମନ୍ତେ କୌଣସି ବାଧା ନାହିଁ।

### ରାଜ୍ୟ ସଭାପତି...

ଜଣେ ବରିଷ୍ଠ ନେତା ସୂଚନା ଦେଇଛନ୍ତି। ସୂଚନା ଅନୁଯାୟୀ, ଆସନ୍ତାକାଲି ପୂର୍ବାହ୍ନ ୧୧ଟାରୁ ୨ଟା ସୁଦ୍ଧା ରାଜ୍ୟ ସଭାପତି ଓ ରାଷ୍ଟ୍ରୀୟ ପରିଷଦ ସଦସ୍ୟ ପଦ ପାଇଁ ନାମାଙ୍କନପତ୍ର ଦାଖଲ କରାଯିବ। ଅପରାହ୍ନ ୨ଟାରୁ ୩ଟା ମଧ୍ୟରେ ନାମାଙ୍କନ ସଂକ୍ରାନ୍ତ ଆପତ୍ତି ଅଭିଯୋଗର ଯାଞ୍ଚ କରାଯାଇ ୪ଟା ସୁଦ୍ଧା ଅନ୍ତିମ ସୂଚୀ ପ୍ରକାଶ କରାଯିବ। ଆବଶ୍ୟକ ହେଲେ ୮ ତାରିଖ ସକାଳ ୯ଟାରୁ ୧୧ଟା ପର୍ଯ୍ୟନ୍ତ ମତଦାନ ହେବ ଏବଂ ୧୧ଟା ୩୦ ସୁଦ୍ଧା ଚୂଡ଼ାନ୍ତ ଫଳାଫଳ ଘୋଷଣା କରାଯିବ। ଗତ ୧ରୁ ୩ ତାରିଖ ମଧ୍ୟରେ ପୂର୍ବରୁ ସଭାପତି ଏବଂ ରାଷ୍ଟ୍ରୀୟ ପରିଷଦ ସଦସ୍ୟ ନିର୍ବାଚନ ପାଇଁ ତାରିଖ ଧାର୍ଯ୍ୟ ହୋଇଥିଲା। ତେବେ ପୁରୀରେ ଘଟିଥିବା ଦଳାଚକଟା ମୃତ୍ୟୁ କାରଣରୁ ଏହି ନିର୍ବାଚନକୁ ଘୁଞ୍ଚାଇ ଦିଆଯାଇଥିଲା।

# ସମୁଦ୍ରରେ ବୁଡ଼ି ପର୍ଯ୍ୟଟକ ମୃତ, ୪ ଗୁରୁତର

ଭୋଗରାଇ, ୬।୭ (ସମିସ): ରବିବାର ଉଦୟପୁର ବେଳାଭୂମି ନିକଟ ସମୁଦ୍ରରେ ବୁଡ଼ି ଜଣେ ପର୍ଯ୍ୟଟକଙ୍କ ମୃତ୍ୟୁ ଘଟିଥିବା ବେଳେ ୪ ଜଣ ଗୁରୁତର ହୋଇଛନ୍ତି। ବିହାର ରାଜ୍ୟର ଭାଗଲପୁର ଅଞ୍ଚଳର କେତେଜଣ ଯୁବକ ଆଜି ଅପରାହ୍ଣ ପ୍ରାୟ ୩ଟାରେ ଉଦୟପୁର ବେଳାଭୂମିରେ ମଦ୍ୟ ପାନ କରି ସମୁଦ୍ରରେ ଗାଧୋଉଥିଲେ। ସେମାନଙ୍କ ମଧ୍ୟରୁ ୩ ଜଣ ଓ ଅପରାହ୍ଣ ୫ଟାରେ ପଶ୍ଚିମବଙ୍ଗର ୫ଜଣ ଯୁବକ/ଯୁବତୀ ଗାଧୋଉଥିବା ବେଳେ ସେମାନଙ୍କ ମଧ୍ୟରୁ ଜଣେ ଯୁବକ ଭାସି ଯାଇଥିଲେ। ୪ ଜଣଙ୍କୁ ଚେତାଶୂନ୍ୟ ଅବସ୍ଥାରେ ସ୍ଥାନୀୟ ଯୁବକମାନେ ଉଦ୍ଧାର କରି ପଡ଼ୋଶୀ ପଶ୍ଚିମବଙ୍ଗର ଦୀଘା ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। ସେଠାରେ ବିହାର ଭାଗଲପୁର ଅଞ୍ଚଳର ଜଣେ ଯୁବକଙ୍କ ମୃତ୍ୟୁ ହୋଇଥିବା ଜଣାପଡ଼ିଛି।


**AFFIDAVIT**

By virtue of an affidavit sworn before Notary Public, Rourkela, dated 29.05.2025, I Basanti Mohapatra, W/o- Bipin Bihari Mohapatra Address - QR No C3M 33,R.D.A Colony, Chhend phase 2, PO- Rourkela 15, PS-Chhend, Dist- Sundargarh, Odisha, Pin- 769015 declare that I have changed my name from Basantibala Mohapatra to Basanti Mohapatra. Henceforth I shall be known as BASANTI MOHAPATRA for all purposes.

Basanti Mohapatra

**ODISHA MINING ADARSHA VIDYALAYA**
AT-Phulbad, PO-Umuri, Jeypore,Dist-Koraput (Odisha), Pin-764002
(An English Medium Secondary School Under Ministry of S & M E, Govt. of Odisha, Sponsored by Odisha Mining Corporation)
Phone : 7978897651 E-mail : principalomavjeypore@gmail.com

**SHORT TENDER CALL NOTICE No. 01/25**

Sealed Tenders are invited from Registered Firms having GST number and Tax Clearance for supply of Grocery Items, Non-Veg items, Students' TLM , School Uniforms and Sports Items latest by 22 July 2025 5.00 P.M. by Regd/Speed Post. The tender paper for each item with terms and conditions may be obtained from the Office of the Principal, ODISHA MINING ADARSHA VIDYALAYA, JEYPORE on cash payment of Rs. 200/- only per form during office hours. The tenders will be opened in presence of the Tenderers or their duly authorised representative at 11 A.M. on 23 July 2025. The Principal, ODISHA MINING ADARSHA VIDYALAYA, JEYPORE has the sole right to reject any one or all Tenders without assigning any reason thereof.

sd/-
Principal, OMAV, Jeypore

**NOTICE (for Minor)**

By virtue of an affidavit sworn before Notary Public, Udala, Mayurbhanj dated 28-05-2025 I, Debashree Lenka , Address of Kanhupur P.O.- B.C.Pur, Dist-Mayurbhanj, Odisha, Pin-757085 declare that I have changed the name of my son from Kanha Lenka to Jyoti Prakash Lenka. Henceforth, he shall be known as Jyoti Prakash Lenka for all purposes.

(Debashree Lenka)

B-274

E-mail ID: cebuildings_orissa@yahoo.co.in
cebuildings@rediffmail.com
Tel. -(0674)- 2391523

**OFFICE OF THE ENGINEER-IN-CHIEF (CIVIL), ODISHA**
**NIRMAN SOUDHA, UNIT-V, BHUBANESWAR**
**INVITATIONS FOR BIDS (IFB)**

File No.- B-I- Tourism-05/2025/26152 / Bhubaneswar, the 4th July, 2025

Invitation for Bids
1st Corrigendum

Tender Reference No. C.E. (B) - 14 / 2025-26

Name of the Work : Periphery Development of Narayani Temple, Khalikote in Ganjam District.

The following changes have been made in Bid Identification No. C.E. (B) - 14 / 2025-26

1. Bid documents such as DTCN / BOQ etc. can be seen / downloaded from the Govt. Website i.e. www.tendersorissa.gov.in, during the period from dt.21.07.2025 to 17.00 hours of dt.05.08.2025 instead of dt.04.07.2025 to dt.19.07.2025 for ONLINE BIDDING respectively.
2. Online bids shall be received till 17.00 Hours of dt.05.08.2025 instead of dt.19.07.2025.
3. The technical bids will be opened at 11.30 A.M. of dt.06.08.2025 instead of dt.21.07.2025.

All other terms and conditions remain unchanged.

Chief Engineer (Buildings-I),
Odisha, Bhubaneswar

OIPR-34117/11/0116/2526

**NOTICE**

By virtue of an affidavit sworn before Notary Public, Balasore , Sl. No.-75/3 , Date-26/06/2025 . I Raghunath Singh (New Name ) , Adress- At- San Maitapur, Po-Maitapur, Ps-Bhadrak, Dist-Bhadrak, Odisha, Pin-756111 declare that I have change my name from Kanha Singh (Old Name) to Raghunath Singh (New Name). Henceforth, I shall be known as Raghunath Singh (New Name) for all purposes.

Raghunath Singh

**SBI ଭାରତୀୟ ଷ୍ଟେଟ୍ ବ୍ୟାଙ୍କ**
ଆସ୍କା ମୁଖ୍ୟ ଶାଖା
କଳିଙ୍ଗ ରୋଡ ଆସ୍କା, ଗଞ୍ଜାମ, ପିନ୍-୭୬୧୧୧୦

**ଇ-ନିଲାମ / ବିକ୍ରୟ ବିଜ୍ଞପ୍ତି**

ନିମ୍ନ ସ୍ୱାକ୍ଷରକାରୀ ଭାରତୀୟ ଷ୍ଟେଟ୍ ବ୍ୟାଙ୍କର କ୍ଷମତାପ୍ରାପ୍ତ ଅଧିକାରୀ ନିମ୍ନଲିଖିତ ଗାଡିକୁ ଦଖଲ ନେଇଛନ୍ତି। ସର୍ବସାଧାରଣଙ୍କୁ ଏତଦ୍ଦ୍ୱାରା ଜଣାଇ ଦିଆଯାଉଛି କି ବ୍ୟାଙ୍କ ଦେୟ ଆଦାୟକରଣ ନିମନ୍ତେ ନିମ୍ନଲିଖିତ ବନ୍ଧକପ୍ରାପ୍ତ ଗାଡିକୁ "ଯେଉଁଠାରେ ଯେପରି ଅଛି ଓ ଯାହା ଯେପରି ଅଛି" ଏବଂ "ସେଠାରେ ଯାହା ଅଛି" ଭିତ୍ତିରେ ଇ-ନିଲାମ ମାଧ୍ୟମରେ ନିମ୍ନପ୍ରଦତ୍ତ ନିୟମ ଓ ସର୍ତ୍ତାବଳୀ ଅନୁସାରେ ବିକ୍ରୟ କରିବା ପାଇଁ ସ୍ଥିର କରିଛନ୍ତି।

ଇ-ନିଲାମ ତାରିଖ ଏବଂ ସମୟ: ତା.୨୨.୦୭.୨୦୨୫ରିଖ ପୂର୍ବାହ୍ନ ୧୧.୦୦ ଘଟିକା ରୁ ଅପରାହ୍ନ ୩.୦୦ ଘଟିକା ପର୍ଯ୍ୟନ୍ତ
ଗାଡି ତନଖି କରିବାର ତାରିଖ ଓ ସମୟ: ୧୭.୦୭.୨୦୨୫ ରୁ ୨୧.୦୭.୨୦୨୫ ପୂର୍ବାହ୍ନ ୧୦.୦୦ ଘଟିକାରୁ ଅପରାହ୍ନ ୫.୦୦ ଘଟିକା (ରବିବାର ଛୁଟିଦିନ)

| କ୍ର ନଂ. | ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାମାନଙ୍କ ନାମ ଏବଂ ଠିକଣା/ଆକାଉଣ୍ଟ ନଂ. | ଗାଡ଼ିର ବିବରଣୀ | ବକେୟା ପରିମାଣ ଯାହାକି ଆଦାୟ ନିମନ୍ତେ ଗାଡିର ବିକ୍ରୟ | ସଂରକ୍ଷିତ ମୂଲ୍ୟ / ଅମାନତ ଜମା / ବିଡ୍ ବୃଦ୍ଧି ପରିମାଣ |
|---|---|---|---|---|
| ୧. | ଋଣଗ୍ରହୀତା: ଶ୍ରୀମତୀ ମଞ୍ଜୁଳା ବେହେରା, ସ୍ୱାମୀ: ଶ୍ରୀ ଭୁପତି କୃଷ୍ଣ ବେହେରା, ସା: ଖମ୍ବେଶ୍ୱରୀପାଟଣା, ଗୋପିନାଥ ମନ୍ଦିର ନିକଟ, ଆସ୍କା, ଗଞ୍ଜାମ, ଓଡ଼ିଶା, ପିନ୍-୭୬୧୧୧୦ / ଆକାଉଣ୍ଟ ନଂ.: ୪୧୪୬୭୭୩୨୦୩୦ | TATA ACE GOLD+ DIESEL BS VI Regd. No.: OD32H3494 Chassis No.: MAT559029NVN63147 Engine No.: 700CCDI02NXXSF1811 | ୦୪.୦୬.୨୦୨୫ ସୁଦ୍ଧା ଟ.୪,୦୬,୦୯୦.୧୩ + ୦୫.୦୬.୨୦୨୫ ଠାରୁ ସେବାବଦ ସୁଧ ଏବଂ ଅନ୍ୟାନ୍ୟ ଖର୍ଚ୍ଚ | ଟ.୩,୦୦,୦୦୦/- / ଟ.୩୦,୦୦୦/- / ଟ.୫,୦୦୦/- |

ଇଚ୍ଛୁକ ନିଲାମଧାରୀ ଯେଉଁମାନେ ଲଗ୍ଇନ୍ ଆଇଡି ଏବଂ ପାସ୍ୱାର୍ଡ ତିଆରି କରିବା ପାଇଁ ସହାୟତା ଚାହୁଁଛନ୍ତି, ଡାଟା ଅପଲୋଡିଂ, ବିଡ୍ କାଗଜାତ ଦାଖଲ, ଟ୍ରେନିଂ/ଡେମୋନଷ୍ଟ୍ରେସନ, ଅନ୍ଲାଇନ ଇଣ୍ଟର-ସେ ବିଡିଂର ନିୟମ ଓ ସର୍ତ୍ତାବଳୀ ଇତ୍ୟାଦି ଏବଂ ପ୍ରାକ୍-ବିଡ୍ ଅମାନତ ରାଶି ଜମା କରିବା ନିମନ୍ତେ ୱେବ୍ସାଇଟ୍: https://baanknet.com ପରିଦର୍ଶନ କରନ୍ତୁ। baanknet.com ବ୍ୟାଙ୍କ ଆକାଉଣ୍ଟକୁ ରସିଦ ପ୍ରାପ୍ତ କଲାପରେ ଏବଂ ଏହି ସୂଚନାକୁ ଇ-ନିଲାମ ୱେବ୍ସାଇଟ୍ରେ ଅପଲୋଡ କରିବା ପରେ ପ୍ରାକ୍-ବିଡ୍ ଅମାନତ ବିଡରଙ୍କୁ କ୍ରେଡିଟ୍ କରାଯିବ। ବ୍ୟାଙ୍କିଙ୍ଗ ପ୍ରକ୍ରିୟାରେ କିଛି ସମୟ ଲାଗିପାରେ, ତେଣୁ ନିଲାମଧାରୀମାନଙ୍କୁ ପରାମର୍ଶ କି, ସେମାନେ ନିଜସ୍ୱ ଇଚ୍ଛାରେ ଶେଷ ସମୟରେ ହେବାକୁ ଥିବା ଅସୁବିଧାକୁ ଏଡାଇବା ନିମନ୍ତେ ଇ-ନିଲାମର ଯଥେଷ୍ଟ ପୂର୍ବରୁ ପ୍ରାକ୍-ବିଡ୍ ଅମାନତ ରାଶି ଜମା କରନ୍ତୁ। ସରକାରୀ/ସ୍ଥାନୀୟ ସଂସ୍ଥାକୁ ପ୍ରଦାନ କରିବାକୁ ଥିବା କୌଣସି ବୈଧାନିକ ଦେୟ/ଦାୟିତ୍ୱ ଇତ୍ୟାଦି ବିଷୟରେ ବ୍ୟାଙ୍କ ଜଣା ନାହିଁ ଏବଂ ଯଦି କିଛି ଥାଏ, ତାହା ସଫଳ ନିଲାମଧାରୀଙ୍କ ଦ୍ୱାରା ବହନ କରାଯିବ। ବ୍ୟାଙ୍କ କୌଣସି କାରଣ ନଦର୍ଶାଇ ଯେକୌଣସି କିମ୍ବା ସମସ୍ତ ପ୍ରସ୍ତାବକୁ ଗ୍ରହଣ କିମ୍ବା ନାକଚ କରିବାର ଅଧିକାର ସଂରକ୍ଷିତ ରଖିଅଛି।

ନିୟମ ଏବଂ ସର୍ତ୍ତାବଳୀର ସବିଶେଷ ବିବରଣୀ ନିମନ୍ତେ ଭାରତୀୟ ଷ୍ଟେଟ୍ ବ୍ୟାଙ୍କ, ସୁରକ୍ଷିତ ଋଣଦାତାଙ୍କ ୱେବ୍ସାଇଟ୍ : https://sbi.co.in/web/sbi-in-the-news/auction-notices/sarfaesi-and-others, https://baanknet.com (e-Bkray Portal)

ଗାଡିର ପାର୍କିଂ ସ୍ଥାନ: ମେସର୍ସ ଦିଶା ଆସୋସିଏଟ୍ସ, ଏନ୍ଏଚ୍-୫, ଗୋପାଳପୁର ଜଙ୍କସନ୍, ହୁରା ବାଏପାସ୍, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ

ଗାଡି ସମ୍ବନ୍ଧୀୟ ଅନୁସନ୍ଧାନ ନିମନ୍ତେ ଯୋଗାଯୋଗ କରନ୍ତୁ: ମୋ.: ୬୩୭୦୫୨୧୮୩୭

ସ୍ଥାନ : ଆସ୍କା, ତାରିଖ : ୦୫.୦୭.୨୦୨୫ — ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ, ଭାରତୀୟ ଷ୍ଟେଟ୍ ବ୍ୟାଙ୍କ



# ଭୁବନେଶ୍ୱର ସିଟି

# ସୁନାବେଶରେ ଦର୍ଶନଦେଲେ ମହାବାହୁ







**ରାଜଧାନୀର ବିଭିନ୍ନ ମନ୍ଦିରରେ ଭକ୍ତଙ୍କ ଭିଡ଼**

ଭୁବନେଶ୍ୱର,୬।୭ (ସମିସ)

ରଥ ଉପରେ ସୁନାବେଶରେ ଦର୍ଶନ ଦେଇଛନ୍ତି ମହାପ୍ରଭୁ ବଳଭଦ୍ର, ମା' ସୁଭଦ୍ରା ଓ ପ୍ରଭୁ ଶ୍ରୀଜଗନ୍ନାଥ। ଏକାମ୍ର କ୍ଷେତ୍ରରେ ଥିବା ବିଭିନ୍ନ ମନ୍ଦିର ନିକଟରେ ରଥ ଉପରେ ଏହି ବେଶକୁ ଦର୍ଶନ କରିବାକୁ ପ୍ରବଳ ଜନସମାଗମ ହୋଇଛି। ଦୁଇ କର ଯୋଡ଼ି ଜଗତର ନାଥଙ୍କୁ ସୁନାବେଶରେ ଦର୍ଶନ କରି ଐଶ୍ୱର୍ଯ୍ୟ ଲାଭ କରିଥିବା ଅନୁଭବ କରିଛନ୍ତି ଶ୍ରଦ୍ଧାଳୁ। ବିଶେଷକରି ଇସ୍କନ ମନ୍ଦିର, ଓୟୁଏଟି, ଜାଗମରା ଭଳି ପ୍ରମୁଖ ଜଗନ୍ନାଥ ମନ୍ଦିର ନିକଟରେ ପ୍ରବଳ ଭିଡ଼ ଜମିଥିଲା। ସକାଳୁ ପ୍ରଭୁଙ୍କ ବିଭିନ୍ନ ନୀତିକାନ୍ତି ଅନୁଷ୍ଠିତ ହୋଇଥିଲା। ରଥାରୁଢ଼ ଦିଅଁମାନଙ୍କୁ ପୂଜାର୍ଚ୍ଚନା କରାଯାଇ ମଧ୍ୟାହ୍ନ ଧୂପ ଶେଷ ହେବାପରେ ନାନାଦି ସ୍ୱର୍ଣ୍ଣାଳଙ୍କାରରେ ସଜ୍ଜିତ କରାଯାଇଥିଲା। ଦର୍ଶନ କରିବାକୁ ଭକ୍ତଙ୍କ ସୁଅ ଛୁଟିଥିଲା।

ଇସ୍କନ ମନ୍ଦିରରେ ବିଭିନ୍ନ ନୀତିକାନ୍ତି ପରେ ସନ୍ଧ୍ୟା ପ୍ରାୟ ୭ଟାରେ ବେଶ କରାଯାଇ ଭକ୍ତଙ୍କ ଦର୍ଶନ କରାଯାଇଥିଲା। ପ୍ରଶାସନ ପକ୍ଷରୁ ଶୃଙ୍ଖଳିତ ଦର୍ଶନ ପାଇଁ ବ୍ୟାପକ ବ୍ୟବସ୍ଥା କରାଯାଇଥିଲା। ବିଭିନ୍ନ ଛକଜାଗା ସମେତ ମନ୍ଦିର ନିକଟରେ ବହୁ ସଂଖ୍ୟକ ପୁଲିସ ନିୟୋଜିତ କରାଯାଇଥିଲା। ଝିପିଝିପି ବର୍ଷା ସତ୍ତ୍ୱେ ଭକ୍ତଙ୍କ ଗହଳି ବିଳମ୍ବିତ ରାତି ପର୍ଯ୍ୟନ୍ତ ଲାଗି ରହିଥିଲା।

ସେହିପରି ୟୁନିଟ-୫ ଜଗନ୍ନାଥ ମନ୍ଦିରରେ ମହାପ୍ରଭୁଙ୍କ ସୁନାବେଶ ନୀତି ସମ୍ପନ୍ନ ହୋଇଛି। ଏଥିସହ ହରିଶୟନ ଏକାଦଶୀ ନୀତି ଆଜି ମନ୍ଦିରରେ ରୀତିନୀତି ଅନୁଯାୟୀ ପାଳିତ ହୋଇଥିଲା। ଯେହେତୁ ଚତୁର୍ଦ୍ଧା ମୂର୍ତ୍ତି ରଥ ଉପରେ ବିରାଜମାନ କରିଛନ୍ତି। ତେଣୁ ସବୁ ରୀତିନୀତି ରଥ ଉପରେ ହିଁ ଅନୁଷ୍ଠିତ ହେଉଛି। ସୁନାବେଶ ପାଇଁ ସନ୍ଧ୍ୟା ପୂର୍ବରୁ ସନ୍ଧ୍ୟା ଆଳତୀ କରାଯାଇଥିଲା। ଏହାପରେ ଶ୍ରୀବିଗ୍ରହଙ୍କୁ ଅବିକଳ ସ୍ୱର୍ଣ୍ଣ ସଦୃଶ ଆଭୂଷଣରେ ସୁସଜ୍ଜିତ କରାଯାଇଥିଲା। ହଜାର ହଜାର ସଂଖ୍ୟାରେ ଶ୍ରଦ୍ଧାଳୁ ମହାପ୍ରଭୁଙ୍କ ସୁନାବେଶ ଦର୍ଶନ ସହ ପୂଜାର୍ଚ୍ଚନା କରିଥିଲେ। ରାଜ୍ୟ ସଂସ୍କୃତି ବିଭାଗ ସୌଜନ୍ୟରେ ଭୁବନେଶ୍ୱରର ଭାବ ସାଗର ଭଜନ ସନ୍ଧ୍ୟା ଅନୁଷ୍ଠାନ ଦ୍ୱାରା ଭଜନ ପରିବେଷଣ କରାଯାଇଥିଲା। ମନ୍ଦିର ପରିଚାଳନା କମିଟି ପକ୍ଷରୁ ଶ୍ରଦ୍ଧାଳୁଙ୍କ ପାଇଁ ପ୍ରସାଦ ସେବନର ବ୍ୟବସ୍ଥା କରାଯାଇଥିଲା। ଆସନ୍ତା କାଲି ଅଧରପଣା ନୀତି ଅନୁଷ୍ଠିତ ହେବ।

ଅନ୍ୟପଟେ ଧର୍ମବିହାରସ୍ଥିତ ଜଗନ୍ନାଥ ମନ୍ଦିର ପରିସରରେ ସକାଳ ୬ ଟାରେ ରଥ ଉପରେ ପହଡ଼ ଖୋଲାଯାଇ ମଙ୍ଗଳ ଆଳତି କରାଯାଇଥିଲା। ପରେ ପରେ ଅବକାଶ ନୀତି ଓ ତଡ଼ପଲାଗି ହୋଇଥିଲା। ତଡ଼ପଲାଗି ନୀତିରେ ଦିଅଁଙ୍କ ସ୍ନାନ ହେବା ପରେ ପାଟ ବସ୍ତ୍ର ପରିଧାନ କରାଯାଇଥିଲା। ଆଜି ଏକାଦଶୀରେ ଫଳ ଓ ମିଷ୍ଟାନ୍ନ ଲାଗି କରାଯାଇଥିଲା। ଦିନ ୪ ଟାରେ ନୀତିକାନ୍ତି ପୂର୍ବକ ଦିଅଁଙ୍କୁ ପାଟବସ୍ତ୍ର ସହ ସୁନାବେଶରେ ସଜ୍ଜିତ କରାଯାଇଥିଲା। ୭ ଟାରେ ସନ୍ଧ୍ୟା ଆଳତୀ ସହ ଭକ୍ତଙ୍କୁ ପ୍ରଭୁ ଦର୍ଶନ ଦେଇଥିଲେ। ଏହା ସହିତ ଭକ୍ତଙ୍କ ପାଇଁ ସନ୍ଧ୍ୟା ଭଜନର ଆୟୋଜନ କରାଯାଇଥିଲା। ପରେ ଭକ୍ତଙ୍କ ପାଇଁ ପ୍ରସାଦ ସେବନର ବ୍ୟବସ୍ଥା କରାଯାଇଥିଲା। ସୋମବାର ଅନ୍ୟାନ୍ୟ ନୀତିକାନ୍ତି ପରେ ରାତିରେ ଅଧରପଣା ନୀତି ଅନୁଷ୍ଠିତ ହେବ।

ସେହିପରି ପଟିଆ, ଚନ୍ଦ୍ରଶେଖରପୁର, ପୁରୁଣା ଭୁବନେଶ୍ୱର, ବାଣୀବିହାର, ବରମୁଣ୍ଡା, ୟୁନିଟ୍-୮, ଓୟୁଏଟି ଜଗନ୍ନାଥ ମନ୍ଦିର, କିଟ୍ ଶ୍ରୀବାଣୀ କ୍ଷେତ୍ର ଆଦି ସ୍ଥାନରେ ଜଗନ୍ନାଥ ମନ୍ଦିରରେ ନୀତିକାନ୍ତି ଅନୁସାରେ ସମସ୍ତ କାର୍ଯ୍ୟ ସମ୍ପନ୍ନ କରାଯାଇଥିଲା। ଏହାସହିତ ସାଂସ୍କୃତିକ କାର୍ଯ୍ୟକ୍ରମର ମଧ୍ୟ ଆୟୋଜନ କରାଯାଇଥିଲା। ସୋମବାର ଅଧରପଣା ଓ ମଙ୍ଗଳବାର ନୀଳାଦ୍ରିବିଜେ କରାଯାଇ ରତ୍ନସିଂହାସନକୁ ଯିବେ ଠାକୁର।

# ଝଟକିଲେ ଚତୁର୍ଦ୍ଧା ମୂର୍ତ୍ତି



ବାଲିପାଟଣା,୬।୭ (ସମିସ): ଆଜି ଏକାଦଶୀ ତିଥିରେ ମହାପ୍ରଭୁଙ୍କ ସୁନାବେଶ ଅବସରରେ ମହୁଖଣ୍ଡା ଠାରେ ସୁନା ଅଳଙ୍କାରରେ ସଜେଇ ହୋଇଛନ୍ତି ତିନି ଠାକୁର। ଝଲ୍ ଝଲ ଝଟକୁଛି ମହାପ୍ରଭୁଙ୍କର ଅପୂର୍ବ ଦୃଶ୍ୟ। ହଜାର ହଜାର ଦର୍ଶକଙ୍କ ଉପସ୍ଥିତିରେ ଚଳିତବର୍ଷ ପ୍ରତିଷ୍ଠା ହୋଇଥିବା ଶ୍ରୀଜଗନ୍ନାଥଙ୍କ ମନ୍ଦିର ସମ୍ମୁଖରେ ଅପୂର୍ବ ରୂପରେ ରଥରେ ବିରାଜମାନ କରିଛନ୍ତି ତିନି ଠାକୁର। ବାଲିପାଟଣା ପୁଲିସ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ପୂଜକ ପ୍ରମୋଦ ପାଢ଼ୀ ଓ କର୍ତ୍ତା ଅକ୍ଷୟ ବିକ୍ରମ ଖଟୁଆଙ୍କ ସହିତ ତାପସ ଜେନା, ଚନ୍ଦ୍ରକାନ୍ତ ଖଟୁଆ, କପିଳେନ୍ଦ୍ର ଜେନା, ତ୍ରିଲୋଚନ ତ୍ରିପାଠୀ, ଅଗାଧୁ ମୁଖି, ବିପିନ ମୁଖୀ, ମାଧବ ଜେନା ଓ ଗ୍ରାମର ଉତ୍ସାହୀ ଯୁବକ ଠାକୁରଙ୍କ ନୀତିକାନ୍ତିକୁ ଶୃଙ୍ଖଳିତ ଭାବେ ନିର୍ବାହ କରିଛନ୍ତି। ସେହିପରି ବାଲିପାଟଣା, ନୂଆସାହି ପ୍ରଭୃତି ସ୍ଥାନରେ ସୁନାବେଶ ଦେଖିବାକୁ ଶହ ଶହ ଶ୍ରଦ୍ଧାଳୁଙ୍କ ଭିଡ଼ ହୋଇଛି।

# ଅଜିତ ଆର୍ଟ ଆଣ୍ଡ କ୍ରାଫ୍ଟ ପକ୍ଷରୁ 'ତୂଳୀରେ ଶ୍ରୀଜଗନ୍ନାଥ'



ଭୁବନେଶ୍ୱର,୬।୭ (ସମିସ): ପବିତ୍ର ଶ୍ରୀଗୁଣ୍ଡିଚା ଓ ବାହୁଡ଼ା ଯାତ୍ରା ଉପଲକ୍ଷେ ଅଜିତ ଆର୍ଟ ଆଣ୍ଡ କ୍ରାଫ୍ଟ ପକ୍ଷରୁ 'ତୂଳୀରେ ଶ୍ରୀଜଗନ୍ନାଥ' ଥିମରେ ଭୁବନେଶ୍ୱରର କଳ୍ପନା ସ୍ଥିତ ସର୍କିଲୋ କ୍ୟାଫେରେ ଚିତ୍ର କର୍ମଶାଳା ଆୟୋଜିତ ହୋଇଯାଇଛି। ଏଥିରେ ଭାଗ ନେଇଥିବା ଛୋଟ ପିଲାଙ୍କଠାରୁ ଆରମ୍ଭକରି ବଡ଼ ଲୋକ ସଭିଏଁ ଅତି ଆନନ୍ଦର ସହ ଜଗନ୍ନାଥଙ୍କ ଚିତ୍ର ଆଙ୍କିଥିଲେ। ଜଗନ୍ନାଥ କଳା ସଂସ୍କୃତିର ପ୍ରଚାରପ୍ରସାର ଦିଗରେ ଏହା ଏକ ଛୋଟ ପ୍ରୟାସ ବୋଲି କହିଛନ୍ତି ଅଜିତ୍ ଆର୍ଟ ଆଣ୍ଡ କ୍ରାଫ୍ଟର ପ୍ରତିଷ୍ଠାତା ଅଜିତ୍ ପ୍ରସାଦ।

# ଓଡ଼ିଶା ଲେଖିକା ସଂସଦର ମାସିକ ଆସର

ଭୁବନେଶ୍ୱର,୬।୭ (ସମିସ): ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସୁନାବେଶ ଅବସରରେ ଓଡ଼ିଶା ଲେଖିକା ସଂସଦର ମାସିକ ଆସର ଅନୁଷ୍ଠିତ ହୋଇଯାଇଛି। ଏହି ଆସରରେ ସଂସଦର ସଭାପତି ଡ. ଶକୁନ୍ତଳା ବଳିୟାରସିଂ ସଭାପତିତ୍ୱ କରିଥିଲେ। ଡ. ଅଞ୍ଜଳି ତ୍ରିପାଠୀ ସ୍ୱରଚିତ



ଭକ୍ତି ସଂଗୀତ ଗାନ କରିବା ପରେ ବୈଠକ ଆରମ୍ଭ କରାଯାଇଥିଲା। ଓଡ଼ିଶା ଲେଖିକା ସଂସଦ ବାଲେଶ୍ୱର ଶାଖାର ରଜୋତ୍ସବରେ ପ୍ରକାଶିତ ବୈଜୟନ୍ତୀ ପତ୍ରିକା ସେଠାର ଆବାହିକା ଡ. ସିନ୍ଧୁ ସେନଙ୍କ ଉପସ୍ଥିତିରେ ସଂସଦର ସଭ୍ୟମାନଙ୍କ ମଧ୍ୟରେ ବିତରଣ କରାଯାଇଥିଲା। ବାସନ୍ତୀ ରଥ, ଆଶାଲତା ଦାଶ, ସୁଷମା ଲେଙ୍କା, ସନ୍ଧ୍ୟାରାଣୀ ପୃଷ୍ଟି ପ୍ରମୁଖ ତିରିଶିରୁ ଊର୍ଦ୍ଧ୍ୱ କବି ସ୍ୱରଚିତ କବିତାମାନ ପାଠ କରିଥିଲେ। ଆସରରେ ପ୍ରାୟ ପଚାଶ ଜଣ ସଦସ୍ୟା ଉପସ୍ଥିତ ଥିଲେ। ଶେଷରେ ସଂସଦର ଯୁଗ୍ମ ସମ୍ପାଦିକା କାନନବାଳା ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ।

# ପରିବେଶ ସଚେତନତା ଶୋଭାଯାତ୍ରା

ବାଲିଅନ୍ତା,୬।୭ (ସମିସ): ବାଲିଅନ୍ତା ବ୍ଲକ୍ ବାଲକାଟିସ୍ଥିତ ନିର୍ମାଣ ଏଜୁକେଶନ ଟ୍ରଷ୍ଟ ଅଡିଟୋରିୟମରେ ପରିବେଶ ଭିତ୍ତିକ ସାମାଜିକ ଅନୁଷ୍ଠାନ ଗ୍ରୀନ ଜୟଦେବ ଫାଉଣ୍ଡେସନ ଟ୍ରଷ୍ଟ, କାଞ୍ଚନ ଫାଉଣ୍ଡେସନ ଟ୍ରଷ୍ଟ, ନିର୍ମାଣ ଏଜୁକେସନ ଟ୍ରଷ୍ଟ ଓ ଉତ୍କଳ ଜୟଦେବ ଫାଉଣ୍ଡେସନ୍ ଟ୍ରଷ୍ଟ ମିଳିତ ସହଯୋଗରେ ୭୬ତମ ବନ ମହୋତ୍ସବ ପାଳିତ ହୋଇଯାଇଛି। ଏହି ଅବସରରେ ଏକ ସଚେତନତା ଶୋଭାଯାତ୍ରା ବାହାରିଥିଲା। ପିଲାମାନେ ହାତରେ ବିଭିନ୍ନ ପରିବେଶ ସଚେତନତା ବାର୍ତ୍ତା ଲିଖିତ ପ୍ଲା କାର୍ଡ ଧରି ସଚେତନ କରାଯାଇଥିଲା। ଶୋଭାଯାତ୍ରା ବାଲକାଟି ବଜାର ପରିକ୍ରମା କରିଥିଲା। ପରେ ପିଲାମାନଙ୍କୁ ନେଇ ପରିବେଶ ଉପରେ ଚିତ୍ରାଙ୍କନ, ବକ୍ତୃତା ଓ ଓଡ଼ିଆ ରଚନା ପ୍ରତିଯୋଗିତା କରାଯାଇଥିଲା। ଏହି ଉତ୍ସବରେ ମୁଖ୍ୟ ଅତିଥି ଭାବେ ଶିକ୍ଷାବିତ୍ ବିଧୁଭୂଷଣ ପଟ୍ଟନାୟକ, ନିର୍ଦ୍ଦେଶକ ସିଦ୍ଧେଶ୍ୱର ମହାନ୍ତି, ପ୍ରକୃତିବନ୍ଧୁ ନିରଞ୍ଜନ ସେନାପତି, ସମାଜସେବୀ ରଞ୍ଜନ କୁମାର ମହାପାତ୍ର, ପ୍ରକୃତିବନ୍ଧୁ ଦୀନବନ୍ଧୁ ଭୋଇ, ପ୍ରଦୀପ୍ତ କୁମାର ମହାନ୍ତି ପ୍ରମୁଖ ଉପସ୍ଥିତ କରିଥିଲେ।

# ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ଶ୍ରାଦ୍ଧୋତ୍ସବ

ଭୁବନେଶ୍ୱର,୬।୭ (ସମିସ)



ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟରେ ସ୍ନାତକୋତ୍ତର ଓଡ଼ିଆ ଭାଷା ଓ ସାହିତ୍ୟ ବିଭାଗ ଏବଂ ଓଡ଼ିଶୀ କଣ୍ଠ ସଂଗୀତ ବିଭାଗର ମିଳିତ ଆନୁକୂଲ୍ୟରେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ଶ୍ରାଦ୍ଧୋତ୍ସବ ପାଳିତ ହୋଇଯାଇଛି। ଏହି ଅବସରରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ କୁଳପତି ପ୍ରଫେସର ପ୍ରସନ୍ନ କୁମାର ସ୍ୱାଇଁ ଉତ୍କଳମଣିଙ୍କ ତ୍ୟାଗପୂତ ଜୀବନୀ ସହ ସାହିତ୍ୟ ଓ ସାମ୍ବାଦିକତା କ୍ଷେତ୍ରରେ ତାଙ୍କ ଅବଦାନ ସମ୍ପର୍କରେ ଆଲୋଚନା କରିଥିଲେ। ଆଲିଗଡ଼ ମୁସ୍‌ଲିମ୍ ବିଶ୍ୱବିଦ୍ୟାଳୟର ସାମ୍ବାଦିକତା ବିଭାଗ ମୁଖ୍ୟ ପ୍ରଫେସର ପୀତବାସ ପ୍ରଧାନ ବିଶିଷ୍ଟ ଅତିଥିଭାବେ ଯୋଗ ଦେଇଥିଲେ। ସେହିପରି ଉତ୍କଳ ବିଶ୍ୱବିଦ୍ୟାଳୟର ଓଡ଼ିଆ ଭାଷା ଓ ସାହିତ୍ୟ ବିଭାଗର ସହକାରୀ ପ୍ରଫେସର ଡ. ରମେଶ ଚନ୍ଦ୍ର ମଲ୍ଲିକ ମୁଖ୍ୟବକ୍ତା ଏବଂ ସାରଳା ଦାସ ଚେୟାର ପ୍ରଫେସର ପ୍ରେମାନନ୍ଦ ମହାପାତ୍ର ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ ସହକାରୀ ପ୍ରଫେସର ଡ. ଆଶିଷ ମହାପାତ୍ର ସଂଯୋଜନା କରିଥିଲେ। ଡ. ଜ୍ଞାନରଞ୍ଜନ ପଣ୍ଡା ଧନ୍ୟବାଦ ଦେଇଥିଲେ। କାର୍ଯ୍ୟକ୍ରମ ଶେଷରେ ଓଡ଼ିଶୀ କଣ୍ଠ ସଂଗୀତ ବିଭାଗ ପକ୍ଷରୁ ସହଯୋଗୀ ପ୍ରଫେସର ଡ. ଧୀରଜ କୁମାର ମହାପାତ୍ରଙ୍କ ନିର୍ଦ୍ଦେଶନାରେ ଓ ସ୍ନାତକୋତ୍ତର ବିଭାଗ ମୁଖ୍ୟ ଡ. ଚକ୍ରଧର ବେହେରା, ସହକାରୀ ପ୍ରଫେସର ଡ. ଜବାହର ମିଶ୍ର ପ୍ରମୁଖଙ୍କ ସହଯୋଗରେ ଗୋପବନ୍ଧୁଙ୍କ ରଚନାରୁ କଣ୍ଠସଂଗୀତ ପରିବେଷଣ କରାଯାଇଥିଲା।

# ଆନନ୍ଦ ମାର୍ଗ ଯୋଗ ସାଧନା ଶିବିର ଉଦ୍‌ଯାପିତ

ଭୁବନେଶ୍ୱର,୬।୭ (ସମିସ)

ବିଶ୍ୱ ଆଧ୍ୟାତ୍ମିକ ଓ ସମାଜସେବୀ ସଂଗଠନ, ଆନନ୍ଦମାର୍ଗ ପ୍ରଚାରକ ସଂଘ ଭୁବନେଶ୍ୱର ଶାଖା ଆନୁକୂଲ୍ୟରେ ତ୍ରିଦିବସୀୟ ଯୋଗ, ଆଧ୍ୟାତ୍ମିକ ସାଧନା ଓ ଆଦର୍ଶ ସମାଜ ନିର୍ମାଣ ଶିବିର, ବୁଦ୍ଧେଶ୍ୱରୀ କମ୍ୟୁନିଟ୍ ସେଣ୍ଟରଠାରେ ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଯାପନୀ ସମାରୋହରେ ଶିବିରର ତ୍ରିଦିବସରେ ମାର୍ଗ ଗୁରୁ ଆନନ୍ଦମୂର୍ତ୍ତିଙ୍କ ପ୍ରଦତ୍ତ ଆଧ୍ୟାତ୍ମିକ ଦର୍ଶନ ଓ ସାମାଜିକ ଦର୍ଶନର ବିଭିନ୍ନ ଦିଗ ଉପରେ ଆଲୋକପାତ କରାଯାଇଥିଲା। ଶିବିରାର୍ଥୀଙ୍କ ମଧ୍ୟରେ ଯୋଗ ଆସନ, ଯୋଗ ସାଧନା, ତାଣ୍ଡବ ନୃତ୍ୟ ଓ କୌଶିକ ନୃତ୍ୟର ପ୍ରତିଯୋଗିତା ହୋଇଥିଲା। ଉଦ୍‌ଯାପନୀ ଉତ୍ସବରେ କୃତୀ ଶିବିରାର୍ଥୀଙ୍କୁ ଅତିଥିମାନଙ୍କ ଦ୍ୱାରା ମାନପତ୍ର ପ୍ରଦାନ କରାଯାଇଥିଲା। ଶିବିରର ମୁଖ୍ୟ ପ୍ରଶିକ୍ଷକ ରୂପେ ଆନନ୍ଦ ମାର୍ଗ ପ୍ରଚାରକ ସଙ୍ଘର ବରିଷ୍ଠ ସନ୍ନ୍ୟାସୀ ଆଚାର୍ଯ୍ୟ ପ୍ରିୟ କୃଷ୍ଣାନନ୍ଦ ଅବଧୂତ ଯୋଗ ଦେଇଥିଲେ। ଶିବିରରେ ରାଜ୍ୟ ତଥା ଭାରତର ବିଭିନ୍ନ ପ୍ରାନ୍ତରୁ ଅନେକ ସନ୍ନ୍ୟାସୀ ଯୋଗ ଦେଇଥିଲେ।

# ପଣ୍ଡିତ ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ଜନ୍ମ ଶତବାର୍ଷିକୀ

ବାଲିପାଟଣା,୬।୭ (ସମିସ): ପଣ୍ଡିତ ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ଜନ୍ମ ଶତବାର୍ଷିକୀ ପାଳିତ ହୋଇଯାଇଛି। ଯୁବ ଓ କ୍ରୀଡ଼ା ମନ୍ତ୍ରାଳୟ ଅଧୀନ ମେରା ଯୁବ ଭାରତ, ଖୋର୍ଦ୍ଧା ଜିଲ୍ଲା ଶାଖା, ଆଇୱାଇଡବ୍ଲୁଡବ୍ଲୁ ବାଲିପାଟଣା ଓ ଗୀତା ଚାରିଟେବୁଲ୍ ଟ୍ରଷ୍ଟଙ୍କ ମିଳିତ ସହଯୋଗରେ ବନମାଳୀପୁରସ୍ଥିତ ବିସିଇ କୋଚିଂ ସେଣ୍ଟରଠାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମକୁ ଗୀତା ଚାରିଟେବୁଲ ଟ୍ରଷ୍ଟର ମୁଖ୍ୟ ମନୋରଞ୍ଜନ ସାହୁ ମୁଖ୍ୟ ଅତିଥି ଭାବେ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆଇୱାଇଡବ୍ଲୁଡବ୍ଲୁ ସମ୍ପାଦକ ଶିବ ପ୍ରସାଦ ପାଟଯୋଶୀ, ସଂଗଠିକା ସବିତା ବେହେରା, ସାଗରିକ ଚିନରା, ସ୍ୱପ୍ନା ବେହେରା, ଲିଜା ଜେନା, ଦୀପ୍ତି ସାହୁ ପ୍ରମୁଖ ସମ୍ମାନିତ ଅତିଥି ଭାବରେ ଯୋଗଦେଇ ଶ୍ରୀ ମୁଖାର୍ଜୀଙ୍କର ନୂତନ ଭାରତ ଗଠନରେ ଅବଦାନ ସମ୍ପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ କୃତୀ ଅର୍ଜନ କରିଥିବା ପ୍ରିୟଦର୍ଶନୀ ସାହୁ, ସ୍ୱାତିମୟୀ ସାହୁଙ୍କୁ ଶିକ୍ଷାଶ୍ରୀ ସମ୍ମାନ ଓ ସାଗରିକା ଚିନରାଙ୍କୁ ସେବାଶ୍ରୀ ସମ୍ମାନରେ ସମ୍ମାନିତ କରାଯାଇଥିଲା। କାର୍ଯ୍ୟକ୍ରମକୁ ଗୀତା ଟ୍ରଷ୍ଟର ସମ୍ପାଦିକା ସୋନିସ୍ମିତା ମହାରଣା ଶୁଭେନ୍ଦୁ ସାହୁ ପରିଚାଳନା କରିଥିଲେ।

# ଜୟ ଓଡ଼ିଶା ପକ୍ଷରୁ କମର୍ସ ମେରିଟ୍ ଏକାଡେମୀ ଦ୍ୱାରା ରକ୍ତଦାନ ଶିବିର



ଭୁବନେଶ୍ୱର,୬।୭ (ସମିସ): ଜୟ ଓଡ଼ିଶାର ରକ୍ତଦାନ ଯୋଜନାରେ ସାମିଲ ହୋଇ କମର୍ସ ମେରିଟ୍ ଏକାଡେମୀ ପକ୍ଷରୁ ରକ୍ତଦାନ ଶିବିର ଆୟୋଜିତ ହୋଇଛି। ଏହା ଜୟ ଓଡ଼ିଶାର 'ରକ୍ତଦାନ' ଯୋଜନାରେ ନବମ ଶିବିର ଥିଲା। ପ୍ରାୟ ୧୮-୨୦ ବର୍ଷର ଛାତ୍ରଛାତ୍ରୀ ଓ ଯୁବପିଢ଼ିଙ୍କ ମଧ୍ୟରେ ରକ୍ତଦାନ ନେଇ ସଚେତନତା ସୃଷ୍ଟି କରିଥିଲେ। କମର୍ସ ମେରିଟ୍ ଏକାଡେମିର ପ୍ରତିଷ୍ଠାତା କ୍ଷିତିଶ ମହାପାତ୍ର ଓ ଶୁଭଶ୍ରୀ ବେହେରାଙ୍କ ତତ୍ତ୍ୱାବଧାନରେ ଅନ୍ୟ ଶିକ୍ଷକ ଶିକ୍ଷୟିତ୍ରୀ ଓ ଜୟ ଓଡ଼ିଶାର ସଦସ୍ୟମାନେ ପରିଚାଳନା କରିଥିଲେ। 'ରକ୍ତଦାନ ଜୀବନ ଦାନ' ଏହି ମୂଳମନ୍ତ୍ରକୁ ଆମେ ଆଗକୁ ନେଇ ଚାଲିଛୁ। ଆଗାମୀ ଦିନରେ ମଧ୍ୟ ଅବ୍ୟାହତ ରହିବ ବୋଲି ଜୟ ଓଡ଼ିଶାର ପ୍ରତିଷ୍ଠାତା ରୁଦ୍ର ନାରାୟଣ ସାମନ୍ତରାୟ ସୂଚନା ଦେଇଥିଲେ।

## ● ମିଲର୍ସ ଆସୋସିଏସନ୍‌ର ଅଭିଯୋଗ

# 'ମିଲିଂ ଦର ବଢ଼ାଇଲେନି ସରକାର'

ଭୁବନେଶ୍ୱର, ୬।୭ (ସମିସ)

ଧାନ କିଣା ଓ ଚାଉଳ ସଂଗ୍ରହ କରିବାରେ ସରକାରଙ୍କ ଟାଳଟୁଳ ନୀତିକୁ ବିରୋଧ କରି ଅଲ୍ ଓଡ଼ିଶା ମିଲର୍ସ ଆସୋସିଏସନ୍ ପକ୍ଷରୁ ରବିବାର ଏକ ବୈଠକ ଅନୁଷ୍ଠିତ ହୋଇଛି। ସମସ୍ତ ଜିଲ୍ଲା ସଭାପତି ଓ ସମ୍ପାଦକଙ୍କୁ ନେଇ ଅନୁଷ୍ଠିତ ବୈଠକରେ ମିଲର୍ସଙ୍କ ପ୍ରତି ସରକାରଙ୍କ ଅବହେଳା ସମ୍ପର୍କରେ ଆଲୋଚନା ହୋଇଛି। ସେମାନେ ବୈଠକରେ ସରକାରଙ୍କ ବିରୋଧରେ ସଙ୍ଗୀନ ଅଭିଯୋଗ ଉଠାଇଛନ୍ତି। ଅଭିଯୋଗ ଅନୁଯାୟୀ, ରବି ଋତୁ ଧାନକିଣା ପୂର୍ବର ମିଲିଂ ଦର ବଢ଼ାଇବାକୁ ସରକାର ଘୋଷଣା କରିଥିଲେ ମଧ୍ୟ ଏଯାଏଁ କାର୍ଯ୍ୟକାରୀ କରି ନାହାନ୍ତି। ସେହିପରି ସରକାରଙ୍କ ଧାନ ମିଲର୍ସମାନେ ଗଚ୍ଛିତ ରଖୁଥିବାରୁ ୨୦୨୩-୨୪ ବର୍ଷର ରକ୍ଷଣାବେକ୍ଷଣ ବାବଦ ଟଙ୍କା ଦେଇ ନାହାନ୍ତି। ୨୦୨୪-୨୫ ବର୍ଷରେ ଏହି ଟଙ୍କା ଦେବାକୁ ଘୋଷଣା ମଧ୍ୟ କରିନାହାନ୍ତି। ସରକାର ଧାର୍ଯ୍ୟ ସମୟରେ ଉତ୍ପାଦିତ ସମସ୍ତ ଚାଉଳ କିଣୁ ନାହାନ୍ତି। ଫଳରେ ମିଲର୍ସଙ୍କ ପାଖରେ ଥିବା ଚାଉଳକୁ ଏଫ୍‌ସିଆଇକୁ ବିକ୍ରି କରିବା ବେଳେ ବିଭିନ୍ନ ହଇରାଣ ହରକତ କରୁଛନ୍ତି। ଏପରିକି ଏଫ୍‌ସିଆଇ ଗୋଦାମ୍‌ରେ ୩ମାସ ପର୍ଯ୍ୟନ୍ତ ଚାଉଳ ରହିବା ପରେ ମଧ୍ୟ ଚାଉଳ ଖରାପ କହି ଚାପ ପକାଉଛନ୍ତି।



ବାରମ୍ବାର ହଇରାଣ ହେଉଥିବା ସରକାରଙ୍କୁ ଜଣାଇଲେ ମଧ୍ୟ ପଦକ୍ଷେପ ନେଉ ନ ଥିବାରୁ ବୈଠକରେ ଅସନ୍ତୋଷ ପ୍ରକାଶ ପାଇଥିଲା। ସଂଘର ସଭାପତି ମହେଶ କୁମାର ବଂଶଲଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ସାଧାରଣ ସମ୍ପାଦକ ଦୀପକ ରଞ୍ଜନ ଦାସ୍, ମୁଖ୍ୟ ଉପଦେଷ୍ଟା ସନ୍ତୋଷ କୁମାର ଅଗ୍ରୱାଲ୍, ଉପସଭାପତି ନିତେଶ କୁମାର ବଂଶଲ୍‌ଙ୍କ ସମେତ ଜିଲ୍ଲା କାର୍ଯ୍ୟକର୍ତ୍ତା ସାମିଲ ଥିଲେ।

## ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ର

# 'ଭାଗବତ ଓଡ଼ିଆ ଜାତିର ଜୀବନ ବେଦ'

ଭୁବନେଶ୍ୱର,୬।୭ (ସମିସ)



ଅତିବଡ଼ୀ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ହେଉଛି ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ। ସଂସ୍କୃତ ଭାଷାର ଅନୁସୃଜନ ହୋଇଥିଲେ ସୁଦ୍ଧା ଏହା ମୂଳ ଭାଗବତଠାରୁ ଅଧିକ ଲୋକପ୍ରିୟ। ଭାଗବତ ଓଡ଼ିଆ ଜାତିର ଜୀବନ ବେଦ କହିଲେ ଅତ୍ୟୁକ୍ତି ହେବ ନାହିଁ। ସ୍ଥାନୀୟ ସଂସ୍କୃତି ଭବନ ସଭାଗୃହରେ କେନ୍ଦ୍ର ସାହିତ୍ୟ ଅକାଦେମି ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀର ମିଳିତ ଆନୁକୂଲ୍ୟରେ ଆୟୋଜିତ ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ରରେ ଅତିଥିମାନେ ମତ ପ୍ରକାଶ କରିଛନ୍ତି। ପଦ୍ମଶ୍ରୀ ଡ. ଅନ୍ତର୍ଯ୍ୟାମୀ ମିଶ୍ର ଏହାକୁ ଉଦ୍‌ଘାଟନ ପୂର୍ବକ ଜଗନ୍ନାଥ ଦାସଙ୍କ ଓଡିଆ ଭାଗବତ ଏବଂ ଓଡିଆ ସଂସ୍କୃତିର ମହତ୍ତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ସାହିତ୍ୟ ଅକାଦେମିର ସଚିବ ଡ. କେ. ଶ୍ରୀନିବାସ ରାଓ ସ୍ୱାଗତ ଦେଇଥିବାବେଳେ ଡ. ଗୌରହରି ଦାସ ସଭାପତିତ୍ୱ କରିଥିଲେ। ସମାଲୋଚକ ଡ. ପ୍ରଦୀପ୍ତ କୁମାର ପଣ୍ଡା ଯୋଗ ଦେଇଥିଲେ। ସେହିପରି ଓଡ଼ିଶା ସାହିତ୍ୟ ଏକାଡେମୀର ସହ ସଚିବ ସଞ୍ଜୟ କୁମାର ଛୁଆଳସିଂହ ଧନ୍ୟବାଦ ଦେଇଥିଲେ। ଆଲୋଚନାଚକ୍ରର ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ଉତ୍ତର ଓଡ଼ିଶା ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ଡ. ପ୍ରଫୁଲ୍ଲ କୁମାର ମିଶ୍ର। ସାହିତ୍ୟିକ ଦାଶ ବେନହୁର ଭାଗବତ ଓ ଓଡ଼ିଆ ଜୀବନ ସମ୍ପର୍କରେ ଆଲୋଚନା କରିଥିଲେ। ଡ. ଜୟନ୍ତୀ ରଥ ଓଡ଼ିଆ ସାହିତ୍ୟରେ ଭାଗବତର ପ୍ରଭାବ ବିଷୟରେ ଆଲୋକପାତ କରିଥିଲେ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୫.୭୫ ● ପାଉଣ୍ଡ ୧୧୭.୦୮
- ୟୁରୋ ୧୦୦.୪୮ ● ୟେନ୍ ୦.୫୯

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୯୦,୭୦୦ (ନୂଆଦିଲ୍ଲୀ)
- ରୁପା : ୧,୦୫,୫୧୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍ସେକ୍ସ ୮୩,୪୩୨.୦୦
- ନିଫ୍ଟି ୨୫,୪୬୧.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ମଧ୍ୟବିତ୍ତଙ୍କୁ ଇଏମ୍ଆଇ ଚିନ୍ତା

## ଭାରତରେ ୭୦% ଲୋକ ଇଏମ୍ଆଇରେ ଆଇଫୋନ୍ କିଣିଛନ୍ତି

ନୂଆଦିଲ୍ଲୀ,୬।୭(ଏଜେନ୍ସି):

ଭାରତରେ ମଧ୍ୟବିତ୍ତ ବର୍ଗକୁ ଦେଶର ଅର୍ଥନୀତିର ମେରୁଦଣ୍ଡ ବୋଲି ବିବେଚନା କରାଯାଏ। ତଥାପି, ଏହି ମଧ୍ୟବିତ୍ତ ବର୍ଗ ଏବେ ନିରନ୍ତର ଋଣରେ ଫସିଯାଉଛନ୍ତି। କିନ୍ତୁ ଏହାର କାରଣ ହେଉଛି ଏହି ମଧ୍ୟବିତ୍ତ ବର୍ଗ। ଲିଙ୍କଡିନ୍‌ରେ ମଧ୍ୟବିତ୍ତ ବର୍ଗଙ୍କ ସମ୍ପର୍କରେ ଏକ ରିପୋର୍ଟ ପ୍ରକାଶ ପାଇଛି। ସମ୍ପତ୍ତି ପରାମର୍ଶଦାତା ତାପସ ଚକ୍ରବର୍ତ୍ତୀ ଲିଙ୍କଡିନ୍ ପୋଷ୍ଟରେ ଲେଖିଛନ୍ତି

- **ଅଧିକ ଋଣ, ଖିଲାପୀ ସମ୍ଭାବନା ବଢ଼ାଇବ**
- **ସଞ୍ଚୟ କମିଲେ, ନିବେଶ କମିବ**

ଯେ ଭାରତର ମଧ୍ୟବିତ୍ତ ବର୍ଗ ମୁଦ୍ରାସ୍ଫୀତି କିମ୍ବା ଟିକସ ଦ୍ୱାରା ଏତେ ଅସୁବିଧାରେ ପଡ଼ିନାହାଁନ୍ତି ଯେପରି ସେମାନେ ଇଏମ୍ଆଇରେ ଫସିଛନ୍ତି। ଶ୍ରୀ ଚକ୍ରବର୍ତ୍ତୀଙ୍କ ମତରେ ଲୋକମାନେ ରୋଜଗାର କରନ୍ତି, ତା'ପରେ ଋଣ ନିଅନ୍ତି, ତା'ପରେ ପରିଶୋଧ କରନ୍ତି ଏବଂ ଏହି ଚକ୍ର ଜାରି ରୁହେ। ଯାହା ଫଳରେ ସେମାନେ ସଞ୍ଚୟ କରିପାରୁନାହାଁନ୍ତି ଏବଂ ପୁଣି ଋଣ ନେବାକୁ ପ୍ରସ୍ତୁତ ଅଛନ୍ତି। ଏହି କାରଣରୁ ମଧ୍ୟବିତ୍ତ ବର୍ଗ ଉପରେ ଋଣ ବୋଝ ମଧ୍ୟ ବୃଦ୍ଧି ପାଉଛି।

ପୂର୍ବରୁ ଇଏମ୍ଆଇ କେବଳ ଅତ୍ୟାବଶ୍ୟକ ଜିନିଷ କିଣିବା ପାଇଁ ବ୍ୟବହାର କରାଯାଉଥିଲା। କିନ୍ତୁ ବର୍ତ୍ତମାନ ଏହା ଏକ ସାଧାରଣ କଥା ହୋଇଗଲାଣି। ଚକ୍ରବର୍ତ୍ତୀ ଲେଖିଛନ୍ତି ଯେ ଆଜି ଫୋନ୍‌ଠାରୁ ଆରମ୍ଭ କରି ଫ୍ରିଜ୍, ସୋଫା, ଏସି, ବିମାନ ଟିକେଟ୍ ପର୍ଯ୍ୟନ୍ତ ସବୁକିଛି ଇଏମ୍ଆଇରେ ଉପଲବ୍ଧ। ଏପରିକି କିରାଣା ସାମଗ୍ରୀ ମଧ୍ୟ ଇଏମ୍ଆଇରେ ଉପଲବ୍ଧ। ଆଜିକାଲି, ଅଧିକ କାଗଜପତ୍ର ବିନା, କେବଳ ଗୋଟିଏ ସ୍ୱାଇପ୍‌ରେ ଋଣ ମିଳିପାରିବ। କିନ୍ତୁ ବାସ୍ତବତା କଥା ଭିନ୍ନ। ଭାରତରେ ଲୋକଙ୍କ ଉପରେ ଋଣ ଦେଶର ମୋଟ ଘରୋଇ ଉତ୍ପାଦ (ଜିଡିପି) ର ୪୨% କୁ ବୃଦ୍ଧି ପାଇଛି। ଏହି ଋଣ ମଧ୍ୟରୁ ୩୨.୩% ଏପରି ଯାହା କିଛି ବନ୍ଧକ ନ ରଖି ନିଆଯାଇଛି। ଯେପରିକି କ୍ରେଡିଟ୍ କାର୍ଡ, ବ୍ୟକ୍ତିଗତ ଋଣ ଏବଂ ବର୍ତ୍ତମାନ କିଣନ୍ତୁ, ପରେ ଦେୟ କରନ୍ତୁ ଭଳି ସେବା। ଭାରତରେ ଆଇଫୋନ୍ ବ୍ୟବହାର କରୁଥିବା ୭୦% ଲୋକ ଇଏମ୍ଆଇରେ ଏହାକୁ କିଣିଛନ୍ତି। ଛୋଟ ଋଣ ନେଉଥିବା ପ୍ରାୟ ୧୧% ଲୋକ ଟଙ୍କା ପରିଶୋଧ କରିବାରେ ବିଫଳ ହୋଇଛନ୍ତି। ଦେଶରେ ପ୍ରତି ୫ ଜଣରୁ ତିନି ଜଣ ଲୋକ ଏକକାଳୀନ ତିନି




କିମ୍ବା ତା'ଠାରୁ ଅଧିକ ଋଣ ନେଇଛନ୍ତି। ଆମେ କେବଳ ଖର୍ଚ୍ଚ କରୁନାହୁଁ, ବରଂ ଧୀରେ ଧୀରେ ଋଣ ବୃଦ୍ଧି କରୁଛୁ। ପ୍ରତ୍ୟେକ ଇଏମ୍ଆଇ ଛୋଟ ଦେଖାଯାଏ, କିନ୍ତୁ ପରେ ଏସବୁ ମିଶି ଏକ ବହୁତ ବଡ଼ ପରିମାଣରେ ପରିଣତ ହୁଏ। ଉଦାହରଣ ସ୍ୱରୂପ, ଗୋଟିଏ ଫୋନର ମାସିକ ମୂଲ୍ୟ ୨୪୦୦ ଟଙ୍କା, ଗୋଟିଏ ଲାପଟପ୍ ୩୦୦୦ ଟଙ୍କା, ଗୋଟିଏ ବାଇକ ୪୦୦୦ ଟଙ୍କା ଏବଂ କ୍ରେଡିଟ୍ କାର୍ଡ ବିଲ୍ ୬୫୦୦ ଟଙ୍କାରୁ ଅଧିକ ହୋଇପାରେ। ଏସବୁ ମିଶି ମାସର ମଧ୍ୟଭାଗରେ ୨୫,୦୦୦ ଟଙ୍କା ହୋଇପାରେ। ଏହା ଲୋକଙ୍କୁ ସଞ୍ଚୟ କରିବାରୁ ବାଧା ଦିଏ। ଯଦି କୌଣସି ଚିକିତ୍ସା ଜରୁରୀକାଳୀନ ପରିସ୍ଥିତି ହୁଏ, ତେବେ ସବୁକିଛି ଏପଟସେପଟ ହୋଇଯାଏ।

ଚକ୍ରବର୍ତ୍ତୀ ଏହା ମଧ୍ୟ କହିଛନ୍ତି ଯେ ଏହା କେବଳ ଏକ ପରିବାରର ସମସ୍ୟା ନୁହେଁ। କମ୍ ସଞ୍ଚୟ ଯୋଗୁଁ ଦେଶରେ ନିବେଶ ହ୍ରାସ ପାଇବ, ଅଧିକ ଋଣ ଯୋଗୁଁ ଲୋକମାନେ ଅଧିକ ଖିଲାପୀ ହେବେ ଏବଂ ବର୍ଦ୍ଧିତ ଚାପ ଯୋଗୁଁ କାମ କରିବାର କ୍ଷମତା ପ୍ରଭାବିତ ହେବ। ସେ ଲେଖିଛନ୍ତି ଯେ ଯଦି ମଧ୍ୟବିତ୍ତ ବର୍ଗ ଏହା ଦ୍ୱାରା ଅସୁବିଧାରେ ପଡ଼ିବେ, ତେବେ ଦେଶର ପ୍ରଗତି ମନ୍ଥର ହୋଇଯିବ। ଏହା କେବଳ ଗୋଟିଏ ପରିବାରକୁ ନୁହେଁ, ବରଂ ସମସ୍ତଙ୍କୁ ପ୍ରଭାବିତ କରିବ। ଏହି ଋଣ ଫାଶରୁ ବଞ୍ଚିବା ପାଇଁ, ସେ ଚାରୋଟି ସହଜ ଉପାୟ ପରାମର୍ଶ ଦେଇଛନ୍ତି। ପ୍ରଥମେ, ଜଣେ ପ୍ରତି ମାସରେ କେତେ ଇଏମ୍ଆଇ ଦେଉଛନ୍ତି। ଯଦି ଏହା ଆପଣଙ୍କ ମାସିକ ଆୟର ୪୦% ରୁ ଅଧିକ, ତେବେ ଅଟକି ଯାଆନ୍ତୁ ଏବଂ ପୁଣି ଥରେ ଚିନ୍ତା କରନ୍ତୁ। ଦ୍ୱିତୀୟତଃ, ପ୍ରତି ମାସରେ ୫୦୦ ଟଙ୍କା ସଞ୍ଚୟ କଲେ ମଧ୍ୟ ଏକ ଜରୁରୀ ପାଣ୍ଠି ସୃଷ୍ଟି କରନ୍ତୁ। ତୃତୀୟତଃ, କେବଳ ଏଥିପାଇଁ ଋଣ ନିଅନ୍ତୁ ନାହିଁ। ଏବଂ ଚତୁର୍ଥତଃ, ଶୀଘ୍ର ନିବେଶ ଆରମ୍ଭ କରନ୍ତୁ ଯଦିଓ ଏହା ଏକ ଛୋଟ ପରିମାଣର।

### ପଛରେ ପଡ଼ିଲେ ଆପଲ-ମାଇକ୍ରୋସଫ୍ଟ

## ଏନ୍‌ଭିଡିଆ ବିଶ୍ୱର ସବୁଠାରୁ ମୂଲ୍ୟବାନ କମ୍ପାନୀ

ନୂଆଦିଲ୍ଲୀ,୬।୭(ଏଜେନ୍ସି): ଆପଲ- ମାଇକ୍ରୋସଫ୍ଟକୁ ପଛରେ ପକାଇ ଏନ୍‌ଭିଡିଆ ହୋଇଛି ବିଶ୍ୱର ସବୁଠାରୁ ମୂଲ୍ୟବାନ କମ୍ପାନୀ। ଏନ୍‌ଭିଡିଆର ବଜାର ପୁଞ୍ଜି ୩.୯୨ ଟ୍ରିଲିୟନ ଡଲାରରେ ପହଞ୍ଚିଛି। ଯାହା ଆପଲର ପୁରୁଣା ରେକର୍ଡ ୩.୯୧୫ ଟ୍ରିଲିୟନ ଡଲାର ଏବଂ ମାଇକ୍ରୋସଫ୍ଟର ବର୍ତ୍ତମାନର ମୂଲ୍ୟ ୩.୭ ଟ୍ରିଲିୟନ ଡଲାରରୁ ଅଧିକ। ଏହା ପ୍ରଥମ ଥର ହୋଇଛି ଯେତେବେଳେ ଏନ୍‌ଭିଡିଆ ବିଶ୍ୱର ଏକ ନମ୍ବର କମ୍ପାନୀ ମାନ୍ୟତା ହାସଲ କରିଛି।

ପ୍ରକୃତରେ ବର୍ତ୍ତମାନ କୃତ୍ରିମ ବୁଦ୍ଧିମତା (ଏଆଇ)ର ଚାହିଦା ଏନ୍‌ଭିଡିଆକୁ ନୂଆ ଶିଖରରେ ପହଞ୍ଚାଇଛି। କାରଣ କମ୍ପାନୀର ଚିପ୍ କେବଳ ଏଆଇ ମଡେଲଗୁଡ଼ିକୁ ତାଲିମ ଦେବା ପାଇଁ ବ୍ୟବହୃତ ହେଉନାହିଁ, ବରଂ କମ୍ପାନୀମାନେ ସେମାନଙ୍କର ବଡ଼ ବଡ଼ ଡାଟା ସେଣ୍ଟରଗୁଡ଼ିକୁ ପରିଚାଳନା ପାଇଁ ମଧ୍ୟ ଏନ୍‌ଭିଡିଆର ଚିପ୍ ବ୍ୟବହାର କରୁଛନ୍ତି। ଆହୁରି ମଧ୍ୟ ଟେକ୍ କମ୍ପାନୀଗୁଡ଼ିକ ନିଜର ଏଆଇ ଭିତ୍ତିଭୂମିକୁ ସୁଦୃଢ଼ କରିବା




ପାଇଁ କୋଟି କୋଟି ଡଲାର ନିବେଶ କରୁଛନ୍ତି। ମାଇକ୍ରୋସଫ୍ଟ,ଆମାଜନ୍,ମେଟା, ଆଲ୍‌ଫାବେଟ୍ ଏବଂ ଟେସ୍‌ଲା ଭଳି ଟେକ୍ ଜାଏଣ୍ଟମାନେ ମଧ୍ୟ ସେମାନଙ୍କର ଏଆଇ ଡାଟା ସେଣ୍ଟର ପାଇଁ ଏନ୍‌ଭିଡିଆର ପ୍ରୋସେସର ଉପରେ ନିର୍ଭର କରୁଛନ୍ତି। ଏହି କମ୍ପାନିଗୀଡ଼ିକର ଚାହିଦା ଏନ୍‌ଭିଡିଆର ଚିପ୍ସର ଚାହିଦାକୁ ଆକାଶଛୁଆଁ କରିଛି। ଉଲ୍ଲେଖଯୋଗ୍ୟ, ୨୦୨୧ରେ ଏନ୍‌ଭିଡିଆର ବଜାର ମୂଲ୍ୟ ପ୍ରାୟ ୫୦୦ ବିଲିୟନ ଡଲାର ଥିଲା। ହେଲେ ମାତ୍ର ୪ ବର୍ଷ ମଧ୍ୟରେ, କମ୍ପାନି ଆଠ ଗୁଣ ବୃଦ୍ଧି କରିଛି। ଆଉ ଖୁବ୍ ଶୀଘ୍ର ୪ ଟ୍ରିଲିୟନ ଡଲାର ଛୁଇଁବାକୁ ଯାଉଛି। କେବଳ ଏତିକି ନୁହେଁ ଏନ୍‌ଭିଡିଆର ବଜାର ପୁଞ୍ଜି ବ୍ରିଟେନର ସମସ୍ତ ତାଲିକାଭୁକ୍ତ କମ୍ପାନୀର ମୋଟ ମୂଲ୍ୟଠାରୁ ମଧ୍ୟ ଅଧିକ ହୋଇଛି। ନିବେଶକ ଏବଂ ବଜାର ବିଶ୍ଳେଷକମାନଙ୍କ ମତରେ ଏନ୍‌ଭିଡିଆ ର ଅଭିବୃଦ୍ଧି ଆଗକୁ ମଧ୍ୟ ଜାରି ରହିବ। ଏଆଇ ପ୍ରଯୁକ୍ତିର ବର୍ଦ୍ଧିତ ପରିସର ଏବଂ ଡାଟା ସେଣ୍ଟରଗୁଡ଼ିକର ବର୍ଦ୍ଧିତ ଆବଶ୍ୟକତାକୁ ଦେଖିଲେ, କମ୍ପାନିର ଅଭିବୃଦ୍ଧି ଦୀର୍ଘ ସମୟ ପର୍ଯ୍ୟନ୍ତ ଜାରି ରହିବ ବୋଲି ଆଶା କରାଯାଉଛି। ଏନ୍‌ଭିଡିଆର ଏହି ସଫଳତା କେବଳ ଟେକ୍ ଶିଳ୍ପ ନୁହେଁ ବରଂ ସାରା ବିଶ୍ୱର ନିବେଶକଙ୍କ ଦୃଷ୍ଟି ଆକର୍ଷଣ କରିଛି।

## ୯.୮୨ ଟ୍ରିଲିୟନ ଡଲାର ଛୁଇଁବ ଅର୍ଥନୀତି

ନୂଆଦିଲ୍ଲୀ,୬।୭(ଏଜେନ୍ସି): ଆଗାମୀ ବର୍ଷଗୁଡ଼ିକରେ ଭାରତର ଅର୍ଥନୀତି ଦ୍ରୁତ ଗତିରେ ବୃଦ୍ଧି ପାଇପାରେ ବୋଲି ପିଡବ୍ଲ୍ୟୁସି ଇଣ୍ଡିଆ ପକ୍ଷରୁ ଏକ ନୂଆ ରିପୋର୍ଟରେ ଆକଳନ କରାଯାଇଛି। ଏହି ବିଶ୍ଳେଷଣରେ ଭାରତର ମୋଟ ଜିଭିଏ (ଗ୍ରସ ଭାଲ୍ୟୁ ଆଡେଡ୍) ୨୦୨୩ରେ ୩.୩୯ ଟ୍ରିଲିୟନ ଡଲାରରୁ ୨୦୩୫ରେ ୯.୮୨ ଟ୍ରିଲିୟନ ଡଲାରକୁ ବୃଦ୍ଧି ପାଇବ ବୋଲି କୁହାଯାଇଛି। ଯାହା ୯.୨୭% ସିଏଜିଆରକୁ ଦର୍ଶାଉଛି। ଜିଭିଏ ଅର୍ଥନୀତିର ସାମଗ୍ରୀ ଏବଂ ସେବା ଉତ୍ପାଦନ ମୂଲ୍ୟର ଏକ ମାପକ ଭାବରେ କାର୍ଯ୍ୟ କରେ। ଯାହା ଟିକସ ଏବଂ ସବସିଡି ହିସାବ ପରେ ଜିଡିପି ଗଣନାରେ ବ୍ୟବହୃତ ଏକ ଅର୍ଥନୈତିକ କାର୍ଯ୍ୟଦକ୍ଷତା ଏବଂ ଉତ୍ପାଦକତା ସୂଚକ ଭାବରେ କାର୍ଯ୍ୟ କରେ। ରିପୋର୍ଟ ଅନୁଯାୟୀ, ଭାରତୀୟ ବ୍ୟବସାୟ ପାରମ୍ପରିକ କ୍ଷେତ୍ର-ବିଶିଷ୍ଟ ଦୃଷ୍ଟିକୋଣରୁ ବାହାରକୁ ବାହାରି ମୁଖ୍ୟ ମାନବୀୟ ଏବଂ ଶିଳ୍ପ ଆବଶ୍ୟକତାଉ ପରେ ଧ୍ୟାନ ଦେଇ ୯.୮୨ ଟ୍ରିଲିୟନ ଡଲାରର ଆର୍ଥିକ ମୂଲ୍ୟ ତିଆରି କରିପାରିବ।

# ଭାରତ-ଆମେରିକା 'ମିନି ବାଣିଜ୍ୟ ଚୁକ୍ତି' ମଙ୍ଗଳବାର ସୁଦ୍ଧା

ନୂଆଦିଲ୍ଲୀ,୬।୭(ଏଜେନ୍ସି): ଭାରତ ଏବଂ ଆମେରିକା ମଧ୍ୟରେ ଏକ 'ମିନି ବାଣିଜ୍ୟ ଚୁକ୍ତି' ଉପରେ ଚୂଡ଼ାନ୍ତ ନିଷ୍ପତ୍ତି ଆସନ୍ତା ମଙ୍ଗଳବାର ମଧ୍ୟରେ ହେବାର ସମ୍ଭାବନା ଅଛି। ଏହି ଖବର ଏପରି ସମୟରେ ଆସିଛି ଯେତେବେଳେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ୍ ଦେଇଥିବା ଜୁଲାଇ ୯ ର ଶେଷ ସମୟସୀମା ବହୁତ ନିକଟତର। ଏହାପରେ, ଭାରତୀୟ ସାମଗ୍ରୀ ଉପରେ ଶୁଳ୍କରେ ଆମେରିକା ଦ୍ୱାରା ଦିଆଯାଇଥିବା ଛାଡ଼ ଶେଷ ହେଉଛି। ଏହି 'ମିନି ବାଣିଜ୍ୟ ଚୁକ୍ତି' ଅଧୀନରେ, ହାରାହାରି ଶୁଳ୍କ ପ୍ରାୟ ୧୦% ରହିବ ବୋଲି ଆଶା କରାଯାଉଛି। ଏହା ଦୁଇ ଦେଶ ମଧ୍ୟରେ ବାଣିଜ୍ୟ ସମ୍ପର୍କରେ ଏକ ନୂତନ ଗତି ଆଣିବାର ସମ୍ଭାବନା ସୃଷ୍ଟି କରିଛି।

ଏହି 'ମିନି ବାଣିଜ୍ୟ ଚୁକ୍ତି' ବିଶେଷ ଭାବରେ ଗୁରୁତ୍ୱପୂର୍ଣ୍ଣ କାରଣ ଏହା ଏକ ବୃହତ ଏବଂ ବ୍ୟାପକ ବାଣିଜ୍ୟ ଚୁକ୍ତି ପାଇଁ ମୂଳଦୁଆ ପକାଇବ। ରିପୋର୍ଟ ଅନୁଯାୟୀ, କେବଳ ଏହି ଛୋଟ ଚୁକ୍ତି ଉପରେ ଆଲୋଚନା ସମାପ୍ତ ହୋଇଛି। ଜୁଲାଇ ୯ ପରେ ହିଁ ଏକ ବୃହତ ଏବଂ ଅଧିକ ବ୍ୟାପକ ଚୁକ୍ତି ଉପରେ ଆଲୋଚନା ଆରମ୍ଭ ହେବ। ଏହି ରଣନୀତି ଦର୍ଶାଉଛି ଯେ ଉଭୟ ଦେଶ ପ୍ରଥମେ ବିଶ୍ୱାସ ବଢ଼ାଇବା ପାଇଁ ଛୋଟ, ହାସଲ ଯୋଗ୍ୟ ଲକ୍ଷ୍ୟ ଉପରେ ଧ୍ୟାନ ଦେଉଛନ୍ତି। ପରେ ଅଧିକ ଜଟିଳ ପ୍ରସଙ୍ଗ ଉପରେ ଆଲୋଚନା କରାଯିବ। ଏହି ଆଭିମୁଖ୍ୟ ପର୍ଯ୍ୟାୟ କ୍ରମେ ବାଣିଜ୍ୟ ସମ୍ପର୍କକୁ ଉନ୍ନତ କରିବାରେ ସାହାଯ୍ୟ କରିପାରିବ।



ଏହି ଚୁକ୍ତିନାମା ଉପରେ ଚୂଡ଼ାନ୍ତ ନିଷ୍ପତ୍ତି ଖୁବ୍ ଶୀଘ୍ର ନିଆଯାଇପାରିବ। ସୋସିଆଲ ମିଡିଆ ପ୍ଲାଟଫର୍ମ ଏକ୍ସ'ରେ ଏକ ପୋଷ୍ଟରେ ପ୍ରକାଶିତ ଏକ ରିପୋର୍ଟ ଅନୁଯାୟୀ, ଜୁଲାଇ ୯ ପରେ ଏକ ବଡ଼ ବାଣିଜ୍ୟ ଚୁକ୍ତିନାମା ଉପରେ ଆଲୋଚନା ଆରମ୍ଭ ହେବ। ବର୍ତ୍ତମାନ କେବଳ ଏକ ଛୋଟ ଚୁକ୍ତିନାମା ଉପରେ ଉଭୟ ଦେଶ ମଧ୍ୟରେ ସହମତି ହୋଇଛି। ଏହି ଛୋଟ ଚୁକ୍ତିନାମା ଅଧୀନରେ ହାରାହାରି ଶୁଳ୍କ ୧୦% ହେବାର ସମ୍ଭାବନା ଅଛି। ସମ୍ପ୍ରତି, ଭାରତ ଏବଂ ଆମେରିକା ମଧ୍ୟରେ ବାଣିଜ୍ୟ ସମ୍ବନ୍ଧୀୟ ପ୍ରସଙ୍ଗରେ ତୀବ୍ର ଆଲୋଚନା ହୋଇଛି। ଭାରତୀୟ ରପ୍ତାନି ଉପରେ ୨୬%ର ଅସ୍ଥାୟୀ ଆମେରିକାର ଶୁଳ୍କ ପ୍ରତିବନ୍ଧକ ଜୁଲାଇ ୯ ଶେଷ ତାରିଖ ପରେ ଶେଷ ହେଉଛି। ଏହାର ଅର୍ଥ ହେଉଛି ଯଦି ଭାରତ ଓ ଆମେରିକା ମଧ୍ୟରେ କୌଣସି ଚୁକ୍ତିନାମା ନ ହୁଏ, ତେବେ ଏହି ଶୁଳ୍କ ପୁଣି ଥରେ କାର୍ଯ୍ୟକାରୀ କରାଯାଇପାରିବ। ଏହି କାରଣରୁ, ଭାରତୀୟ ରପ୍ତାନିକାରୀମାନଙ୍କୁ ବଡ଼ ଆହ୍ୱାନର ସମ୍ମୁଖୀନ ହେବାକୁ ପଡିବ। ଏହି 'ମିନି ବାଣିଜ୍ୟ ଚୁକ୍ତି' ର ଲକ୍ଷ୍ୟ ହେଉଛି ସେହି ତୁରନ୍ତ ବିପଦକୁ ଏଡାଇବା ଏବଂ ଭାରତୀୟ ଉତ୍ପାଦ ପାଇଁ ଆମେରିକା ବଜାରରେ ପ୍ରତିଯୋଗିତା ବଜାୟ ରଖିବା।

ତଥାପି, ରିପୋର୍ଟରେ 'ମିନି ବାଣିଜ୍ୟ ଚୁକ୍ତି' ଅଧୀନରେ କେଉଁ ନିର୍ଦ୍ଦିଷ୍ଟ ଉତ୍ପାଦ କିମ୍ବା କ୍ଷେତ୍ର ଅନ୍ତର୍ଭୁକ୍ତ ହେବ ତାହାର ବିବରଣୀ ଦିଆଯାଇନାହିଁ। କିନ୍ତୁ, ହାରାହାରି ୧୦% ଶୁଳ୍କ ସୂଚାଇ ଦିଏ ଯେ ଏହା ଦୁଇ ଦେଶ ମଧ୍ୟରେ ବାଣିଜ୍ୟ ବୃଦ୍ଧି ପାଇଁ ପ୍ରଥମ ପଦକ୍ଷେପ ହେବ।

## ବଲ୍ ଆମେରିକା କୋର୍ଟରେ

ନୂଆଦିଲ୍ଲୀ,୬।୭(ଏଜେନ୍ସି): ଏବେ ଆମେରିକାକୁ ଭାରତ ଏବଂ ଆମେରିକା ମଧ୍ୟରେ ବାଣିଜ୍ୟ ଚୁକ୍ତିନାମା ଉପରେ ନିଷ୍ପତ୍ତି ନେବାକୁ ପଡିବ। କାରଣ ଭାରତ ସରକାର ସ୍ପଷ୍ଟ ଭାବରେ କୃଷି ଏବଂ ଦୁଗ୍ଧ କ୍ଷେତ୍ର ଖୋଲିବାକୁ ଅନିଚ୍ଛା ପ୍ରକାଶ କରିଛନ୍ତି। ଭାରତ ସରକାରଙ୍କ ସୂତ୍ର କହିଛନ୍ତି, ଆମେ ଆମର ଲାଲ ରେଖା ଟାଣିଛୁ। ଏବେ ବଲ୍ ସେମାନଙ୍କ କୋର୍ଟରେ। ଯଦି ଟ୍ରମ୍ପ ପ୍ରଶାସନ ଏହି କ୍ଷେତ୍ରଗୁଡ଼ିକୁ ଖୋଲିବାକୁ ମନା କରିବାର ସର୍ତ୍ତରେ ରାଜି ହୁଏ, ତେବେ ଜୁଲାଇ ୯ ପୂର୍ବରୁ ଦୁଇ ଦେଶ ମଧ୍ୟରେ ଏକ ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତିନାମା ହୋଇପାରିବ। ଏକ ସୂତ୍ର ଅନୁଯାୟୀ, ଯଦି ପ୍ରସ୍ତାବିତ ବାଣିଜ୍ୟ ଆଲୋଚନା ବିଫଳ ହୁଏ, ତେବେ ୨୬ ପ୍ରତିଶତ ଶୁଳ୍କ ପୁନଃ ଲାଗୁ କରାଯିବ। ଟ୍ରମ୍ପ ଏପ୍ରିଲ ୨ରେ ବିଶ୍ୱର ଅଧିକାଂଶ ଦେଶ ଉପରେ ପ୍ରତିଶୋଧମୂଳକ ଶୁଳ୍କ ଲାଗୁ କରିଥିଲେ। ଭାରତ ଉପରେ ୨୬ ପ୍ରତିଶତ ଶୁଳ୍କ ଲାଗୁ କରାଯାଇଥିଲା। କିନ୍ତୁ, ପରେ ଏହାକୁ ୯୦ ଦିନ ପାଇଁ ସ୍ଥଗିତ ରଖାଯାଇଥିଲା, ଯାହା ଦ୍ୱାରା ସମସ୍ତ ଦେଶ ଆମେରିକା ସହିତ ଏକ ନୂତନ ବାଣିଜ୍ୟ ଚୁକ୍ତି କରିପାରିବେ। ସମସ୍ତ ଦେଶ ଉପରେ ୧୦ ପ୍ରତିଶତର ଏକ ମୂଳ ଶୁଳ୍କ ବଜାୟ ରଖାଯାଇଛି। ଟ୍ରମ୍ପଙ୍କ ୯୦ ଦିନର ସମୟସୀମା ଜୁଲାଇ ୯ ରେ ଶେଷ ହେଉଛି। ଭାରତ ୨୬ ପ୍ରତିଶତ ଶୁଳ୍କରେ ସମ୍ପୂର୍ଣ୍ଣ ଛାଡ ଚାହୁଁଛି। ଫେବୃଆରୀରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଆମେରିକା ଗସ୍ତ ସମୟରେ, ଉଭୟ ଦେଶ ଏକ ଦ୍ୱିପାକ୍ଷିକ ବାଣିଜ୍ୟ ଚୁକ୍ତି ପାଇଁ ଆଲୋଚନା ଆରମ୍ଭ ଘୋଷଣା କରିଥିଲେ।


# ମୁକେଶ ଅମ୍ବାନୀ ଏସିଆର ସବୁଠୁ ଧନୀ

ନୂଆଦିଲ୍ଲୀ,୬।୭(ଏଜେନ୍ସି): ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ଅଧ୍ୟକ୍ଷ ମୁକେଶ ଅମ୍ବାନୀ ଏସିଆର ସବୁଠାରୁ ଧନୀ ବ୍ୟକ୍ତି। ଏହି ଦୌଡ଼ରେ ବିଜୟୀ ହୋଇଛନ୍ତି। ତାଙ୍କର ମୋଟ ସମ୍ପତ୍ତି ବର୍ତ୍ତମାନ ପ୍ରାୟ ୧୧୬ ବିଲିୟନ ଡଲାର (ପ୍ରାୟ ୯.୫ ଲକ୍ଷ କୋଟି ଟଙ୍କା) ରେ ପହଞ୍ଚିଛି। ଏହାଫଳରେ ସେ କେବଳ ଭାରତର ନୁହେଁ ବରଂ ସମଗ୍ର ଏସିଆର ସବୁଠାରୁ ଧନୀ ବ୍ୟକ୍ତି ପାଲଟିଛନ୍ତି।

ଫୋର୍ବସ୍ ୨୦୨୫ ଜୁଲାଇ ମାସ ପାଇଁ ଏହାର ବିଶ୍ୱର ଶ୍ରେଷ୍ଠ ଧନୀ ବ୍ୟକ୍ତିଙ୍କ ତାଲିକା ପ୍ରକାଶ କରିଛି। ଦେଶର ସବୁଠାରୁ ଧନୀ

### ଆଦାନୀ ଦ୍ୱିତୀୟ, ନାଦର ତୃତୀୟ ସ୍ଥାନରେ

ବ୍ୟକ୍ତି ହେବାର ଦୌଡ଼ରେ, ପୁଣି ଥରେ ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ଅଧ୍ୟକ୍ଷ ମୁକେଶ ଅମ୍ବାନୀ ଏହି ଦୌଡ଼ରେ ବିଜୟୀ ହୋଇଛନ୍ତି। ତାଲିକାରେ ମୁକେଶ ଅମ୍ବାନୀଙ୍କ ପଛକୁ ଗୌତମ ଆଦାନୀ ଦ୍ୱିତୀୟ ସ୍ଥାନରେ ଅଛନ୍ତି। ତାଙ୍କର ମୋଟ ସମ୍ପତ୍ତି ପ୍ରାୟ ୮୪ ବିଲିୟନ ଡଲାର ହେବ ବୋଲି ଆକଳନ କରାଯାଇଛି। ଆଦାନୀ ଗ୍ରୁପର ବ୍ୟବସାୟ ବିଶେଷ କରି ଶକ୍ତି , ବନ୍ଦର ଏବଂ ଭିତ୍ତିଭୂମି କ୍ଷେତ୍ରରେ ଛାଇଯାଇଛି।



**ଦେଶର ଶ୍ରେଷ୍ଠ ୧୦ ଧନୀ ବ୍ୟକ୍ତି**

- ମୁକେଶ ଅମ୍ବାନୀ
- ଗୌତମ ଆଦାନୀ
- ଶିବ ନାଦର
- ସାବିତ୍ରୀ ଜିନ୍ଦଲ ଓ ପରିବାର
- ଦିଲୀପ ସାଙ୍ଘଭୀ
- ସାଇରସ୍ ପୁନାୱାଲା
- କୁମାର ବିର୍ଲା
- ଲକ୍ଷ୍ମୀ ମିତ୍ତଲ
- ରାଧାକିଶନ ଦାମାନୀ
- କୁଶଳ ପାଲ ସିଂହ

ଯଦିଓ ବିଗତ ବର୍ଷଗୁଡ଼ିକରେ କିଛି ବିବାଦ ଏବଂ ବଜାରର ଉତ୍‌ଥାନ-ପତନ ଯୋଗୁଁ ବିଶ୍ୱ ର୍ୟାଙ୍କିଙ୍ଗରେ ତଙ୍କର ପରିବର୍ତ୍ତନ ହୋଇଛି, ତଥାପି ସେ ଏସିଆରେ ଶ୍ରେଷ୍ଠ ୨ ସ୍ଥାନରେ ରହିଛନ୍ତି। ଏଥିରେ ତୃତୀୟ ସ୍ଥାନରେ ଅଛନ୍ତି ପ୍ରଯୁକ୍ତିବିଦ୍ୟା ମହାରଥୀ ଏବଂ ଏଚ୍‌ସିଏଲ୍ ଟେକ୍ର ପ୍ରତିଷ୍ଠାତା ଶିବ ନାଦର, ଯାହାଙ୍କ ସମ୍ପତ୍ତି ପ୍ରାୟ ୩୬.୯ ବିଲିୟନ ଡଲାର। ସେହି ସମୟରେ ଏହି ତାଲତିକାରେ ଭାରତର ସବୁଠାରୁ ଧନୀ ମହିଳା ସାବିତ୍ରୀ ଜିନ୍ଦଲ ଚତୁର୍ଥ ସ୍ଥାନରେ ଅଛନ୍ତି। ତାଙ୍କର ମୋଟ ସମ୍ପତ୍ତି ୩୩.୫ ବିଲିୟନ ଡଲାରରେ ପହଞ୍ଚିଛି।

ଧନୀ ଶ୍ରେଷ୍ଠ ୧୦ ତାଲିକାରେ ଶୀର୍ଷରେ ଥିବା ଅନ୍ୟ ମାନେ ହେଉଛନ୍ତି, ଦିଲୀପ ସାଙ୍ଘଭି (ସନ୍ ଫାର୍ମା), ସାଇରସ୍ ପୁନାୱାଲା (ସେରମ ଇନଷ୍ଟିଚ୍ୟୁଟ୍), କୁଶଳ ପାଲ ସିଂହ (ଡିଏଲଏଫ), କୁମାର ମଙ୍ଗଳମ୍ ବିର୍ଲା (ଆଦିତ୍ୟ ବିର୍ଲା ଗ୍ରୁପ୍), ରାଧାକିଶନ ଦମାନୀ (ଡିମାର୍ଟ) ଏବଂ ଲକ୍ଷ୍ମୀ ମିତ୍ତଲ (ଆର୍ସେଲରମିତ୍ତଲ) ୧୦ମ ସ୍ଥାନରେ ଅଛନ୍ତି। ଏହି ତାଲିକାରୁ ଗୋଟିଏ କଥା ସ୍ପଷ୍ଟ ଯେ ଭାରତୀୟ ଶିଳ୍ପପତିମାନେ କେବଳ ଦେଶରେ ନୁହେଁ ବରଂ ବିଶ୍ୱ ସ୍ତରରେ ମଧ୍ୟ ଏକ ବଡ଼ ଭୂମିକା ଗ୍ରହଣ କରୁଛନ୍ତି। ପ୍ରଯୁକ୍ତିବିଦ୍ୟା, ଖୁଚୁରା, ଫାର୍ମା ଏବଂ ଭିତ୍ତିଭୂମି ଭଳି କ୍ଷେତ୍ରରେ ଏମାନଙ୍କର ବେଶ ଦବ୍‌ଦବା ଥିବା ସ୍ପଷ୍ଟ ହୋଇଛି।

# ୫ ବର୍ଷରେ ଗାଡ଼ି ମୂଲ୍ୟ ୪୧% ବଢ଼ିଛି

## ଏବେ ମୁଦ୍ରାସ୍ଫୀତି ଗତି କମିବ

ନୂଆଦିଲ୍ଲୀ,୬।୭(ଏଜେନ୍ସି):

ଦେଶରେ କ୍ରମାଗତ ଭାବେ ବଢ଼ିଚାଲିଛି କାର ଦାମ୍। ଏମିତିକି ଗତ ପାଞ୍ଚ ବର୍ଷ ମଧ୍ୟରେ କାର ମୂଲ୍ୟରେ ପ୍ରାୟ ୪୧ ପ୍ରତିଶତ ବୃଦ୍ଧି ଘଟିଛି। ଶିଳ୍ପ ବିଶେଷଜ୍ଞଙ୍କ କହିବାନୁଯାୟୀ, ଆଗାମୀ ୪ରୁ ୫ ବର୍ଷ ମଧ୍ୟରେ ଗାଡ଼ି ମୂଲ୍ୟ ବୃଦ୍ଧିର ଗତି କମିପାରେ। ବଜାର ଗବେଷଣା ସଂସ୍ଥା ଜାଟୋ ଡାଇନାମିକ୍ସର ତଥ୍ୟ ଅନୁଯାୟୀ, ୨୦୧୯ରେ ଏକ କାରର ହାରାହାରି ମୂଲ୍ୟ ୮.୦୭ ଲକ୍ଷ ଟଙ୍କା ଥିଲା, ଯାହା ୨୦୨୪ରେ ୧୧.୬୪ ଲକ୍ଷ ଟଙ୍କାକୁ ବୃଦ୍ଧି ପାଇଛି। ଅର୍ଥାତ୍, ଏହି ସମୟ ମଧ୍ୟରେ ଗାଡ଼ିର ହାରାହାରି ମୂଲ୍ୟ ପ୍ରାୟ ୪୧ ପ୍ରତିଶତ ବୃଦ୍ଧି ଘଟିଛି।

ବଜାର ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ ୨୦୨୯ ସୁଦ୍ଧା କାର ମୂଲ୍ୟ ହାରାହାରି ୧୪.୭୨ ଲକ୍ଷ ଟଙ୍କାରେ ପହଞ୍ଚିପାରେ। ୨୦୧୯ ରୁ ୨୦୨୫ ମଧ୍ୟରେ ଗାଡ଼ି ମୂଲ୍ୟ ୫.୬ ପ୍ରତିଶତ ଚକ୍ରବୃଦ୍ଧି ବାର୍ଷିକ ହାରରେ ବୃଦ୍ଧି ପାଇଛି। ତଥାପି, ୨୦୨୬ରୁ ୨୦୨୯ ମଧ୍ୟରେ ଏହି ବୃଦ୍ଧିର ଗତି ୪.୫ ପ୍ରତିଶତକୁ ହ୍ରାସ ପାଇବାର ଆଶା କରାଯାଉଛି। କେବଳ ୨୦୧୯ ରୁ ୨୦୨୪ ମଧ୍ୟରେ ମୂଲ୍ୟରେ ବାର୍ଷିକ ହାରାହାରି ୭.୬ ପ୍ରତିଶତ ବୃଦ୍ଧି ଘଟିଛି, ଯାହା ଆଗାମୀ ବର୍ଷଗୁଡ଼ିକ ତୁଳନାରେ ବହୁତ ଅଧିକ।



କାର ମୂଲ୍ୟରେ ନିରନ୍ତର ବୃଦ୍ଧି ପଛରେ ତିନୋଟି ମୁଖ୍ୟ କାରଣ ରହିଛି। ସେଗୁଡିକ ହେଉଛି, ଉତ୍ପାଦନ ଖର୍ଚ୍ଚରେ ବୃଦ୍ଧି, ସରକାରୀ ନିୟମ ପାଳନ ଏବଂ ପ୍ରିମିୟମ୍ ବୈଶିଷ୍ଟ୍ୟଗୁଡ଼ିକର ଚାହିଦା ବୃଦ୍ଧି। ବିଶେଷଜ୍ଞଙ୍କ ଅନୁଯାୟୀ, ଇସ୍ପାତ, ଆଲୁମିନିୟମ ଏବଂ ତମ୍ବା ଭଳି କଞ୍ଚା ଧାତୁଗୁଡ଼ିକର ମୂଲ୍ୟ ପ୍ରତିବର୍ଷ ୧୫ ରୁ ୨୫ ପ୍ରତିଶତ ବୃଦ୍ଧି ପାଇଛି। ସେହି ସମୟରେ, ବୈଦ୍ୟୁତିକ ଯାନ (ଇଭି) ର ବ୍ୟାଟେରୀରେ ବ୍ୟବହୃତ ରେୟାର ଆର୍ଥ ବା ବିରଳ ଖଣିଜ ଦ୍ରବ୍ୟ ଉପାଦାନଗୁଡ଼ିକର ମୂଲ୍ୟ ମଧ୍ୟ ୩୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଏହାର କାରଣ ହେଉଛି ସେଗୁଡିର ସୀମିତ ଯୋଗାଣ ଏବଂ ବିଦ୍ୟୁତୀକରଣର ଚାହିଦା ବୃଦ୍ଧି। ଏ ସମ୍ପର୍କରେ ଜାଟୋ ଡାଇନାମିକ୍ସର ସଭାପତି ରବି ଭାଟିଆ କହିଛନ୍ତି ଯେ ସରକାରୀ ନିୟମ ଅନୁଯାୟୀ ଆବଶ୍ୟକ ସୁରକ୍ଷା ବୈଶିଷ୍ଟ୍ୟଗୁଡ଼ିକ ପ୍ରତ୍ୟେକ ଯାନର ମୂଲ୍ୟ ୧୫,୦୦୦ ରୁ ୨୫,୦୦୦ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି କରିଛି। ଏହାବ୍ୟତୀତ, ବିଏସ୍-୪ ନିର୍ଗମନ ମାନଦଣ୍ଡ ପୂରଣ କରିବା ପାଇଁ ଅତିରିକ୍ତ ୮୦୦୦ ରୁ ୧୫ ହଜାର ଟଙ୍କା ଖର୍ଚ୍ଚ ହେବାକୁ ପଡ଼ିଛି। ଏବେ ବିଏଓ୍-୭ ଏବଂ ଅଧିକ କଠୋର ସୁରକ୍ଷା ମାନଦଣ୍ଡ କାର୍ଯ୍ୟକାରୀ ହେବାର ସମ୍ଭାବନା ଅଛି, ଯାହା ୨୦୨୮ ସୁଦ୍ଧା ଯାନବାହାନର ମୂଲ୍ୟରେ ଆଉ ୨୦,୦୦୦ ରୁ ୩୦ ହଜାର ଟଙ୍କା ଯୋଡ଼ିପାରେ। ଗତ କିଛି ବର୍ଷ ମଧ୍ୟରେ, ଗ୍ରାହକମାନେ ଅଧିକ ଆରାମଦାୟକ ଏବଂ ବିଳାସପୂର୍ଣ୍ଣ ଯାନ ଆଡକୁ ମୁହାଁଇଛନ୍ତି, ବିଶେଷକରି ଏସ୍‌ୟୁଭିର ଚାହିଦା ବୃଦ୍ଧି ପାଇଛି, ଯାହା ସାଧାରଣ କାର ତୁଳନାରେ ୨୦ ରୁ ୩୦ ପ୍ରତିଶତ ମହଙ୍ଗା।

### ପ୍ରିମିୟମ୍ ବୈଶିଷ୍ଟ୍ୟର ଚାହିଦାରେ ଦ୍ରୁତ ବୃଦ୍ଧି

ଭାରତୀୟ ଅଟୋମୋବାଇଲ୍ ବଜାରରେ ପ୍ରିମିୟମ୍ ବୈଶିଷ୍ଟ୍ୟର ଚାହିଦା ନିରନ୍ତର ବୃଦ୍ଧି ପାଉଛି। ଏହା ଏହି ତଥ୍ୟରୁ ଅନୁମାନ କରାଯାଇପାରେ ଯେ ହ୍ୟୁଣ୍ଡାଇ ମୋଟର ଇଣ୍ଡିଆ ଗତ ପାଞ୍ଚ ବର୍ଷ ମଧ୍ୟରେ ସନରୁଫ୍ ସହିତ ୧.୧ ନିୟୁତରୁ ଅଧିକ ଯାନ ବିକ୍ରି କରିଛି। କମ୍ପାନୀ ଅନୁଯାୟୀ, ୨୦୨୪ରେ ଏହାର ଘରୋଇ ବିକ୍ରିର ୫୨% ଯାନରେ ସନରୁଫ୍ ଅନ୍ତର୍ଭୁକ୍ତ ହୋଇଥିଲା, ଯେତେବେଳେ କି ଚଳିତ ବର୍ଷ ଜାନୁଆରୀରୁ ଜୁନ୍ ପର୍ଯ୍ୟନ୍ତ ଏହି ସଂଖ୍ୟା ୫୪%ରେ ପହଞ୍ଚିଛି। ହ୍ୟୁଣ୍ଡାଇ ମୋଟର ଇଣ୍ଡିଆର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ଏବଂ ସିଓଓ ତରୁଣ ଗର୍ଗ କହିଛନ୍ତି, ଏହି ସଫଳତା ଦର୍ଶାଉଛି ଯେ ଏବେ ଆଧୁନିକ ଭାରତୀୟ ଗ୍ରାହକମାନେ ଦୈନନ୍ଦିନ ଯାତ୍ରାରେ ମଧ୍ୟ ପ୍ରିମିୟମ୍ ଅଭିଜ୍ଞତାକୁ ପ୍ରାଥମିକତା ଦେଉଛନ୍ତି।

## ସୁପ୍ରିମକୋର୍ଟରେ ବିହାର ଭୋଟର ତାଲିକା ବିବାଦ

ନୂଆଦିଲ୍ଲୀ,୬।୭(ଏଜେନ୍ସି): ବିହାରରେ ନିର୍ବାଚନ ବିଗୁଲ ବାଜିବା ପୂର୍ବରୁ ନୂଆ ସଂଘର୍ଷ ଆରମ୍ଭ ହୋଇଛି। ଭୋଟର ତାଲିକାର ଯାଞ୍ଚକୁ ନେଇ ଆରମ୍ଭ ହୋଇଛି ଏହି ସଂଘର୍ଷ। ଭୋଟର ତାଲିକା ଯାଞ୍ଚ ପ୍ରକ୍ରିୟାକୁ ଟିଏମ୍‌ସି ସାଂସଦ ମହୁଆ ମୋଇତ୍ର ବିରୋଧକରି ସୁପ୍ରିମକୋର୍ଟର ଦ୍ୱାରସ୍ଥ ହୋଇଛନ୍ତି। ଆଧାର କାର୍ଡକୁ ବୈଧ ପରିଚୟ ପତ୍ର ଭାବେ ମାନ୍ୟତା ମିଳିଥିବା ବେଳେ ନିର୍ବାଚନ କମିଶନ ଏହାକୁ ଭୋଟର ତାଲିକା ଯାଞ୍ଚ ବେଳେ ପରିଚୟ ପତ୍ର ଭାବେ ଗ୍ରହଣ କରିନାହିଁ। ଏ ନେଇ ପ୍ରକାଶିତ ହୋଇଥିବା ତାଲିକାରେ ଆଧାର କାର୍ଡକୁ ସାମିଲ କରାଯାଇନାହିଁ। ଏହାକୁ ବିରୋଧୀ ଦଳଗୁଡ଼ିକ ସମାଲୋଚନା କରିଛି। ଏ ନେଇ ମହୁଆ ସୁପ୍ରିମକୋର୍ଟରେ ଅନୁଚ୍ଛେଦ ୩୨ ଅନୁସାରେ ଜନସ୍ୱାର୍ଥ ମାମଲା ଦାଏର କରିଛନ୍ତି। ଜୁନ୍ ୨୪ରେ ନିର୍ବାଚନ କମିଶନଙ୍କ ଦ୍ୱାରା ଜାରି କରାଯାଇଥିବା ଆଦେଶକୁ ରଦ୍ଦ କରିବାକୁ ଏଥିରେ ଦାବି କରାଯାଇଛି। କମିଶନଙ୍କ ଆଦେଶ ସମ୍ବିଧାନ ଅନୁଚ୍ଛେଦର ଉଲ୍ଲଂଘନ ବୋଲି ମହୁଆ ଆବେଦନରେ ଉଲ୍ଲେଖ କରାଯାଇଛି। ପୂର୍ବରୁ ଏକାଧିକ ବାର ମତଦାନ କରିଥିବା ବ୍ୟକ୍ତିଙ୍କୁ ଏଥର ନାଗରିକତା ପ୍ରମାଣ କରିବାକୁ ପରୋକ୍ଷରେ କୁହାଯାଉଛି। ତେଣେ କମିଶନ ଏହି ପ୍ରକ୍ରିୟାକୁ ଅନ୍ୟ ରାଜ୍ୟରେ ଲାଗୁ କରିବାକୁ ପ୍ରସ୍ତୁତି ଆରମ୍ଭ କରିଛନ୍ତି। ପଶ୍ଚିମବଙ୍ଗରେ ଆସନ୍ତାବର୍ଷ ବିଧାନସଭା ନିର୍ବାଚନ ଆୟୋଜନ ହେବାର କାର୍ଯ୍ୟକ୍ରମ ରହିଛି। ତେଣୁ ବିରୋଧୀ ଏହି ପ୍ରକ୍ରିୟାକୁ ବନ୍ଦ କରିବାକୁ ଅଣ୍ଟା ଭିଡିଛନ୍ତି। ସେପଟେ ଆସୋସିଏସନ ଅଫ୍ ଡେମୋକ୍ରାଟିକ ରିଫର୍ମ୍ସ (ଏଡିଆର) ମଧ୍ୟ ଏହି ପ୍ରକ୍ରିୟାକୁ ବିରୋଧ କରି ପୂର୍ବରୁ ସୁପ୍ରିମକୋର୍ଟଙ୍କ ଦ୍ୱାରାସ୍ଥ ହୋଇଛି। ଏହାଦ୍ୱାରା ବିହାରରେ ଲକ୍ଷାଧିକ ଲୋକ ମତଦାନରୁ ବଞ୍ଚିତ ହେବେ ବୋଲି ଏଡିଆର ତାର ଆବେଦନରେ ଉଲ୍ଲେଖ କରିଛି। ଏହା ମଧ୍ୟରେ ଆରଜେଡି ମଧ୍ୟ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛି। ଆରଜେଡି ଏମ୍‌ପି ମନୋଜ ଝା କମିଶନଙ୍କୁ ଚ୍ୟାଲେଞ୍ଜ କରି ସୁପ୍ରିମକୋର୍ଟରେ ଆବେଦନ ଦାଏର କରିଛନ୍ତି। ପିପୁଲ୍ସ ୟୁନିଅନ ଫର ସିଭିଲି ଲିବରଟିଜ୍ (ପିୟୁସିଏଲ୍) ଭଳି ରାଜ୍ୟର ଏକାଧିକ ସିଭିଲ ସୋସାଇଟି ଗ୍ରୁପ୍ ଓ ସାମାଜିକ କର୍ମୀ ଯୋଗେନ୍ଦ୍ର ଯାଦବ ମଧ୍ୟ ଏହି ପ୍ରସଙ୍ଗରେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି।

## ଯୁଦ୍ଧ ପରେ ପ୍ରଥମଥର ପାଇଁ ସାମ୍ନାକୁ ଆସିଲେ ଖାମ୍‌ନେଇ

ତେହେରାନ୍,୬।୭(ଏଜେନ୍ସି): ଇସ୍ରାଏଲ ବିପକ୍ଷ ଯୁଦ୍ଧର ପାଖାପାଖି ମାସେ ପରେ ଇରାନ ସୁପ୍ରିମ ଲିଡର ଆୟାତୋଲ୍ଲା ଅଲି ଖାମନେଇ ପ୍ରଥମଥର ପାଇଁ ସର୍ବସମ୍ମୁଖରେ ଦେଖା ଦେଇଛନ୍ତି। ରାଜଧାନୀ ତେହେରାନ୍‌ରେ ଏକ ଧାର୍ମିକ କାର୍ଯ୍ୟକ୍ରମରେ ଯୋଗଦେବାକୁ ସେ ସମସ୍ତଙ୍କ ସାମ୍ନାକୁ ଆସିଛନ୍ତି। ସେ ମୁସଲମାନଙ୍କ ସିୟା ସମ୍ପ୍ରଦାୟର ଧାର୍ମିକ କାର୍ଯ୍ୟରେ ଯୋଗ ଦେବା ସହ ସମର୍ଥକଙ୍କଠାରୁ ଅଭିବାଦନ ଗ୍ରହଣ କରିଥିଲେ। ୮୬ ବର୍ଷୀୟ ଖାମନେଇଙ୍କୁ ନିଜ ଗହଣରେ ପାଇ ସମର୍ଥକମାନେ ବେଶ୍ ଉତ୍ସାହିତ ହେବା ସହ ତାଙ୍କ ସମର୍ଥନରେ ସ୍ଲୋଗାନମାନ ଦେଇଥିଲେ। ଆମ ଧମନୀ ତଥା ଶିରାପ୍ରସିରାରେ ଖାମନେଇଙ୍କ ପାଇଁ ରକ୍ତ ପ୍ରବାହିତ ହେଉଛି ବୋଲି ସମର୍ଥକମାନେ ସ୍ଲୋଗାନ ଦେଇ କହିଥିଲେ। ଇସ୍ରାଏଲ ଓ ଇରାନ ମଧ୍ୟରେ ୧୨ ଦିନର ଯୁଦ୍ଧ ଅବସରରେ ସେ ନିରାପଦ ସ୍ଥାନରେ ଲୁଚି ରହିଥିଲେ।

## ବ୍ରିଟିଶ୍ ଜେଟ୍‌କୁ ସଜାଡ଼ିବା ପାଇଁ ଆସିଲେ ୪୦ ଇଞ୍ଜିନିୟର

ତିରୁଅନନ୍ତପୁରମ,୬।୭(ଏଜେନ୍ସି): ବ୍ରିଟିଶ ଫାଇଟର ଜେଟ୍ ଏଫ୍-୩୫ ଠିକ୍ କରିବା ପାଇଁ ବ୍ରିଟେନରୁ ୪୦ ଇଞ୍ଜିନିୟର ରବିବାର ଭାରତ ପହଞ୍ଚିଛନ୍ତି। ବିମାନକୁ ଏଠାରେ ସଜଡ଼ାଯିବ କି ବ୍ରିଟେନ ନିଆଯିବ ସେ ନେଇ ଇଞ୍ଜିନିୟରଙ୍କ ଏହି ଦଳ ନିଷ୍ପତ୍ତି ନେବ। ଜୁଲାଇ ୨ରେ ଏହି ଦଳ ଭାରତ ଆସିବାର କାର୍ଯ୍ୟକ୍ରମ ଥିଲା। ଜୁନ୍ ୧୪ରେ ଏହି ଫାଇଟର ଜେଟ୍ କେରଳର ତିରୁଅନନ୍ତପୁରମ ବିମାନ ବନ୍ଦରରେ ଜରୁରୀ ଅବତରଣ କରିଥିଲା। ଅବତରଣ ପରେ ବିମାନରେ ବୈଷୟିକ ତ୍ରୁଟି ଦେଖିବାକୁ ମିଳିଥିଲା। ଫଳରେ ଏହି ବିମାନ ଫେରିପାରି ନଥିଲା। ଗତ ୧୩ ଦିନ ହେବ ୯୧୮ କୋଟିର ଏହି ବିମାନ ଏୟାରପୋର୍ଟରେ ଛିଡା ହୋଇଛି।

## ଦଲାଇଲାମା ଉତ୍ତରାଧିକାରୀ ଚୟନ କରିପାରିବେ ନାହିଁ: ଚୀନ୍

ନୂଆଦିଲ୍ଲୀ,୬।୭(ଏଜେନ୍ସି): ବୌଦ୍ଧ ଧର୍ମଗୁରୁ ଦଲାଇଲାମା ତାଙ୍କର ଉତ୍ତରାଧିକାରୀ ଚୟନ କରିପାରିବେ ନାହିଁ। ଏହି କଥା କହିଛନ୍ତି ଭାରତରେ ଅବସ୍ଥାପିତ ଚୀନ୍ ରାଜଦୂତ ସୁ ଫେଇହୋଙ୍ଗ୍। ସେ କହିଛନ୍ତି ଯେ, ୧୪ତମ ଦଲାଇଲାମା ଐତିହାସିକ ଓ ଧାର୍ମିକ ପରମ୍ପରାର ଅଂଶବିଶେଷ। 'ଦଲାଇଲାମାଙ୍କ ପୁନର୍ଜନ୍ମ ତାଙ୍କଠାରୁ ଆରମ୍ଭ ହୋଇ ନ ଥିଲା ବା ତାଙ୍କ ପାଇଁ ଶେଷ ମଧ୍ୟ ହୋଇପାରିବ ନାହିଁ। ପରମ୍ପରା ଜାରି ରଖିବା ବା ଶେଷ କରିବା କାର୍ଯ୍ୟ ଦଲାଇଲାମାଙ୍କ ହାତରେ ନାହିଁ। ପୁନର୍ଜନ୍ମ ପରମ୍ପରା ନେଇ ସେ ଏକା ନିଷ୍ପତ୍ତି ନେଇପାରିବେ ନାହିଁ।

## ହତ୍ୟା ମାମଲାରେ ଆପ୍ ବିଧାୟକ ଗିରଫ

ଅହମଦାବାଦ୍,୬।୭(ଏଜେନ୍ସି): ହତ୍ୟା ଉଦ୍ୟମ ମାମଲାରେ ଗୁଜରାଟର ଆପ୍ ବିଧାୟକ ଚଇତାର ଭସଭା ଗିରଫ ହୋଇଛନ୍ତି। ନର୍ମଦା ଜିଲ୍ଲାର ଦେଡିଆପଡାର ତଲୁକା ପଞ୍ଚାୟତର ଜଣେ ଅଧିକାରୀଙ୍କୁ ଆକ୍ରମଣ କରିବା ଅଭିଯୋଗରେ ତାଙ୍କୁ ପୁଲିସ ଗିରଫ କରିଛି। ଶନିବାର ସନ୍ଧ୍ୟାରେ ଏକ ବୈଠକରେ ଯୁକ୍ତିତର୍କ ତଥା କଥା କଟାକଟି ହେବା ପରେ ସେ ଆକ୍ରମଣ କରିଥିବା ଅଭିଯୋଗ ହୋଇଛି। ସ୍ଥାନୀୟ କୋର୍ଡିନେସନ କମିଟିରେ ତାଙ୍କ ନୋମିନିଙ୍କୁ ସ୍ଥାନ ନ ମିଳିବାର ଭସଭା ଉତ୍କ୍ଷିପ୍ତ ହୋଇ ଆକ୍ରମଣ କରିଥିଲେ ବୋଲି ଏଫ୍ଆଇଆରରେ ଉଲ୍ଲେଖ କରାଯାଇଛି। ସେପଟେ ଏହି ଗିରଫଦାରୀକୁ ପାର୍ଟି ସୁପ୍ରିମୋ ଅରବିନ୍ଦ କେଜ୍ରିୱାଲ ନିନ୍ଦା କରିଛନ୍ତି।

## କ୍ରାଇମ୍ କ୍ୟାପିଟାଲରେ ପରିଣତ ହେଲାଣି ପାଟନା: ରାହୁଲ

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ବ୍ୟବସାୟୀ ଗୋପାଳ ଖେମ୍‌କାଙ୍କ ହତ୍ୟା ମାମଲାରେ କଂଗ୍ରେସ ନେତା ରାହୁଲ ଗାନ୍ଧୀ ବିହାରର ନୀତୀଶ କୁମାରଙ୍କ ସରକାରକୁ ତୀବ୍ର ସମାଲୋଚନା କରିଛନ୍ତି। ରାଜଧାନୀ ପାଟନା ଏବେ କ୍ରାଇମ୍ କ୍ୟାପିଟାଲରେ ପରିଣତ ହୋଇଛି ବୋଲି ସେ କହିଛନ୍ତି। ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ସମ୍ପୂର୍ଣ୍ଣ ଭାବେ ଭୁଶୁଡ଼ି ଯାଇଛି। ଏନଡିଏ ସରକାର ପାଟନାକୁ ଅପରାଧିଙ୍କ ଚରାଭୂଇଁରେ ପରିଣତ କରି ଦେଇଛନ୍ତି। ବିହାରରେ ବର୍ତ୍ତମାନ ଲୁଟ୍, ଗୁଳି ଚାଳନା, ହତ୍ୟା ସାଧାରଣ ଅପରାଧରେ ପରିଣତ ହୋଇଛି। ଅପରାଧକୁ ରୋକିବାରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ଭାବେ ବିଫଳ ହୋଇଥିବା ରାହୁଲ କହିଛନ୍ତି। ଉଲ୍ଲେଖଥାଉ କି, ମଗଧ ହସ୍ପିଟାଲର ମାଲିକ ଗୋପାଳ ଖେମ୍‌କାଙ୍କୁ ଶୁକ୍ରବାର ରାତି ୧୧.୪୦ରେ ନିଜ ଆପାର୍ଟମେଣ୍ଟର ଗେଟ୍ ସମ୍ମୁଖରେ ଗୁଳି କରି ହତ୍ୟା କରାଯାଇଥିଲା। ଏହାକୁ ନେଇ ବିହାରରେ ହଇଚଇ ସୃଷ୍ଟି ହୋଇଛି।



# ଟ୍ରମ୍ପଙ୍କୁ ଖୋଲା ଚ୍ୟାଲେଞ୍ଜ ଦଳ ଗଢ଼ିଲେ ଏଲନ୍ ମସ୍କ

**ରିପବ୍ଲିକାନ୍ ଓ ଡେମୋକ୍ରାଟ୍ ଉଭୟ ଭ୍ରଷ୍ଟ**
**୨ ଦଳୀୟ ବ୍ୟବସ୍ଥାକୁ ଭାଙ୍ଗିବ ଆମେରିକା ପାର୍ଟି**

ୱାସିଂଟନ, ୬।୭ (ଏଜେନ୍ସି): ବ୍ୟବସାୟ, ରାଜନୀତି, ନେତାଙ୍କୁ ସମର୍ଥନ, ମନ୍ତ୍ରୀପଦ, ସରକାରୀ ନିଷ୍ପତ୍ତିକୁ ବିରୋଧ, ବିବାଦ, ଇସ୍ତଫା ପରେ ପୁଣି ରାଜନୀତିରେ ସାମିଲ ହେବା ଘଟଣା ଆମେରିକାରେ ଚହଳ ପକାଇ ଦେଇଛି। ଶିଳ୍ପପତି ଏଲନ ମସ୍କଙ୍କ ସହ ଏଭଳି ଘଟଣା ଘଟିଛି। ବନ୍ଧୁତା ବଇରୀ ପାଲଟି ଯାଇଛି। ନିର୍ବାଚନରେ ଡୋନାଲ୍ଡ ଟ୍ରମ୍ପଙ୍କ ସମର୍ଥନ କରି ଆର୍ଥିକ ସହାୟତା ଦେଇଥିବା ମସ୍କ ବିବାଦ ପରେ ରାଷ୍ଟ୍ରପତିଙ୍କ ଠାରୁ ଦୂରେଇ ଯାଇଛନ୍ତି। ଶତ୍ରୁତା ଏତେ ବଢ଼ି ଯାଇଛି ଯେ ଖୋଲାଖୋଲି ଭାବେ ଟ୍ରମ୍ପଙ୍କୁ ବିରୋଧ କରି କ୍ଷମା ମାଗିବାକୁ ପଛାଇ ନାହାନ୍ତି। ଟ୍ରମ୍ପ ମଧ୍ୟ ତାଙ୍କୁ ଧମକ ଦେଇଛନ୍ତି। ଟେସ୍‌ଲା ମାଲିକଙ୍କୁ ଦକ୍ଷିଣ ଆଫ୍ରିକା ପଠାଇ ଦେବେ ବୋଲି ମଧ୍ୟ କହିଛନ୍ତି। ଏପରି ସମୟରେ ଆମେରିକା ରାଷ୍ଟ୍ରପତିଙ୍କୁ ଜବାବ ଦେବା ଲାଗି ଅରବପତି ଏଲନ ମସ୍କ ଶନିବାର ନୂଆ ରାଜନୈତିକ ଦଳ ଗଠନ କରିବାକୁ ଘୋଷଣା କରିଛନ୍ତି। ସେ ଏହାର ନାମ 'ଆମେରିକା ପାର୍ଟି' ରଖିଛନ୍ତି। ନିଜର ସାମାଜିକ ଗଣମାଧ୍ୟମ ପ୍ଲାଟଫର୍ମ ଏକ୍ସରେ ମସ୍କ ଏହି ସୂଚନା ଦେଇଛନ୍ତି।

ମସ୍କ ଏହି ଘୋଷଣା କରି ଦେଶର ବର୍ତ୍ତମାନର ରାଜନୈତିକ ବ୍ୟବସ୍ଥାକୁ ସମାଲୋଚନା କରିଛନ୍ତି। ସେ ଦେଶରେ ଏକ ଦଳୀୟ ବ୍ୟବସ୍ଥା ଚାଲିଥିବା ଉଲ୍ଲେଖ କରିଛନ୍ତି। ଆମେ ଗଣତନ୍ତ୍ରରେ ନୁହେଁ, ବରଂ ଏକ ଦଳୀୟ ବ୍ୟବସ୍ଥାରେ ରହୁଛେ। ଦେଶକୁ ବର୍‌ବାଦ କରି ଦେବାଳିଆ କରିଦିଆଯାଉଛି। ଏବେ ଆମେ ଏକଦଳୀୟ ବ୍ୟବସ୍ଥାକୁ ଭାଙ୍ଗିବାକୁ ଯାଉଛୁ। ମସ୍କ ଘୋଷଣା କରିଛନ୍ତି ଯେ ଆଜି ଆମେରିକା ପାର୍ଟି ଗଠନ କରାଯାଇଛି। ଲୋକଙ୍କୁ ପୁଣିଥରେ ସ୍ୱାଧୀନତା ଫେରାଇ ଦେବାକୁ ଏହି ନିଷ୍ପତ୍ତି ନିଆଯାଇଛି। ଏହାକୁ ନେଇ ସେ ଏକ୍ସରେ ସର୍ଭେ ମଧ୍ୟ କରିଥିଲେ। ଏଥିରୁ ୬୬% ଲୋକ ନୂଆ ରାଜନୈତିକ ଦଳ ଚାହୁଁଥିବା ଜଣାପଡ଼ିଛି। ଏବେ ଲୋକଙ୍କ ଇଚ୍ଛା ପୂରଣ ହେବ। ରପବ୍ଲିକାନ ଏବଂ ଡେମୋକ୍ରାଟ ପାର୍ଟି ଆମେରିକାକୁ ବର୍‌ବାଦ ଏବଂ ଦୁର୍ନୀତିର ଗନ୍ତାଘର କରିଦେଇଛନ୍ତି। ଏବେ ଦେଶକୁ ଦୁଇ ଦଳୀୟ ବ୍ୟବସ୍ଥାରୁ ସ୍ୱାଧୀନତା ମିଳିବ। ଟ୍ରମ୍ପଙ୍କ ସହ ବିବାଦ ମଧ୍ୟରେ ମସ୍କ ଏଭଳି ଘୋଷଣା କରିଛନ୍ତି।

ଏହା ପୂର୍ବରୁ ଆମେରିକା ସ୍ୱାଧୀନତା ଦିବସ ଅବସରରେ ମସ୍କ ଏକ୍ସରେ ଏକ ସର୍ଭେ କରାଇ ଥିଲେ। ଏଥିରେ ଦୁଇ ଦଳୀୟ ବ୍ୟବସ୍ଥାରୁ ସ୍ୱାଧୀନତା ଚାହୁଁଛନ୍ତି କି ନାହିଁ ଏବଂ ଆମେରିକା ପାର୍ଟି ଗଠନ କରିବା ଉଚିତ କି ବୋଲି ପଚାରି ଥିଲେ। ସର୍ଭେରେ ୬୫.୪ ପ୍ରତିଶତ ଲୋକ ହଁ ଏବଂ ୩୪.୬ ପ୍ରତିଶତ ନା କହିଥିଲେ। ସୂଚନାଯୋଗ୍ୟ ଯେ ଗତ କିଛି ସପ୍ତାହ ହେଲା ଟ୍ରମ୍ପ ଏବଂ ମସ୍କଙ୍କ ମଧ୍ୟରେ ବିବାଦ ଉଗ୍ର ହୋଇଥିଲା। ଉଭୟ ଗୃହରେ ପାରିତ ଟ୍ରମ୍ପଙ୍କ ପ୍ରିୟ 'ୱାନ ବିଗ୍ ବିୟୁଟିଫୁଲ ବିଲ୍' ଏହି ନିଆଁରେ ଘିଅ ଢାଳି ଥିଲା। ଏହାକୁ ମସ୍କ ତୀବ୍ର ସମାଲୋଚନା କରିଥିଲେ। ପୂର୍ବରୁ ମସ୍କ ଟ୍ରମ୍ପଙ୍କ କ୍ୟାବିନେଟରେ ପ୍ରମୁଖ ପରାମର୍ଶଦାତା ଭାବେ କାମ କରୁଥିଲେ। 'ଡିପାର୍ଟମେଣ୍ଟ ଅଫ୍ ଗଭର୍ମେଣ୍ଟ ଏଫିସିଏନ୍ସି'ର ନେତୃତ୍ୱ ନେଇ ସେ ସରକାରୀ ଖର୍ଚ୍ଚ କାଟ୍ କରୁଥିଲେ। ତେବେ ଟ୍ରମ୍ପଙ୍କ ଟିକସ ଏବଂ ବ୍ୟୟ ବିଲ୍‌କୁ ସେ ବିରୋଧ କରିଥିଲେ। ଏହା ଦ୍ୱାରା ଆଗାମୀ ୧୦ ବର୍ଷରେ ଆମେରିକା ୩.୩ ଟ୍ରିଲିୟନ ଡଲାରର ଋଣ ବୃଦ୍ଧି କରିବ ବୋଲି ସେ ଆଶା କରିଥିଲେ। ବିଭିନ୍ନ ପ୍ରସଙ୍ଗରେ ମତଭେଦ ତୀବ୍ର ହେବା ପରେ ସେ ଟ୍ରମ୍ପ ପ୍ରଶାସନରୁ ଇସ୍ତଫା ଦେଇଥିଲେ।



## ମହାକାଶ ଷ୍ଟେସନ୍‌ର କପୋଲାରେ ଶୁଭାଂଶୁ

ଟେକ୍ସାସ୍, ୬।୭ (ଏଜେନ୍ସି): ଅନ୍ତର୍ଜାତୀୟ ମହାକାଶ ଷ୍ଟେସନ (ଆଇଏସଏସ)ରେ ଭାରତୀୟ ମହାକାଶଚାରୀ ଶୁଭାଂଶୁ ଶୁକ୍ଲା ନୂଆ ଫଟୋ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ଏଥିରେ ଶୁଭାଂଶୁ ଆଇଏସଏସର କପୋଲା ମଡ୍ୟୁଲୋର ଝରକାରୁ ପୃଥିବୀକୁ ଦେଖୁଥିବା ଜଣାପଡୁଛି। ଇସ୍ରୋ, କେନ୍ଦ୍ର ସରକାର ଏବଂ ଆମେରିକା ସ୍ପେସ୍ କମ୍ପାନୀ ଅକ୍ସିୟମ ପକ୍ଷରୁ ଏହି ଫଟୋ ସେୟାର କରାଯାଇଛି। କପୋଲା ମଡ୍ୟୁଲୋ ହେଉଛି ଏକ ଗୋଲାକାର ପର୍ଯ୍ୟବେକ୍ଷଣ କେନ୍ଦ୍ର। ଏଥିରେ ୭ଟି କାଚ ଝରକା ରହିଛି। ଏହା ମାଧ୍ୟମରେ ମହାକାଶ ଯାତ୍ରୀ ବାହାରର ମହାକାଶ, ପୃଥିବୀ ଏବଂ ଷ୍ଟେସନ କାର୍ଯ୍ୟକୁ ଦେଖିଥାନ୍ତି ଓ ନିୟନ୍ତ୍ରଣ କରିଥାନ୍ତି। ଏହା ପୃଥିବୀର ସବୁଠାରୁ ସୁନ୍ଦର ଚିତ୍ର ଉତ୍ତୋଳନ କରୁଥିବା ସ୍ଥାନ ପାଲଟି ଯାଇଛି। ଗତ ୨୫ ତାରିଖରେ ଶୁଭାଂଶୁଙ୍କ ସମେତ ୪ ମହାକାଶଚାରୀ ଆଇଏସଏସକୁ ଯାତ୍ରା ଆରମ୍ଭ କରି ୨୮ ଘଣ୍ଟା ପରେ ପହଞ୍ଚି ଥିଲେ। ଶୁଭାଂଶୁ ମହାକାଶରେ ଇଣ୍ଡିଆନ ଏଜୁକେଶନ ଇନଷ୍ଟିଚ୍ୟୁଟ୍‌ସର ୭ଟି ପରୀକ୍ଷଣ କରିବେ। ଏହି ଅଭିଯାନ ଭାରତର ଗଗନଯାନ ମିଶନକୁ ବଳ ଦେବ।

## ୨୪ ବର୍ଷ ପରେ ଗିରଫ ହେଲା ସିରିଏଲ୍ କିଲର୍

**ଗାଡ଼ି ଭଡ଼ା ନେଇ ଡ୍ରାଇଭରକୁ ହତ୍ୟା କରି ଲୁଟୁଥିଲା**

ନୂଆଦିଲ୍ଲୀ,୬।୭(ଏଜେନ୍ସି): ୨୪ ବର୍ଷର ତଲାଶି ପରେ ଜଣେ ସିରିଏଲ କିଲରକୁ ଗିରଫ କରାଯାଇଛି। ଅଜୟ ଲାମ୍ବା ନାମକ ଏହି ସିରିଏଲ କିଲରଙ୍କୁ ଦିଲ୍ଲୀ ପୁଲିସ କ୍ରାଇମ୍ ବ୍ରାଞ୍ଚ୍ ଗିରଫ କରିଛି। ସେ ୪ଟି ହତ୍ୟା ଓ ଡକାୟତି ମାମଲାରେ ଅଭିଯୁକ୍ତ ଥିଲେ ଓ ତାଙ୍କୁ ପୁଲିସ ଖୋଜୁଥିଲା। ପାଖାପାଖି ଅଢେଇ ଦଶନ୍ଧି ପରେ ଗିରଫ କରିବାରେ ପୁଲିସ ସଫଳ ହୋଇଛି। ଅଜୟ ଓ ତା'ର ସହଯୋଗୀଙ୍କ ଟ୍ୟାକ୍ସି ଭଡା କରି ଉତ୍ତରାଖଣ୍ଡ ଯାଉଥିଲେ। ସେଠାରେ ଚକ୍ରାନ୍ତ କରି ଟ୍ୟାକ୍ସି ଡ୍ରାଇଭରଙ୍କୁ ହତ୍ୟା କରି ଉତ୍ତରାଖଣ୍ଡର ପାହାଡୀ ଉପତ୍ୟାକାରେ ମୃତ୍ତଦେହକୁ ଫୋପାଡି ଦେଉଥିଲେ। ଏହାପରେ ଟ୍ୟାକ୍ସି ତଥା କାରଗୁଡିକୁ ସୀମା ପାର କରି ପଡୋଶୀ ଦେଶ ନେପାଳରେ ବିକ୍ରି କରୁଥିଲେ। ୨୦୦୧ରେ ଦିଲ୍ଲୀ, ଉତ୍ତର ପ୍ରଦେଶ ଓ ଉତ୍ତରାଖଣ୍ଡର କ୍ୟାବ ଡ୍ରାଇଭରମାନଙ୍କୁ ହତ୍ୟା କରିଥିଲେ ବୋଲି ଦିଲ୍ଲୀ ଡିସିପି ଆଦିତ୍ୟ ଗୌତମ କହିଛନ୍ତି। ଅଜୟ ଓ ତାର ସହଯୋଗୀ ଆହୁରି କେତୋଟି ହତ୍ୟା କରିଥାଇପାରନ୍ତି ବୋଲି ପୁଲିସ ସନ୍ଦେହ କରୁଛି। ଏହି କ୍ରମରେ ତା'ର ଦୁଇଜଣ ସହଯୋଗୀଙ୍କୁ ପୁଲିସ ଗିରଫ କରି ପଚରାଉଚରା କରୁଛି। ଦିଲ୍ଲୀ ନିବାସୀ ୪୮ ବର୍ଷୀୟ ଅଜୟ ଲାମ୍ବା ଷଷ୍ଠ ଶ୍ରେଣୀରୁ ପାଠ ପଢା ଛାଡିଥିଲେ। ଏହାପରେ ସେ ଉତ୍ତରପ୍ରଦେଶର ବରେଲି ଚାଲିଯାଇଥିଲେ। ସେଠାରେ ସେ ଧୀରେନ୍ଦ୍ର ଓ ଦିଲୀପ ନେଗୀଙ୍କ ସହ ସାଥି ହୋଇ ଅପରାଧ କରିବାକୁ ଷଡ଼ଯନ୍ତ୍ର କରୁଥିଲେ। ଅଜୟ ନାମରେ ବେଆଇନ୍ ଭାବେ ଅସ୍ତ୍ରଶସ୍ତ୍ର ରଖିବାର ଅନ୍ୟ ଏକାଧିକ ମାମଲା ରହିଛି। ସେ ୨୦୦୮ରୁ ୨୦୧୮ ପର୍ଯ୍ୟନ୍ତ ନେପାଳରେ ରହୁଥିଲା। ଏହାପରେ ସେ ପରିବାର ସହ ଡେରାଡୁନକୁ ଯାଇ ସେଠାରେ ବସବାସ କରୁଥିଲା। ସେଠାରେ ରହି ସେ ଓଡ଼ିଶାରୁ ଦେଶର ଅନ୍ୟ ରାଜ୍ୟଗୁଡିକୁ ଗଞ୍ଜେଇ ଚୋରା ଚାଲାଣ କରୁଥିଲା। ଗତବର୍ଷ ଓଡ଼ିଶାର ବ୍ରହ୍ମପୁରରେ ଏକ ଗହଣା ଦୋକାନ ଡକାୟତି ମାମଲାରେ ଗିରଫ ହୋଇଥିଲା ଓ ଜାମିନରେ ବାହାରିଥିଲା ବୋଲି ପୁଲିସ କହିଛି।

## ଟେକ୍ସାସ୍‌ରେ ବନ୍ୟା; ମୃତ୍ୟୁସଂଖ୍ୟା ୫୧କୁ ବୃଦ୍ଧି

ୱାଶିଂଟନ,୬।୭(ଏଜେନ୍ସି): ଆମେରିକାର ଟେକ୍ସାସ ରାଜ୍ୟରେ କ୍ରମାଗତ ବର୍ଷା ହେବା ଫଳରେ ବନ୍ୟା ସ୍ଥିତି ଆହୁରି ଉତ୍କଟ ହୋଇଛି। ଅଚାନକ ଆସିଥିବା ଏହି ବନ୍ୟାରେ ଏପର୍ଯ୍ୟନ୍ତ ୫୧ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ବାଳିକାମାନଙ୍କର ଏକ ସମର କ୍ୟାମ୍ପ ମଧ୍ୟ ଏଥିରେ ବୁଡି ଯାଇଥିଲା। କ୍ୟାମ୍ପରୁ ୭୫୦ଜଣ ବାଳିକାଙ୍କୁ ଉଦ୍ଧାର କରାଯାଇଛି। କିନ୍ତୁ ୨୭ ଜଣ ବାଳିକା ନିଖୋଜ ଅଛନ୍ତି। ଟେକ୍ସାସର ସେନ ଆଣ୍ଟୋନିଓରେ ୧୫ ଇଞ୍ଚ୍ ବର୍ଷା ହେବା ପରେ ମାତ୍ର ୪୫ ମିନିଟ୍ ମଧ୍ୟରେ ଗୁଆଡାଲୁପ୍ ନଦୀରେ ୨୬ ଫିଟ୍ ଅର୍ଥାତ ୮ ମିଟର ଉଚ୍ଚର ବନ୍ୟା ଆସିଥିଲା। ଫଳରେ ଘର ଓ ଗାଡ଼ିଗୁଡିକ ଖେଳଣା ଭଳି ଭାସି ଯାଇଥିଲା। ଉଦ୍ଧାର କାର୍ଯ୍ୟରେ ୧୪ ହଲିକପ୍ଟର, ୧୨ଟି ଡ୍ରୋନକୁ ସାମିଲ କରାଯାଇଛି। ଏପର୍ଯ୍ୟନ୍ତ ମୋଟ୍ ୮୫୦ ଲୋକଙ୍କୁ ଉଦ୍ଧାର କରାଯାଇଛି।

## ସରକାରୀ ଘର ଛାଡୁ ନାହାନ୍ତି ପୂର୍ବତନ ପ୍ରଧାନ ବିଚାରପତି ଚନ୍ଦ୍ରଚୂଡ଼

- କେନ୍ଦ୍ରକୁ ଚିଠି ଲେଖିଲା ସୁପ୍ରିମକୋର୍ଟ ପ୍ରଶାସନ
- ଏ ପର୍ଯ୍ୟନ୍ତ ୪ ବିଚାରପତିଙ୍କୁ ବଙ୍ଗଳା ମିଳି ପାରିନାହିଁ
- ବ୍ୟକ୍ତିଗତ କାରଣ ପାଇଁ ଖାଲି କରିନାହିଁ: ଜଷ୍ଟିସ ଚନ୍ଦ୍ରଚୂଡ଼

ନୂଆଦିଲ୍ଲୀ, ୬।୭ (ଏଜେନ୍ସି): ପୂର୍ବତନ ପ୍ରଧାନ ବିଚାରପତି ଡିୱାଇ ଚନ୍ଦ୍ରଚୂଡ଼ ଏ ପର୍ଯ୍ୟନ୍ତ ନିଜ ସରକାରୀ ବଙ୍ଗଳା (କୃଷ୍ଣ ମେନନ ମାର୍ଗ, ୫) ଖାଲି କରିନାହାନ୍ତି। ଧାର୍ଯ୍ୟଠାରୁ ଅଧିକ ସମୟ ପର୍ଯ୍ୟନ୍ତ ସେ ଏଠାରେ ରହିଲେଣି। ଏବେ ଏହାକୁ ନେଇ ବିବାଦ ସୃଷ୍ଟି ହୋଇଛି। ସୁପ୍ରିମକୋର୍ଟ ପ୍ରଶାସନ ଏହାକୁ ନେଇ କେନ୍ଦ୍ର ସରକାରଙ୍କୁ ଚିଠି ଲେଖିଛି। ଖୁବ୍‌ଶୀଘ୍ର ପୂର୍ବତନ ସିଜେଆଇଙ୍କ ବଙ୍ଗଳା ଖାଲି କରି ହସ୍ତାନ୍ତର କରିବାକୁ କୁହାଯାଇଛି। ଏହା ପରେ ବଙ୍ଗଳାକୁ 'ହାଉସିଂ ପୁଲ୍' ରେ ସାମିଲ କରାଯିବ।

ଏବେ ସୁପ୍ରିମକୋର୍ଟରେ ପ୍ରଧାନ ବିଚାରପତି ବିଆର ଗଭାଇଙ୍କୁ ମିଶାଇ ୩୩ ବିଚାରପତି ଅଛନ୍ତି। ଏବେ ଜଣେ ବିଚାରପତିଙ୍କ ପଦ ଖାଲି ରହିଛି। କିନ୍ତୁ ଏ ପର୍ଯ୍ୟନ୍ତ ୪ ବିଚାରପତିଙ୍କୁ ସରକାରୀ ବଙ୍ଗଳା ମିଳିପାରି ନାହିଁ। ରିପୋର୍ଟ ଅନୁଯାୟୀ ତିନି ଜଣ ବିଚାରପତି ସୁପ୍ରିମକୋର୍ଟର ଟ୍ରାଞ୍ଜିଟ ଆପାର୍ଟମେଣ୍ଟରେ ଏବଂ ଜଣେ ବିଚାରପତି ରାଜ୍ୟ ଅତିଥି ଭବନରେ ରହୁଛନ୍ତି। ତେଣୁ ଯେତେ ଶୀଘ୍ର ସମ୍ଭବ କୋଠା ଫେରାଇବାକୁ ଦାବି କରାଯାଇଛି।

ପୂର୍ବତନ ସିଜେଆଇ ଚନ୍ଦ୍ରଚୂଡ଼ ଗତ ବର୍ଷ ନଭେମ୍ବର ୧୦ରେ ଅବସର ଗ୍ରହଣ କରିଥିଲେ। ସରକାରୀ ନିୟମ ଅନୁଯାୟୀ କାର୍ଯ୍ୟରତ ପ୍ରଧାନ ବିଚାରପତିଙ୍କୁ ଅଷ୍ଟମ ଶ୍ରେଣୀର ବଙ୍ଗଳା ପ୍ରଦାନ କରାଯାଇଥାଏ। ସେ ଅବସର ନେଲା ପରେ ସପ୍ତମ ଶ୍ରେଣୀର ବଙ୍ଗଳାରେ ରହିପାରିବେ। ଏଥିପାଇଁ ୬ ମାସ ପର୍ଯ୍ୟନ୍ତ କୌଣସି ଭଡ଼ା ଦେବାକୁ ପଡ଼ିବ ନାହିଁ। କିନ୍ତୁ ପୂର୍ବତନ ସିଜେଆଇ ଚନ୍ଦ୍ରଚୂଡ଼ ଅବସରର ଆଠ ମାସ ପରେ ବି ବଙ୍ଗଳା ଖାଲି କରିନାହାନ୍ତି। ନିୟମ ଅନୁଯାୟୀ ସେ କେବଳ ୬ ମାସ ପର୍ଯ୍ୟନ୍ତ ଏହି ବଙ୍ଗଳାରେ ରହିପାରିବେ। ମାତ୍ର ଏହି ସମୟସୀମା ମେ' ୩୧ରୁ ଶେଷ ହେଲାଣି। ଏଥିଯୋଗୁଁ ତାଙ୍କର ଦୁଇ ଉତ୍ତରାଧିକାରୀ ପୂର୍ବତନ ସିଜେଆଇ ସଞ୍ଜୀବ ଖାନ୍ନା ଏବଂ ସିଜେଆଇ ବିଆର ଗଭାଇ କୃଷ୍ଣା ମେନନ ମାର୍ଗ ସ୍ଥିତ ବଙ୍ଗଳାକୁ ଯିବାକୁ ଉଚିତ ମଣିନାହାନ୍ତି। ସୁପ୍ରିମକୋର୍ଟ ପ୍ରଶାସନ ଗତ ୧ ତାରିଖରେ କେନ୍ଦ୍ର ଆବାସ ମନ୍ତ୍ରାଳୟକୁ ଏହି ଚିଠି ଲେଖିଥିଲା। ଏଥିରେ କୁହାଯାଇଥିଲା ଯେ ଏ ପର୍ଯ୍ୟନ୍ତ କୃଷ୍ଣ ମେନନ ସ୍ଥିତ ବଙ୍ଗଳା ପୂର୍ବତନ ସିଜେଆଇ ଚନ୍ଦ୍ରଚୂଡ଼ଙ୍କ କବ୍‌ଜାରେ ରହିଛି। ବିଳମ୍ବ ନ କରି ଏହାକୁ ଖାଲି କରାଯାଉ।



ଘର ଖାଲି ନ କରିବାକୁ ନେଇ ଜଷ୍ଟିସ ଚନ୍ଦ୍ରଚୂଡ଼ କହିଛନ୍ତି ଯେ ବ୍ୟକ୍ତିଗତ କାରଣ ପାଇଁ ଏପରି ହୋଇଛି। ସୁପ୍ରିମକୋର୍ଟ ପ୍ରଶାସନଙ୍କୁ ଏ ନେଇ ସୂଚନା ଦିଆଯାଇଥିଲା। ସରକାରୀ ବଙ୍ଗଳାରେ ଅଧିକ ସମୟ ପର୍ଯ୍ୟନ୍ତ ରହିବାକୁ ଚାହୁଁ ନ ଥିଲି। କିନ୍ତୁ ଝିଅଙ୍କ ଆବଶ୍ୟକତା ଲାଗି ସ୍ୱତନ୍ତ୍ର ସୁବିଧା ଥିବା ଘର ଜରୁରୀ। ଫେବୃଆରୀ ମାସଠାରୁ ଘର ଖୋଜୁଛି । ସର୍ଭିସ ଆପାର୍ଟମେଣ୍ଟ ଏବଂ ହୋଟେଲ ବି ଦେଖିଛି, କିନ୍ତୁ ସେଠାକୁ ଯାଇପାରି ନାହିଁ। ଏପ୍ରିଲ ୨୮ରେ ଏ ନେଇ ପୂର୍ବତନ ସିଜେଆଇ ଖାନ୍ନାଙ୍କୁ ଚିଠି ଲେଖି ସୂଚନା ଦେଇଥିଲି। ଜୁନ୍ ୩୦ ପର୍ଯ୍ୟନ୍ତ ରହିବାକୁ ଅନୁମତି ମାଗିଥିଲି। ମାତ୍ର କୌଣସି ଜବାବ ମିଳି ନ ଥିଲା। ଏ ନେଇ ସିଜେଆଇ ଗଭାଇଙ୍କ ସହ ମଧ୍ୟ କଥା ହୋଇଛି। ଖୁବଶୀଘ୍ର ବଙ୍ଗଳା ଛାଡିଦେବି ବୋଲି କହିଛି।

● ବ୍ରିକ୍ସରେ ମୋଦୀ

## ବିଶ୍ୱକୁ ନୂଆ ବ୍ୟବସ୍ଥା ଆବଶ୍ୟକ

ରିଓଡି ଜାନେରିଓ, ୬।୭(ଏଜେନ୍ସି): ବ୍ରାଜିଲର ରିଓ ଡି ଜାନେରିଓରେ ବ୍ରିକ୍ସ ସମ୍ମିଳନୀ ଆରମ୍ଭ ହୋଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ସମ୍ମିଳନୀରେ ଯୋଗ ଦେଇ ବର୍ତ୍ତମାନ ବିଶ୍ୱକୁ ଏକ ନୂଆ ବ୍ୟବସ୍ଥାର ଆବଶ୍ୟକତା ରହିଛି କହିଛନ୍ତି। ବିଂଶ ଶତାବ୍ଦୀରେ ଗଠନ କରାଯାଇଥିବା ବିଭିନ୍ନ ସଂସ୍ଥା ଏକବିଂଶ ଶତାବ୍ଦୀର ସମସ୍ୟା ଓ ଚ୍ୟାଲେଞ୍ଜଗୁଡିକୁ ପ୍ରତିହତ କରିବାରେ ଅକ୍ଷମ। ଏଆଇ ଯୁଗରେ ପ୍ରତି ମୁହୂର୍ତ୍ତରେ ଜ୍ଞାନକୌଶଳରେ ପରିବର୍ତ୍ତନ ହେଉଛି। କିନ୍ତୁ ୮୦ ବର୍ଷ ତଳେ ଗଠନ ହୋଇଥିବା ସଂସ୍ଥା ଗୁଡିକରେ କୌଣସି ପରିବର୍ତ୍ତନ ହୋଇନାହିଁ। ଅନ୍ୟପକ୍ଷରେ ପ୍ରଥମଥର ପାଇଁ ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗ୍ ଏହି ସମ୍ମିଳନୀରେ ଯୋଗ ଦେଇନାହାନ୍ତି।

## ଦାନା ପାଇଁ ଟଙ୍କା ନାହିଁ କାନ୍ଧରେ ଲଙ୍ଗଳ ଟାଣିଲେ ବୃଦ୍ଧ, କଣ୍ଟି ଧରିଲେ ପତ୍ନୀ

ମୁମ୍ବାଇ, ୬।୭ (ଏଜେନ୍ସି): ପାଖରେ ଟଙ୍କା ନାହିଁ। ଖାଇବାକୁ ଦାନା ନାହିଁ। ହାତ ଥରୁଛି। ଓଜନ ଆଗରେ ପାଦ ନଇଁ ଯାଉଛି। ଖଟି ଖଟି ବେକ ଥକି ଗଲାଣି। ତଥାପି ବଞ୍ଚିବା ପାଇଁ ସଂଘର୍ଷ କରିବାକୁ ପଡୁଛି। ଟଙ୍କା ଅଭାବରୁ ବଳଦ କିଣିପାରୁ ନାହାନ୍ତି। ଭଡ଼ାରେ ଟ୍ରାକ୍ଟର କିମ୍ବା ଶ୍ରମିକ ଆଣିବାକୁ ମଧ୍ୟ ଅର୍ଥ ନାହିଁ। ଦିନକୁ ଦି ଓଳା ଖାଇବା ପାଇଁ ବୃଦ୍ଧ ଦମ୍ପତି ବିଲରେ ଖଟୁଛନ୍ତି। ୭୫ ବର୍ଷୀୟ ସ୍ୱାମୀ କାନ୍ଧରେ ଲଙ୍ଗଳ ଭିଡୁଥିବାବେଳେ ସ୍ତ୍ରୀ କଣ୍ଟି ଧରୁଛନ୍ତି। ଜୀବନର



ଅପରାହ୍ଣରେ ଗରିବ ଚାଷୀ ଅମ୍ବାଦାସ ପାୱାର ଏବଂ ତାଙ୍କ ପତ୍ନୀ ମୁକ୍ତାବାଇଙ୍କ ଏହି କଠୋର ପରିଶ୍ରମର କରୁଣ ଦୃଶ୍ୟ ଖୁବ୍ ଭାଇରାଲ ହେବାରେ ଲାଗିଛି। ମହାରାଷ୍ଟ୍ର ଲାତୁର ଅନ୍ତର୍ଗତ ହାଦୋଲତି ଗ୍ରାମର ଏହି ଦମ୍ପତିଙ୍କ ଭିଡିଓ ସରକାରୀ ଯୋଜନା ଉପରେ ପ୍ରଶ୍ନ ଉଠାଇଛି।

ଜୀବନ ଆମ ପାଇଁ କୌଣସି ବିକଳ୍ପ ଦେଇ ନାହିଁ ବୋଲି ଅମ୍ବାଦାସ କ୍ଷୋଭର ସହ କହିଛନ୍ତି। ଏହି ଦମ୍ପତି କହିଛନ୍ତି ଯେ ପୁଅ ଶ୍ରମିକ ଭାବେ କାମ କରୁଛି। ତା ରୋଜଗାର ୬ ଜଣିଆ ପରିବାର ଚଳାଇବା ପାଇଁ ଯଥେଷ୍ଟ ହେଉନାହିଁ। ଗତ କିଛି ବର୍ଷ ହେଲା ବର୍ଷାରେ ମଧ୍ୟ ଫସଲ ନଷ୍ଟ ହୋଇଯାଉଛି। ଏଥିପାଇଁ କ୍ଷତି ହେଉଛି। ତଥାପି ପେଟ ପାଟଣା ଲାଗି ଫସଲ କରିବାକୁ ବାଧ ହେଉଛୁ। କରୋନା ସମୟରେ ସ୍ଥିତି ପୂରା ଦୋହଲି ଯାଇଥିଲା। ଏଥିପାଇଁ ଋଣ କରିବାକୁ ପଡ଼ିଥିଲା। ଫସଲ ଭଲ ନ ହେବାରୁ ଏହାକୁ ସେ ସୁଝି ପାରୁ ନାହାନ୍ତି। ପ୍ରତି ବର୍ଷ ଫସଲ ନଷ୍ଟ ହେବା ସତ୍ତ୍ୱେ ଆଶା ରଖି ନିଜର ୨.୫ ଏକର ଜମିରେ ଚାଷ କରୁଛନ୍ତି। ଏହି ଭିଡିଓ ଭାଇରାଲ ହେବା ପରେ ରାଷ୍ଟ୍ରମନ୍ତ୍ରୀ ବାଲାସାହେବ ପାଟିଲ ଶନିବାର ତାଙ୍କ ଋଣ (୪୨, ୫୦୦ ଟଙ୍କା) ଛାଡ଼ କରିଦେଇଛନ୍ତି। ସମବାୟ ସମିତିକୁ ଋଣ ପରିଶୋଧ ପ୍ରମାଣପତ୍ର ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି। ଅନ୍ୟ ସରକାରୀ ଯୋଜନାରେ ତାଙ୍କୁ ସାମିଲ କରିବାକୁ ମନ୍ତ୍ରୀ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଲାଭଜନକ ରହିବ। ଘରକୁ ଅତିଥିଙ୍କ ଆଗମନ ହୋଇପାରେ। ବିଦ୍ୟାର୍ଥୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ପୁରୁଣା ବନ୍ଧୁଙ୍କ ସହ ଭେଟ ହେବ। କାର୍ଯ୍ୟକ୍ଷେତ୍ରରେ କାର୍ଯ୍ୟଭାର ବଢ଼ିବ।

**ବୃଷ:** କଠିନ ପରିଶ୍ରମ ସତ୍ତ୍ୱେ ଆଶାଜନକ ଫଳ ମିଳିବ ନାହିଁ। ଅର୍ଥ ନିବେଶ ଲାଗି ଉପଯୁକ୍ତ ସମୟ। କୌଣସି କାମ ସମସ୍ୟା ସୃଷ୍ଟି କରିବ। ଧାର କରଜରୁ ନିବୃତ୍ତ ରହିବେ। ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମିଥୁନ:** ଜୀବନସାଥୀଙ୍କ ପାଇଁ କୌଣସି ନୂଆ ଜିନିଷ କିଣିପାରନ୍ତି। ବନ୍ଧୁଙ୍କ ସହ ବ୍ୟବସାୟ ସମ୍ବନ୍ଧୀୟ ଆଲୋଚନା କରନ୍ତୁ ନାହିଁ। ନୂଆ ଲୋକଙ୍କ ସହ ସମ୍ପର୍କ ସ୍ଥାପନ ହେବ। ବନ୍ଧୁ ଆର୍ଥିକ ସହାୟତା ଲୋଡ଼ିବେ।

**କର୍କଟ:** ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଅନ୍ତୁ ନାହିଁ। ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ଘର କିମ୍ବା ଜାଗାବାଡ଼ି କିଣିବା ପୂର୍ବରୁ ଗୁରୁଜନଙ୍କ ଆଶୀର୍ବାଦ ନିଅନ୍ତୁ।

**ସିଂହ:** ଦିନଟି ସକାରାତ୍ମକ ଫଳ ପ୍ରଦାନ କରିବ। ଅଫିସ୍‌ରେ ପରିଶ୍ରମ ଅନୁସାରେ ଫଳ ମିଳିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଭଲ ରହିବ। ଆଶା କରିଥିବା ଦିଗରୁ ଧନ ମିଳିପାରେ। ଆୟ ଓ ବ୍ୟୟ ସମାନ ରହିବ।

**କନ୍ୟା:** ସମସ୍ୟାର ସମାଧାନ ପାଇଁ ଦିନଟି ଅତ୍ୟନ୍ତ ଶୁଭଙ୍କର। ଚାକିରିଆଙ୍କୁ ଶୁଭ ଖବର ମିଳିପାରେ। ବରିଷ୍ଠ ଅଧିକାରୀଙ୍କ ସାହାଯ୍ୟ ନେଇ ଅଫିସ୍ ସମସ୍ୟାର ସମାଧାନ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ତୁଳା:** ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଉଧାର ଅର୍ଥ ଫେରି ପାଇପାରନ୍ତି। ବନ୍ଧୁଙ୍କ ସହାୟତାରେ କୌଣସି ନୂଆ କାମ ମିଳିବ। କୋର୍ଟ କଚେରୀ ମାମଲା ଆପଣଙ୍କ ସପକ୍ଷରେ ରହିବ। ରାଜନେତାଙ୍କ ପାଇଁ ଦିନଟି ଭଲ।

**ବିଛା:** ଦିନଟି ବ୍ୟସ୍ତତା ଭିତରେ କଟିବ। ପରିବାର ସଦସ୍ୟଙ୍କ ସହ ସମୟ ଅତିବାହିତ କରିପାରିବେ ନାହିଁ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ଅଫିସ୍ କାର୍ଯ୍ୟରେ ପରିବର୍ତ୍ତନ ଆସିପାରେ। ଦୂରସ୍ଥାନକୁ ଯାତ୍ରାଯୋଗ ଅଛି।

**ଧନୁ:** କଠିନ ପରିଶ୍ରମ ସହ କାର୍ଯ୍ୟ କରିବେ। ସନ୍ତାନଙ୍କ ଭବିଷ୍ୟତକୁ ନେଇ ଚିନ୍ତାରେ ରହିବେ। ଏକସଙ୍ଗରେ ଅନେକ କାର୍ଯ୍ୟ କରିବାର ସୁଯୋଗ ମିଳିବ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ସଙ୍ଗୀତପ୍ରତି ରୁଚି ବଢ଼ିବ।

**ମକର:** ନୂଆ ଯୋଜନାକୁ ନେଇ ବାପାଙ୍କ ସହ ଆଲୋଚନା କରିବେ। ଜୀବନସାଥୀଙ୍କଠାରୁ ଉପହାର ମିଳିବ। ସରକାରୀ ଚାକିରିଆଙ୍କୁ ଶୁଭ ଖବର ମିଳିବ। ଘରେ ଭୋଜିଭାତର ଆୟୋଜନ କରିବେ।

**କୁମ୍ଭ:** ଯୁକ୍ତିତର୍କରୁ ଦୂରେଇ ରୁହନ୍ତୁ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ସମାଜସେବା ଦ୍ୱାରା ପ୍ରତିଷ୍ଠା ବଢ଼ିବ। ପୈତୃକ ସମ୍ପତ୍ତିରୁ ଧନ ଲାଭ ହେବ। ସୃଜନାତ୍ମକ କାମ ପ୍ରତି ଆଗ୍ରହ ବଢ଼ିବ।

**ମୀନ:** ରାଜନୈତିକ କ୍ଷେତ୍ରରେ ମାନ ସମ୍ମାନ ବଢ଼ିବ। ଅଫିସ୍‌ରେ ଦାୟିତ୍ୱର ସହ କାର୍ଯ୍ୟ ତୁଲାଇବେ। ବିଦ୍ୟାର୍ଥୀମାନେ ଉଚ୍ଚଶିକ୍ଷା ସମ୍ପର୍କରେ ଶିକ୍ଷକଙ୍କ ସହ ଆଲୋଚନା କରିବେ। ପରିଶ୍ରମର ଉଚିତ ଫଳ ମିଳିବ।

## ଆଜିର ଇତିହାସ

- ୧୬୫୬- ଅଷ୍ଟମ ଶିଖ୍ ଗୁରୁ ହରକିଶନ୍‌ଙ୍କ ଜନ୍ମ।
- ୧୭୯୯- ମହାରାଜା ରଣଜିତ୍ ସିଂହ ଲାହୋର ଉପରେ କବ୍‌ଜା କଲେ।
- ୧୯୧୬- ନ୍ୟୁଜିଲ୍ୟାଣ୍ଡରେ ଲେବର ପାର୍ଟିର ଗଠନ।
- ୧୯୭୮- ସୋଲୋମୋନ ଦ୍ୱୀପ ସଂଯୁକ୍ତ ରାଷ୍ଟ୍ରରୁ ସ୍ୱାଧୀନ ହେଲା।
- ୧୯୮୦- ଇରାନ୍‌ରେ ସିରିଆ ଆଇନ ଲାଗୁ ହେଲା।
- ୨୦୧୨- ରୁଷ୍‌ରେ ଆସିଥିବା ପ୍ରଳୟଙ୍କାରୀ ବନ୍ୟା ଯୋଗୁଁ ୧୪୦ ଲୋକ ମୃତ।

# ମଣିଷର ଭାଷା ବୁଝିପାରେ କି ଏଆଇ



ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ କ'ଣ ସତରେ ମଣିଷଙ୍କ ଭାଷା, ଭାବନା ଏବଂ ଶବ୍ଦ ପଛରେ ଥିବା ଅର୍ଥକୁ ବୁଝିପାରେ ? ଏ ସଂକ୍ରାନ୍ତରେ ସ୍ନାୟୁ ବିଜ୍ଞାନୀ ବୀଣା ଡି. ଦ୍ୱିବେଦୀ ମତ ରଖିଛନ୍ତି। ସେ କହିଛନ୍ତି, ଏଆଇ ଯେତେ ବିକଶିତ ହେଲେ ବି ମଣିଷ ଭଳି ଭାଷାକୁ ଗଭୀରରୁ ବୁଝିବାକୁ ସକ୍ଷମ ନୁହେଁ। ସେହିପରି ନୋବେଲ ବିଜେତା ତଥା ଏଆଇ ଗଡ୍‌ଫାଦର୍ ଜେଫ୍ରି ହିଣ୍ଟନଙ୍କ କହିବା କଥା, 'ନ୍ୟୁରଲ ନେଟୱର୍କ ଏତେ ପ୍ରଗତି କରିସାରିଲାଣି, ଏହା ଭାଷାର ପାଟର୍ଣ୍ଣକୁ ବୁଝିବା ଲାଗି ସକ୍ଷମ। ଏପରିକି ଏଆଇ ଏବେ କ'ଣ କହୁଛି, ସେକଥା ମଧ୍ୟ ଜାଣିପାରୁଛି। ତେବେ ଠିକ୍ ଉତ୍ତର ଦେବା ଏବଂ ଆକର୍ଷଣୀୟ ବାକ୍ୟ ଗଠନ କରିବାକୁ କ'ଣ ବୁଦ୍ଧିମତା କୁହାଯିବ। ମଣିଷ ଭାଷାକୁ କେବଳ ଶବ୍ଦରେ ନୁହେଁ, ବରଂ ଭାବନା, ଅଙ୍ଗଭଙ୍ଗୀ ଏବଂ ସନ୍ଦର୍ଭରୁ ବି ବୁଝିଥାଏ। ଏଆଇ ହେଉଛି ଏହାର ବିପରୀତ। ଏଆଇ କେବଳ ଡାଟା ପ୍ୟାଟର୍ଣ୍ଣ ଉପରେ କାମ କରେ। ଏଆଇର ନା ଭାବନା ଥାଏ ନା ବ୍ୟକ୍ତିଗତ ଅନୁଭବ।' ବୀଣା କହନ୍ତି, 'କେବଳ ଲିଖିତ ଶବ୍ଦକୁ ଭାଷା ବୋଲି ବିବେଚନା କରିବା ହେଉଛି ସବୁଠୁ ବଡ଼ ଭୁଲ। ଉଦାହରଣ ସ୍ୱରୂପ ହିନ୍ଦୀ ଓ ଉର୍ଦ୍ଦୁ କହିବାର ଶୈଳୀ ଏକାପରି ଲାଗିଲେ ବି ଏହାର ଲିପି ଅଲଗା। ଏଆଇ ପାଇଁ ଭାଷା କେବଳ ଏକ ଟେକ୍ସଟ୍ ଡାଟା ହୋଇଥିବାବେଳେ ମଣିଷ ଭାଷାକୁ ନେଇ ବଞ୍ଚେ।' ସେହିପରି ମହାନ ଭାଷାବିଦ୍ ନୋଆମ ଚମସ୍କି କହିଥିଲେ, 'ମଣିଷ ପାଖରେ ଭାଷା ଶିଖିବାର ଜନ୍ମଜାତ କ୍ଷମତା ଅଛି। ଏହା ହେଉଛି ଏମିତି ଏକ ମାନସିକ ଶକ୍ତି, ଯାହାକୁ ବିଜ୍ଞାନ ସମ୍ପୂର୍ଣ୍ଣ ବୁଝିପାରି ନାହିଁ। ଅନ୍ୟପକ୍ଷରେ ଏଆଇର ନ୍ୟୁରଲ ନେଟୱାର୍କ କେବଳ ଗଣନା ଏବଂ ଆଲଗରିଦିମ୍‌ର ଏକ ମାୟାଜାଲ। ଏଥିରେ ବୁଝିବାର ଶକ୍ତି କିମ୍ବା ଅନୁଭବ କରିବାର କ୍ଷମତା ନାହିଁ।' ଏଥିରୁ ନିଷ୍କର୍ସ ଏୟା ବାହାରିଲା ଯେ, ଏଆଇ ଅନେକ କିଛି କହୁଥିଲେ ସୁଦ୍ଧା ମଣିଷର ଭାଷାକୁ ସମ୍ପୂର୍ଣ୍ଣ ଭାବେ ବୁଝିପାରେ ନାହିଁ। ଏଆଇ ମଣିଷର ଶବ୍ଦ ପଛର ଭାବ, ସନ୍ଦର୍ଭ, ଜଟିଳ ମାନବୀୟ ଅନୁଭବଠାରୁ ଏବେ ଅନେକ ଦୂରରେ ରହିଛି। ମଣିଷର ଭାଷା କେବଳ ଶବ୍ଦର ଖେଳ ନୁହେଁ, ଏହା ସମ୍ବେଦନା, ସଂସ୍କୃତି, ଅନୁଭବର ଏକ ଜଟିଳ ମିଶ୍ରଣ। ଯାହାକୁ ବୁଝିବା ପାଇଁ ଏଆଇକୁ ଆହୁରି ଦୀର୍ଘ ପଥ ଅତିକ୍ରମ କରିବାକୁ ହେବ।

# 'ଦ ରାଜା ସାବ୍'ରେ କରିନା



ବଲିଉଡ୍ ଅଭିନେତ୍ରୀ କରିନା କପୁର ଖାନ୍ ଅନେକ ଦିନରୁ ସାଉଥ୍ ଇଣ୍ଡଷ୍ଟ୍ରୀରେ ଡେବ୍ୟୁ କରିବେ ବୋଲି ଚର୍ଚ୍ଚା ହେଉଛି। ସନ୍ଦୀପ ରେଡ୍ଡି ଭାଙ୍ଗାଙ୍କ ନିର୍ଦ୍ଦେଶିତ 'ସ୍ପିରିଟ୍'ରେ କରିନା, ପ୍ରଭାସଙ୍କ ବିପକ୍ଷରେ ଦେଖାଯିବେ ବୋଲି ପୂର୍ବରୁ କିଛି ରିପୋର୍ଟରେ ପ୍ରକାଶ ପାଇଥିଲା। ଶେଷରେ ଏଥିରେ ତ୍ରିପ୍ତି ଦିମ୍‌ରିଙ୍କୁ ଫାଇନାଲ କରାଯାଇଥିଲା। ଏବେ 'ଦ ରାଜା ସାବ୍' ଫିଲ୍ମରେ କରିନା ନଜର ଆସିବେ ବୋଲି ଜଣାପଡ଼ିଛି। ତେବେ ସେ ଏଥିରେ ଲିଡ୍ ରୋଲରେ ନଜର ଆସିବେ ନାହିଁ। ଏଥିରେ କେବଳ ତାଙ୍କର ଏକ ଆଇଟମ୍ ନମ୍ବର ରହିଛି। ଏଥିପାଇଁ କରିନାଙ୍କୁ ବେଶ୍ ମୋଟା ଅଙ୍କର ଅର୍ଥ ମିଳିଥିବା ଚର୍ଚ୍ଚା ହେଉଛି। ମାରୁତିଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମରେ ପ୍ରଭାସଙ୍କ ସହ ତିନି ଜଣ ଅଭିନେତ୍ରୀ( ମାଳବିକା ମୋହନନ୍, ନିଦ୍ଧି ଅଗ୍ରୱାଲ ଓ ରିଦ୍ଧି କୁମାର) ନଜର ଆସିବେ। ଏହା ୫ ଡିସେମ୍ବର, ୨୦୨୫ରେ ମୁକ୍ତିଲାଭ କରିବ। ତେବେ ଫିଲ୍ମକୁ ନେଇ ଦର୍ଶକଙ୍କ ଉତ୍ସାହ ବଢ଼ାଇବା ପାଇଁ କରିନାଙ୍କର ଏହି ଡ୍ୟାନ୍ସ ନମ୍ବର ରଖାଯାଇଥିବା କୁହାଯାଉଛି। ଏଥିରେ ନୟନତାରାଙ୍କର ମଧ୍ୟ ଏକ ଡ୍ୟାନ୍ସ ନମ୍ବର ରହିଛି।

# କାଚ ବୋତଲରେ ମାଇକ୍ରୋପ୍ଲାଷ୍ଟିକ୍ ଅଧିକ

ପ୍ଲାଷ୍ଟିକ୍ ସ୍ୱାସ୍ଥ୍ୟ ପାଇଁ ହାନିକାରକ ବୋଲି ସମସ୍ତେ ଜାଣନ୍ତି। ତେଣୁ ଏବେ ସୁଦ୍ଧା କାଚ ବୋତଲକୁ ସୁରକ୍ଷିତ ଓ ପରିବେଶ ଅନୁକୂଳ ବୋଲି କୁହାଯାଉଥିଲା। ହେଲେ ଏଭଳି ଭାବିବା ଭୁଲ। କାଚ ବୋତଲରେ ବିକ୍ରି ହେଉଥିବା ଲେମ୍ବୁ ପାଣି, ସୋଡ଼ା ଆଦି ଅନ୍ୟ ପାନୀୟରେ ମାଇକ୍ରୋପ୍ଲାଷ୍ଟିକ୍‌ର ମାତ୍ରା ପ୍ଲାଷ୍ଟିକ୍ ବୋତଲ ତୁଳନାରେ ଅଧିକ ଥିବା ଏକ ନୂତନ ଅଧ୍ୟୟନରୁ ଜଣାପଡ଼ିଛି। ଫ୍ରାନ୍ସର ଖାଦ୍ୟ ସୁରକ୍ଷା ଏଜେନ୍ସି ଆନ୍ସେସ୍‌ର



ଅଧ୍ୟୟନକାରୀମାନେ କରିଥିବା ଅଧ୍ୟୟନରୁ ଏଭଳି କିଛି ଜାଣିବାକୁ ପାଇଛନ୍ତି। ତେବେ ସେମାନଙ୍କର ଆଶା ଥିଲା ଯେ, ପ୍ଲାଷ୍ଟିକ୍ ବୋତଲ ତୁଳନାରେ କାଚ ବୋତଲ ଅପେକ୍ଷାକୃତ ସୁରକ୍ଷିତ ରହିବ। ହେଲେ ସେମାନଙ୍କୁ ଏହାର ଓଲଟା ପରିଣାମ ଦେଖିବାକୁ ମିଳିଲା। ତେବେ କାଚ ବୋତଲ ଠିପିରେ ଲାଗିଥିବା ରଙ୍ଗ ଏହା ଲାଗି ଦାୟୀ ବୋଲି କୁହାଯାଉଛି। କାରଣ ବୋତଲ ଠିପିରେ ଲାଗିଥିବା ପ୍ଲାଷ୍ଟିକ୍‌ର ଏହି କଣିକା ପାନୀୟ ପଦାର୍ଥରେ ମିଶିଯାଏ। ଏହିପ୍ରକାରେ ପାନୀୟ ପଦାର୍ଥ ମାଧ୍ୟମରେ ଶରୀରକୁ ମାଇକ୍ରୋପ୍ଲାଷ୍ଟିକ୍ ଯାଏ। ଗବେଷଣାନୁସାରେ, କୋଲ୍ଡଡ୍ରିଙ୍କସ୍, ଲେମ୍ବୁ ପାଣି, ବିୟର କାଚ ବୋତଲରେ ପ୍ରତି ଲିଟରରେ ପ୍ରାୟ ୧୦୦ ମାଇକ୍ରୋପ୍ଲାଷ୍ଟିକ୍ କଣିକା ଅଛି। ଯାହାକି ପ୍ଲାଷ୍ଟିକ୍ କିମ୍ବା ଧାତୁ କଣ୍ଟେନର ତୁଳନାରେ ୫୦ ଗୁଣ ଅଧିକ। ସେହିପରି ସମସ୍ତ ବୋତଲ ତୁଳନାରେ ବିୟର ବୋତଲରେ ଅଧିକ ମାଇକ୍ରୋପ୍ଲାଷ୍ଟିକ୍ ଥିବା ଜଣାପଡ଼ିଛି। ଏଥିରେ ପ୍ରତି ଲିଟର ପିଛା ପ୍ରାୟ ୬୦ ପ୍ଲାଷ୍ଟିକ୍ କଣିକା ଥିଲା। ଏହାପରେ ଲେମ୍ବୁ ପାଣିରେ ପ୍ରାୟ ୪୦ ପ୍ରତିଶତ ପ୍ଲାଷ୍ଟିକ୍ କଣିକା ଥିଲା। ମଦକୁ ବାଦ୍ ଦେଲେ ଅନ୍ୟ ସମସ୍ତ ପାନୀୟ ପାଇଁ ଅନ୍ୟ ପ୍ୟାକେଜିଂ ତୁଳନାରେ କାଚ କଣ୍ଟେନର୍ ଅଧିକ ଦୂଷିତ ଥିଲା। ଅନ୍ୟପକ୍ଷରେ ଏହି ଅଧ୍ୟୟନର ରିପୋର୍ଟ 'ଜର୍ଣ୍ଣାଲ ଅଫ୍ ଫୁଡ୍ କମ୍ପୋଜିସନ ଏବଂ ଆନାଲିସ୍'ରେ ପ୍ରକାଶିତ।



# ଅଧରପଣା

**ଆଜି ତିନି ରଥ ଉପରେ ଅଧରପଣା ନୀତି ସମ୍ପନ୍ନ ହେବ। ଆଷାଢ଼ ଶୁକ୍ଳ ଦ୍ୱାଦଶୀ ତିଥିରେ ଏହି ନୀତି ଅନୁଷ୍ଠିତ ହୋଇଥାଏ। ରଥ ଉପରେ ଅନୁଷ୍ଠିତ ଅଧରପଣା ହେଉଛି ସର୍ବବୃହତ୍ ପଣାଭୋଗ। ରଥରେ ଥିବା ପାର୍ଶ୍ୱଦେବ ଦେବୀ, ଚଣ୍ଡିଚାମୁଣ୍ଡା, ଅଶରୀରୀମାନଙ୍କୁ ତୃପ୍ତ କରିବା ପାଇଁ ଏହି ନୀତି ପାଳନ କରାଯାଏ।**

ଅଧରପଣା ନୀତି ମଧ୍ୟାହ୍ନ ଧୂପ ଶେଷ ହେବା ପରେ ଏବଂ ସନ୍ଧ୍ୟା ଆଳତି ପୂର୍ବରୁ ଅନୁଷ୍ଠିତ ହୋଇଥାଏ। ଏହା ଲାଗି ସ୍ୱତନ୍ତ୍ର ଅଧରହାଣ୍ଡି ତିଆରି କରାଯାଏ। ଶ୍ରୀବିଗ୍ରହମାନଙ୍କର ଶ୍ରୀଅଧର ଉଚ୍ଚତା ବିଶିଷ୍ଟ ଲାଉ ତୁମ୍ବ ଭଳି ସ୍ୱତନ୍ତ୍ର ଶୈଳୀରେ ମାଟିହାଣ୍ଡିରେ ପଣାକୁ ରଥ ଉପରେ ରଖାଯାଏ। ପ୍ରତି ରଥରେ ତିନି ହାଣ୍ଡି ହିସାବରେ ମୋଟ ୯ଟି ହାଣ୍ଡି ଅଧରପଣା ଭୋଗ କରାଯାଇ ଥାଏ। ପୂଜାପଣ୍ଡା ସେବକମାନେ ପଞ୍ଚୋପଚାର ପଦ୍ଧତିରେ ଶ୍ରୀବିଗ୍ରହମାନଙ୍କୁ ଅର୍ପଣ କରାଯାଏ। ଭୋଗ ହେବା ପରେ ପଣା ଥିବା ହାଣ୍ଡି ଗୁଡ଼ିକୁ ରଥ ଉପରେ ଭାଙ୍ଗି ଦିଆଯାଏ। ଏହାକୁ ରଥରେ ଥିବା ପାର୍ଶ୍ୱ ଦେବଦେବୀ, ଚଣ୍ଡିଚାମୁଣ୍ଡା ତଥା ଅଶରୀରୀମାନଙ୍କୁ ତୃପ୍ତ କରିବା ଲାଗି ଏହି ହାଣ୍ଡି ରଥ ଉପରେ ଭଙ୍ଗା ଯିବାର ବିଧି ଅଛି। ପଣା ହାଣ୍ଡି ଭାଙ୍ଗିଲେ ଏହା ରଥ ତଳକୁ ବୋହିଯାଏ। ଏହି ପଣାକୁ କ୍ଷୀର, ସର, ଛେନା, କର୍ପୂର, ନବାତ, ଗୋଲମରିଚ, ଅଳେଇଚ ଏବଂ ପାଚିଲା କଦଳୀ ଆଦିରେ ପ୍ରସ୍ତୁତ କରାଯାଏ। ଦୁଇଟି ମଠ ଓ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଏହି ନୀତି ପାଇଁ ଆବଶ୍ୟକ ସାମଗ୍ରୀ ଯୋଗାଇ ଦିଆଯାଏ।

# ନୀଳାଦ୍ରି ବିଜେ

**ରଥଯାତ୍ରାର ଅନ୍ତିମ ପର୍ବ ହେଉଛି ନୀଳାଦ୍ରି ବିଜେ। ଏହିଦିନ ତିନି ଠାକୁର ରତ୍ନ ସିଂହାସନରେ ବିଜେ କରନ୍ତି। ତେବେ ଅଧରପଣା ପରଦିନ ରଥାରୂଢ଼ ଚତୁର୍ଦ୍ଧାମୂର୍ତ୍ତି ରତ୍ନ ସିଂହାସନକୁ ପ୍ରତ୍ୟାବର୍ତ୍ତନ କରନ୍ତି। ଏହାକୁ 'ନୀଳଦ୍ରି ବିଜେ' ବା 'ନୀଳାଦ୍ରି ବିଜୟ' କୁହାଯାଏ। ସନ୍ଧ୍ୟାଧୂପ ନୀତି ପରେ ଗୋଟି ପହଣ୍ଡିରେ ଶ୍ରୀବିଗ୍ରହମାନେ ନିଳାଦ୍ରି ବିଜେ କରନ୍ତି। ଏହିଦିନ ମହାପ୍ରଭୁଙ୍କ ପାଖରେ ରସଗୋଲା ଭୋଗ ଲାଗି କରାଯାଏ।**

ଗୋଟି ପହଣ୍ଡିରେ ବିଜେ କରନ୍ତି: ଏହିଦିନ ରଥରେ ଚାରମାଳ ବନ୍ଧା ଯାଇଥାଏ। ଏହା ପରେ ବିଜେ କାହାଳୀ ବାଜେ। ତା'ପରେ ବନ୍ଦାପନା ଓ ଡୋରି ଲାଗି ନୀତି ହୋଇଥାଏ। ତେବେ ପ୍ରଥମେ ମଦନମୋହନ ଓ ରାମକୃଷ୍ଣ ବିଗ୍ରହଙ୍କୁ ଦକ୍ଷିଣୀ ଘରକୁ ବିଜେ କରାଯାଏ। ଏହା ପରେ ଗୋଟି ପହଣ୍ଡିରେ ସୁଦର୍ଶନ, ଶ୍ରୀବଳଭଦ୍ର, ଦେବୀ ସୁଭଦ୍ରା ଓ ଶ୍ରୀଜଗନ୍ନାଥ ରତ୍ନସିଂହାସନକୁ ବିଜେ କରନ୍ତି। ଏହି ସମୟରେ ଭକ୍ତଙ୍କ ହରିବୋଲ, ହୁଳହୁଳି, ଘଣ୍ଟ, ଘଣ୍ଟି, ଶଙ୍ଖ ନାଦରେ ସିଂହଦ୍ୱାର ପ୍ରକମ୍ପିତ ହୁଏ।

**ଜଗନ୍ନାଥ ଓ ଲକ୍ଷ୍ମୀଙ୍କ ମଧ୍ୟରେ ବଚନିକା:** ଶ୍ରୀଜଗନ୍ନାଥ ପହଣ୍ଡି ବିଜେ କରିବା ପରେ ଲକ୍ଷ୍ମୀ ଠାକୁରାଣୀ ଭେଟ ମଣ୍ଡପକୁ ଆସିଥାନ୍ତି। ଜଗନ୍ନାଥ ଓ ଲକ୍ଷ୍ମୀ ଠାକୁରାଣୀଙ୍କ ଭେଟ ହୁଏ। ପରମ୍ପରା ଅନୁସାରେ, ମହାପ୍ରଭୁ ସିଂହଦ୍ୱାର ନିକଟରେ ପହଞ୍ଚିବା ବେଳେ ସାମୟିକ ଭାବେ ଦ୍ୱାର ବନ୍ଦ ହୋଇଥାଏ। ତା'ସହ ଏହା କିଛି କ୍ଷଣ ପରେ ଖୋଲି ଯାଏ। ପୁଣି ମହାପ୍ରଭୁ ଜୟ ବିଜୟ ଦ୍ୱାର ନିକଟରେ ବିଜେ କରିବା ସମୟରେ ଆଉ ଥରେ ଉକ୍ତ ଦ୍ୱାର ଭିତର ପଟୁ ବନ୍ଦ କରାଯାଏ। ଏଠାରେ ଜଗନ୍ନାଥ ଓ ଲକ୍ଷ୍ମୀଙ୍କ ମଧ୍ୟରେ କଳି ହୋଇଥାଏ। ଶ୍ରୀଜଗନ୍ନାଥ ବଡ଼ ଭାଇ ଓ ସାନ ଭଉଣୀଙ୍କୁ ସାଙ୍ଗରେ ନେଇ ମାଉସୀ ଘରକୁ ଯାତ୍ରା କରିଥିଲେ। ସାଙ୍ଗରେ ଲକ୍ଷ୍ମୀ ମା' ଯାଇ ନ ଥିବାରୁ ସେ ଅଭିମାନ କରିଥିଲେ। ତେଣୁ ମହାପ୍ରଭୁ ଲକ୍ଷ୍ମୀ ମା'ଙ୍କ ମାନଭଞ୍ଜନ କରନ୍ତି। ମହାପ୍ରଭୁଙ୍କ ସହଚର ଓ ମା' ଲକ୍ଷ୍ମୀଠାକୁରାଣୀଙ୍କ ସହଚରୀଙ୍କ ମଧ୍ୟରେ ଲୋକ ପାରମ୍ପରିକ ବଚନିକା ପରେ ଜୟ ବିଜୟ ଦ୍ୱାର ଖୋଲେ।



**ରସଗୋଲାରେ ମାନ ଭଞ୍ଜନ:** ନୀଳାଦ୍ରି ବିଜେର ଅନ୍ୟତମ ବିଶେଷତ୍ୱ ହେଲା ରସଗୋଲା ଭୋଗ। ଶ୍ରୀମନ୍ଦିରରେ ପ୍ରବେଶ ପୂର୍ବରୁ ମହାପ୍ରଭୁ ରସଗୋଲା ଖୁଆଇ ଲକ୍ଷ୍ମୀଙ୍କ ମାନ ଭଞ୍ଜନ କରନ୍ତି। ମହାପ୍ରଭୁଙ୍କ ମାନବୀୟ ଲୀଳାରେ ଦାମ୍ପତ୍ୟ ଭାବନାର ଏହା ଅନନ୍ୟ ନିଦର୍ଶନ। ବର୍ଷକୁ ଗୋଟିଏ ଦିନ ଶ୍ରୀମନ୍ଦିର ଭିତରେ ନୀଳାଦ୍ରି ବିଜେ ସମୟରେ ଜଗନ୍ନାଥ ମହାପ୍ରଭୁଙ୍କୁ ରସଗୋଲା ଭୋଗ କରାଯାଏ। ଅନ୍ୟପଟେ ଏହିଦିନକୁ ରସଗୋଲା ଦିବସ ଭାବେ ମଧ୍ୟ ପାଳନ କରାଯାଏ।

## ସମ୍ପ୍ରୀତି

# ହରିଶୟନ ଏକାଦଶୀରୁ ମାଙ୍ଗଳିକ କାର୍ଯ୍ୟ ମନା



ଆଷାଢ଼ ଶୁକ୍ଳ ଏକାଦଶୀରୁ ଆରମ୍ଭ ହୋଇଛି 'ଦେବଶୟନ' ବା 'ହରିଶୟନ' ଏକାଦଶୀ। ଏହି ଦିନରୁ ଭଗବାନ ବିଷ୍ଣୁ ଚାରି ମାସ ପର୍ଯ୍ୟନ୍ତ ଯୋଗନିଦ୍ରାକୁ ଯାଆନ୍ତି। ତେଣୁ ଏହି ସମୟ ମଧ୍ୟରେ କୌଣସି ପ୍ରକାର ମାଙ୍ଗଳିକ କାର୍ଯ୍ୟ କରାଯାଇ ନ ଥାଏ। ସେହିପରି ଏହିଦିନରୁ ଚତୁର୍ମାସ ପ୍ରାରମ୍ଭ ହୋଇଥାଏ। ଏହା ଚାରିମାସ ଧରି ବଳବତ୍ତର ରହିବ।

ଏହି ସମୟ ମଧ୍ୟରେ ବିବାହ, ମୁଣ୍ଡନ, ଗୃହପ୍ରବେଶ ଭଳି କୌଣସି ପ୍ରକାର ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ ନାହିଁ। କାର୍ତ୍ତିକ ଶୁକ୍ଳ ଦେବୋତ୍‌ଥାପନ ଏକାଦଶୀ ପରେ ସବୁପ୍ରକାର ଶୁଭକାର୍ଯ୍ୟ ଆରମ୍ଭ ହୋଇଥାଏ। ଅନ୍ୟପଟେ ଚତୁର୍ମାସରେ ଭଗବାନ ବିଷ୍ଣୁ ଯୋଗନିଦ୍ରାକୁ ଯାଉଥିବାରୁ ଭଗବାନ ଶିବଙ୍କ ପୂଜା ଏହି ମାସଯାକ ଗୁରୁତ୍ୱ ବହନ କରେ। ଶ୍ରାବଣ ମାସରେ ଭଗବାନ ଶିବଙ୍କ ବିଧିବିଧାନ ପୂର୍ବକ ପୂଜାର୍ଚ୍ଚନା କରିବା ଦ୍ୱାରା ସମସ୍ତ ଦୁଃଖ ଓ କଷ୍ଟ ଦୂର ହୋଇଥାଏ। ଏହି ସମୟରେ ଚତୁର୍ମାସ ବ୍ରତ କରିବା ପାଇଁ ସନାତନ ଶାସ୍ତ୍ରରେ ଉଲ୍ଲେଖ ରହିଛି।

## ଜାଣନ୍ତୁ

ଶ୍ରୀମନ୍ଦିର ରୀତିନୀତିରେ ଅନେକ ନିଆରା ଶବ୍ଦ ବ୍ୟବହାର ହୁଏ। ସେମିତି ଏକ ଶବ୍ଦ ହେଉଛି 'ଭଅଣ୍ଡ'। ଭୋଗ ମଣ୍ଡପରେ ଠାକୁରମାନଙ୍କୁ ଅର୍ପଣ କରାଯାଉଥିବା ଭୋଗ ସାମଗ୍ରୀ ଓ ସେଥି ନିମନ୍ତେ ଅନୁଷ୍ଠିତ ଧୂପକୁ ଭଅଣ୍ଡ କୁହାଯାଏ। ଠାକୁରଙ୍କ କୋଠଭୋଗ ଏହି ଭୋଗ ମଣ୍ଡପରେ ବଢ଼ା ଯାଇ ଅର୍ପଣ କରାଯାଏ। ସେହିପରି ଅଧିକ ଗହଳି ହେଲେ ଅଧିକ ଭୋଗ ରଖାଯାଏ। ଏହାକୁ ଅତିରିକ୍ତ ଭୋଗ ଭାବେ ଭୋଗ ମଣ୍ଡପରେ ଅବସ୍ଥାପିତ କରାଯାଇ ଠାକୁରଙ୍କୁ ଭୋଗ ଲାଗି କରାଯାଏ। ଏହା ଭଅଣ୍ଡ ନାମରେ ଜଣାଶୁଣା।

ସକାଳ THE SAKALA
www.sakalaepaper.com

## ଗିଲ୍‌ଙ୍କ ରେକର୍ଡ ରନ୍; ଆକାଶଦୀପ ଓ ସିରାଜଙ୍କ ଘାତକ ବୋଲିଂ

# ଏଜ୍‌ବାଷ୍ଟନରେ ଭାରତର ଐତିହାସିକ ବିଜୟ



ଏଜ୍‌ବାଷ୍ଟନ,୬।୭ (ଏଜେନ୍ସି)

ଅଧିନାୟକ ଶୁବମନ ଗିଲ୍ (୨୬୯ ଓ ୧୬୧)ଙ୍କ ଦମ୍‌ଦାର ବ୍ୟାଟିଂ, ଆକାଶଦୀପ (୧୦/୧୮୭) ଓ ମହମ୍ମଦ୍ ସିରାଜ (୭/୧୨୭)ଙ୍କ ଘାତକ ବୋଲିଂ ବଳରେ ଭାରତ ୩୩୬ ରନ୍‌ରେ ଇଂଲଣ୍ଡକୁ ପରାସ୍ତ କରି ଏଠାରେ ଅନୁଷ୍ଠିତ ଦ୍ୱିତୀୟ ଟେଷ୍ଟରେ ବିଜୟୀ ହୋଇଛି। ଏହା ଫଳରେ ଦଳ ଏହି ଭେନ୍ୟୁରେ ୯ମ ମୁକାବିଲାରୁ ଓ ଚଳିତ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ପ୍ରଥମ ବିଜୟ ହାସଲ କରିଛି। ପ୍ରଥମ ଟେଷ୍ଟରେ ପରାଜିତ ହୋଇଥିବା ଭାରତ ଏଠାରେ ମ୍ୟାଚ୍ ଜିତିବା ଫଳରେ ସିରିଜ୍ ୧-୧ ବରାବର ସ୍ଥିତିରେ ରହିଛି। ଜବରଦସ୍ତ ବ୍ୟାଟିଂ କରି ୪୩୦ ରନ୍ କରିଥିବା ଭାରତୀୟ ଅଧିନାୟକ ଶୁବମନ ଗିଲ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ଏହା ପରେ ଚଳିତ ସିରିଜ୍‌ର ତୃତୀୟ ଟେଷ୍ଟ ଲର୍ଡ୍ସରେ ଜୁଲାଇ ୧୦ରୁ ୧୪ ତାରିଖଯାଏ ଖେଳାଯିବ। ଏହି ମ୍ୟାଚ୍‌ରେ ବ୍ୟାଟରଙ୍କ ଦମ୍‌ଦାର ପ୍ରଦର୍ଶନ ବଳରେ ଭାରତ ପ୍ରଥମ ଇନିଂସରେ ୧୮୦ ରନ୍‌ରେ ଆଗୁଆ ରହିବା ପରେ ୬ ୱିକେଟରେ ୪୨୭ ରନ୍ କରି ଦ୍ୱିତୀୟ ଇନିଂସ ସମାପ୍ତି ଘୋଷଣା କରିଥିଲା। ଏହା ଫଳରେ ଭାରତ ଘରୋଇ ଇଂଲଣ୍ଡ ଆଗରେ ୬୦୮ ରନ୍‌ର ବିଜୟ ଲକ୍ଷ୍ୟ ଧାର୍ଯ୍ୟ କରିଥିଲା। ଏହି ବିଜୟ ଲକ୍ଷ୍ୟକୁ ପିଛା କରି ମ୍ୟାଚ୍‌ର ପଞ୍ଚମ ତଥା ରବିବାର ଶେଷ ଦିନ ଖେଳରେ ୨୭୧ ରନ୍ କରି ଅଲଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ ଜେମି ସ୍ମିଥ୍ ସର୍ବାଧିକ ୮୮, ବ୍ରାଇଡନ କାର୍ସ ୩୮, ବେନ୍ ଷ୍ଟୋକ୍ସ ୩୩, ବେନ୍ ଡକେଟ ୨୫, ଓଲି ପୋପ୍ ୨୪, ହ୍ୟାରୀ ବ୍ରୁକ୍ ୨୩ ଓ ଦଳର ସବୁଠାରୁ ଅଭିଜ୍ଞ ବ୍ୟାଟର ଜୋ ରୁଟ୍ ମାତ୍ର ୬ ରନ୍ କରିଥିଲେ। ଭାରତ ପକ୍ଷରୁ ଯଶପ୍ରୀତ୍ ବୁମ୍‌ରାଙ୍କ ସ୍ଥାନରେ ଖେଳୁଥିବା ଆକାଶଦୀପ ସର୍ବାଧିକ ୬ଟି ୱିକେଟ ପାଇଥିଲେ।

ପୂର୍ବରୁ ୫ମ ତଥା ଶେଷ ଦିନ ଖେଳ ଆରମ୍ଭ ପୂର୍ବରୁ ଏଠାରେ ପ୍ରବଳ ବର୍ଷା ହୋଇଥିଲା। ବର୍ଷା ଓ ଓଦା ପଡ଼ିଆ ଯୋଗୁ ଖେଳ ୧୦୦ ମିନିଟ୍ ବନ୍ଦ ରହିଥିଲା। ଫଳରେ ଆଜି ଖେଳାଯିବାକୁ ଥିବା ୯୦ ଓଭରରୁ ୧୦ ଓଭର କାଟିଦିଆଯାଇଥିଲା। ଖେଳ ଆରମ୍ଭ ହେବାର ଅଳ୍ପ ସମୟ ମଧ୍ୟରେ ଗତକାଲିର ଦୁଇ ଅପରାଜିତ ବ୍ୟାଟର ଓଲି ପୋପ୍ (୨୪) ଓ ହ୍ୟାରୀ ବ୍ରୁକ୍ (୨୩)ଙ୍କୁ ଭାରତୀୟ ଫାଷ୍ଟ ବୋଲର ଆକାଶଦୀପ ଚମତ୍କାର ବୋଲିଂ କରି ଆଉଟ କରିଥିଲେ। ୮୩ ରନ୍‌ରେ ୫ମ ୱିକେଟ ଅକ୍ତିଆର କରିବା ପରେ ଭାରତୀୟ ବୋଲର ଉତ୍ସାହିତ ହୋଇଥିଲେ। କିନ୍ତୁ ଅଧିନାୟକ ବେନ୍ ଷ୍ଟୋକ୍ସ ଓ ପ୍ରଥମ ଇନିଂସ ହିରୋ ଜେମି ସ୍ମିଥ୍ ଧୈର୍ଯ୍ୟର ସହ ମୁକାବିଲା କରିଥିଲେ। ଲଞ୍ଚ୍ ପୂର୍ବରୁ ବ୍ୟକ୍ତିଗତଭାବେ ମାତ୍ର ଦ୍ୱିତୀୟ ଓଭର ବୋଲିଂ କରିଥିବା ୱାଶିଂଟନ ସୁନ୍ଦର ଡିଆର୍‌ଏସ୍ ସହାୟତାରେ ଷ୍ଟୋକ୍‌ସ (୭୩ ବଲ୍‌ରେ ୩୩ରନ୍)ଙ୍କୁ ଏଲବିଡବ୍ଲ୍ୟୁ ଆଉଟ କରି ଭାରତୀୟ ଶିବିରରେ ଆନନ୍ଦ ଖେଳାଇଦେଇଥିଲେ। ଲଞ୍ଚ୍ ବେଳକୁ ଇଂଲଣ୍ଡ ୧୫୩ ରନ୍‌ରେ ୬ଷ୍ଠ ୱିକେଟ ହରାଇ ବିପଦରେ ପଡ଼ିଥିଲା।

### ■ ୫୮ ବର୍ଷରେ ପ୍ରଥମ

ଏଜ୍‌ବାଷ୍ଟନରେ ଇଂଲଣ୍ଡକୁ ୩୩୬ ରନ୍‌ରେ ପରାସ୍ତ କରି ଏକାଧିକ ରେକର୍ଡ ପ୍ରତିଷ୍ଠା କରିଛି। ଭାରତ ଏଠାରେ ୧୯୬୭ରୁ ଟେଷ୍ଟ ଖେଳିଆସୁଥିଲାବେଳେ ୫୮ ବର୍ଷ ପରେ ପ୍ରଥମ ବିଜୟ ହାସଲ କରିଛି। ଏହି ମ୍ୟାଚ୍ ପରେ ଭାରତ ଏଠାରେ ୯ଟି ଟେଷ୍ଟ ଖେଳି ଗୋଟିଏ ବିଜୟ, ଗୋଟିଏ ଡ୍ର ରଖିଥିଲାବେଳେ ଅନ୍ୟ ୭ଟିରେ ପରାଜିତ ହୋଇଛି।

### ■ ବିଦେଶ ମାଟିରେ ସର୍ବବୃହତ୍ ବିଜୟ

ଏଠାରେ ଭାରତ (୩୩୬ ରନ୍‌ରେ) ଇଂଲଣ୍ଡକୁ ହରାଇ ରନ୍ ବ୍ୟବଧାନରେ ସର୍ବବୃହତ୍ ବିଜୟ ହାସଲ କରିଛି। ଏହା ପୂର୍ବରୁ ୨୦୧୬ରେ ୱେଷ୍ଟଇଣ୍ଡିଜ୍‌କୁ ନର୍ଥସାଉଣ୍ଡରେ ୩୧୮ ରନ୍‌ରେ ହରାଇ ଏହି ରେକର୍ଡର ଅଧିକାରୀ ହୋଇଥିଲା।

### ■ ଇଂଲଣ୍ଡରେ ଶ୍ରେଷ୍ଠ ବୋଲିଂ ସଫଳତା

ଏହି ମ୍ୟାଚ୍‌ରେ ଭାରତର ଫାଷ୍ଟ ବୋଲର ଆକାଶଦୀପ ସିଂ ୧୮୭ ରନ୍‌ରେ ୧୦ଟି ୱିକେଟ ଅକ୍ତିଆର କରିଛନ୍ତି। ଇଂଲଣ୍ଡରେ ଜଣେ ଭାରତୀୟ ଭାବେ ଏହା ଶ୍ରେଷ୍ଠ ବୋଲିଂ ସଫଳତା। ପୂର୍ବରୁ ୧୯୮୬ ଏହି ଗ୍ରାଉଣ୍ଡରେ ଚେତନ ଶର୍ମା ୧୮୮ ରନ୍ ଦେଇ ୧୦ଟି ୱିକେଟ ନେଇଥିଲେ।

### ■ ଇଂଲଣ୍ଡ ମାଟିରେ ଅଷ୍ଟମ ବିଜୟ

ଇଂଲଣ୍ଡ ମାଟିରେ ଭାରତ ଏହି ଟେଷ୍ଟକୁ ମିଶାଇ ୮ମ ବିଜୟ ହାସଲ କରିଛି। ଦୁଇ ଦେଶ ମଧ୍ୟରେ ୬୯ତମ ଟେଷ୍ଟ ଆୟୋଜିତ ହୋଇଥିଲାବେଳେ ଭାରତ ୨୫ଟି ମ୍ୟାଚ୍‌ରେ ପରାଜିତ ହୋଇଛି।

### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ: ୫୮୭/୧୦, ୧୫୧ ଓଭର**
(ଗିଲ-୨୬୯, ଜାଡେଜା-୮୯, ଜୟସ୍ୱାଲ-୮୭, ବସିର-୩/୧୬୭, ଓକ୍ସ-୨/୮୧, ଟଙ୍ଗ-୨/୧୧୯)।
**ଇଂଲଣ୍ଡ ପ୍ରଥମ ଇନିଂସ: ୪୦୭/୧୦, ୮୯.୩ ଓଭର**
(ସ୍ମିଥ୍-୧୮୪*, ବ୍ରୁକ୍-୧୫୮, ରୁଟ୍-୨୨, ସିରାଜ-୬/୭୦, ଆକାଶ ଦୀପ-୪/୮୮)।
**ଭାରତ ଦ୍ୱିତୀୟ ଇନିଂସ: ୪୨୭/୬, ୮୩ ଓଭର, ପାଳି ଘୋଷିତ**
(ଗିଲ୍-୧୬୧, ଜାଡେଜା-୬୯*, ପନ୍ତ-୬୫, ଟଙ୍ଗ-୨/୯୩)।
**ଇଂଲଣ୍ଡ ଦ୍ୱିତୀୟ ଇନିଂସ: ୨୭୧/୧୦, ୬୮.୧ ଓଭର**
(ସ୍ମିଥ୍-୮୮, ଷ୍ଟୋକ୍ସ-୩୩, ଡକେଟ-୨୫, ରୁଟ-୬, ବ୍ରୁକ୍-୨୩, କାର୍ସ-୩୮, ଆକାଶଦୀପ-୬/୯୯, ସିରାଜ-୧/୫୭, ସୁନ୍ଦର-୧/୨୮)।

### ସ୍ମରଣୀୟ ପ୍ରଦର୍ଶନ

ଏହି ମ୍ୟାଚ୍‌ରେ ଉଭୟ ଦଳ ପକ୍ଷରୁ ଏକାଧିକ ବୀରତ୍ୱପୂର୍ଣ୍ଣ ପ୍ରଦର୍ଶନ ଦେଖିବାକୁ ମିଳିଛି। ବିଶେଷ କରି ଭାରତୀୟ ଅଧିନାୟକ ଶୁବମନ ଗିଲ୍ ପ୍ରଥମ ଇନିଂସରେ ୨୬୯ ଓ ଦ୍ୱିତୀୟ ଇନିଂସରେ ୧୬୧ ରନ୍ କରି ଏକାଧିକ ରେକର୍ଡ କରିବା ସହ ସ୍ମରଣୀୟ କରିପାରିଛନ୍ତି। ଇଂଲଣ୍ଡ ଇନିସ୍‌ରେ ଜେମି ସ୍ମିଥ୍‌ଙ୍କ କାଉଣ୍ଟରଆଟାକ ବା ପ୍ରତ୍ୟାକ୍ରମଣ ବେଶ ଉପଭୋଗ୍ୟ ହୋଇଥିଲା। ସେ ଅପରାଜିତ ୧୮୪ ଏବଂ ହ୍ୟାରୀ ବ୍ରୁକ୍ ୧୫୮ ରନ୍ କରିଥିଲେ। ଏହି ଇନିଂସରେ ଭାରତ ପକ୍ଷରୁ ମହମ୍ମଦ ସିରାଜ ୬ଟି ୱିକେଟ ନେଇ ଶ୍ରେଷ୍ଠ ପ୍ରଦର୍ଶନ କରିଥିଲେ। ଯଶପ୍ରୀତ୍ ବୁମ୍‌ରାଙ୍କ ଅନୁପସ୍ଥିତିରେ ସୁଯୋଗ ପାଇଥିବା ଆକାଶ ଦୀପ ଅନ୍ୟ ୪ଟି ୱିକେଟ ପାଇଥିଲେ। ସେ ମଧ୍ୟ ଇଂଲଣ୍ଡ ଦ୍ୱିତୀୟ ଇନିଂସରେ ୬ଟି ୱିକେଟ ନେଇ ଏହି ଟେଷ୍ଟରେ ୧୦ଟି ୱିକେଟ ନେଇ ଶ୍ରେଷ୍ଠ ବୋଲିଂ ସଫଳତା ପାଇଥିଲେ। ରବୀନ୍ଦ୍ର ଜାଡେଜା ପ୍ରଥମ ଇନିଂସରେ ୮୯ ଓ ୨ୟ ଇନିଂସରେ ୬୯* ରନ୍ କରିଥିଲେ।

ୱିମ୍ବଲଡନ୍ ୭ମ ଦିବସ

## ଫ୍ରିଜ୍-ଖାଚାନୋଭ କ୍ୱାର୍ଟର ଲଢ଼େଇ


ଟେଲର୍ ଫ୍ରିଜ୍

ଲଣ୍ଡନ, ୬।୭ (ଏଜେନ୍ସି): ଚଳିତ ବର୍ଷର ୩ୟ ଗ୍ରାଣ୍ଡସ୍ଲାମ ୱିମ୍ବଲଡନର ୭ମ ଦିବସ ଖେଳ ରବିବାର ଅନୁଷ୍ଠିତ ହୋଇଯାଇଛି। ପୁରୁଷ ସିଙ୍ଗଲ୍ସରେ ୫ମ ସିଡ୍ ଆମେରିକାର ଟେଲର୍ ଫ୍ରିଜ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ରାଉଣ୍ଡ-୧୬'ର ଏକ ମ୍ୟାଚରେ ଅଷ୍ଟ୍ରେଲିଆର ଅଣସିଡେଡ୍ ଖେଳାଳି ଜୋର୍ଡାନ ଥମ୍ପସନ ଆଘାତ ହୋଇ ମ୍ୟାଚ୍ ଅଧାରୁ ରିଟାୟର୍ଡ ହର୍ଟ୍ ହୋଇଯିବାରୁ ଫ୍ରିଜଙ୍କୁ ବିଜୟୀ ଘୋଷିତ କରାଯାଇଥିଲା। ଏହି ସମୟରେ ଫ୍ରିଜ ୬-୧, ୩-୦ରେ ଅଗ୍ରଣୀ ରହିଥିଲେ। ଗତ ୪ ବର୍ଷ ମଧ୍ୟରେ ଫ୍ରିଜ ୩ୟଥର ଲାଗି ୱିମ୍ବଲଡନ କ୍ୱାର୍ଟର ଫାଇନାଲରେ ପହଞ୍ଚିଛନ୍ତି। କ୍ୱାର୍ଟରରେ ଫ୍ରିଜ୍ ୧୭ତମ ସିଡ୍ ରୁଷିଆର କରନ ଖାଚାନୋଭାଙ୍କୁ ଭେଟିବେ। ଅନ୍ୟ ଏକ ପୁରୁଷ ପ୍ରି-କ୍ୱାର୍ଟର ଫାଇନାଲରେ କରନ ୬-୪, ୬-୨, ୬-୩ ସିଧାସଳଖ ସେଟ୍‌ରେ ପୋଲାଣ୍ଡର କାମିଲ ମାଜଚରଜାକଙ୍କୁ ସହଜରେ ହରାଇ ଅନ୍ତିମ-୮ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଅପରପକ୍ଷରେ ଶନିବାର ରାତିରେ ୭ଥରର ଚାମ୍ପିଅନ ସର୍ବିଆର ନୋଭାକ ଜୋକୋଭିଚ୍ ଏକ ବଡ଼ ବିଜୟ ହାସଲ କରିଛନ୍ତି। ତୃତୀୟ ରାଉଣ୍ଡ ମୁକାବିଲାରେ ସେ ନିଜ ଦେଶର ମିଓମିର୍ କେମାନୋଭିଚ୍‌ଙ୍କୁ ୬-୩, ୬-୦, ୬-୪ ସିଧାସଳଖ ସେଟ୍‌ରେ ହରାଇଥିଲେ। ଏଥିସହ ସେ ସ୍ଥାନୀୟ ଅଲ୍ ଇଂଲଣ୍ଡ ଲନ୍ ଟେନିସ କ୍ଲବରେ ଅର୍ଥାତ୍ ୱିମ୍ବଲଡନ ଗ୍ରାଣ୍ଡସ୍ଲାମ ଟେନିସ ଟୁର୍ଣ୍ଣାମେଣ୍ଟରେ କ୍ୟାରିୟରର ୧୦୦ତମ ବିଜୟ ଲାଭ କରିଥିଲେ। ବିଶ୍ୱର ୩ୟ ଖେଳାଳି ଭାବେ ସେ ୱିମ୍ବଲଡନରେ ୧୦୦ଟି ମ୍ୟାଚ୍ ଜିତିବାର କୀର୍ତ୍ତିମାନ କରିଥିଲେ। ତାଙ୍କ ପୂର୍ବରୁ ମାର୍ଟିନା ନାଭ୍ରାତିଲୋଭା ଓ ରୋଜର ଫେଡେରର୍ ଏହି କ୍ଲବରେ ସାମିଲ ହୋଇଥିଲେ। ଅପରପକ୍ଷରେ ମହିଳା ସିଙ୍ଗଲ୍ସରେ ଟପ୍ ସିଡ୍ ବେଲାରୁଷର ଆରିନା ସାବାଲେଙ୍କା ୬-୪, ୭-୬ (୪) ସେଟ୍‌ରେ ବେଲଜିୟମର ଏଲିସେ ମର୍ଟେନ୍ସଙ୍କୁ ହରାଇ କ୍ୱାର୍ଟରରେ ପହଞ୍ଚିଛନ୍ତି।

## ପରାଜୟ ଦ୍ୱାରରେ ୱେଷ୍ଟଇଣ୍ଡିଜ୍

ସେଣ୍ଟ ଜର୍ଜ୍ସ, ୬।୭ (ଏଜେନ୍ସି): ଘରୋଇ ୱେଷ୍ଟଇଣ୍ଡିଜ ବିପକ୍ଷରେ ଏଠାରେ ଚାଲିଥିବା ଦ୍ୱିତୀୟ ଟେଷ୍ଟରେ ଅଷ୍ଟ୍ରେଲିଆ ୨୭୭ ରନର ବିଜୟ ଲକ୍ଷ୍ୟ ଧାର୍ଯ୍ୟ କରିଛି। ଏହାକୁ ପିଛା କରିଥିବା ୱେଷ୍ଟଇଣ୍ଡିଜ ରବିବାର ଶେଷ ଖବର ସୁଦ୍ଧା ୨୫ ଓଭରରେ ୬ ୱିକେଟ୍‌ରେ ୯୯ ରନ ସଂଗ୍ରହ କରି ପରାଜୟ ଦିଗରେ ଅଗ୍ରସର ହେଉଛି। ଅଧିନାୟକ ରୋଷ୍ଟନ ଚେଜ୍ ୩୪, ବ୍ରାଣ୍ଡନ କିଙ୍ଗ୍ ୧୪, ସାଇ ହୋପ୍ ୧୭, କ୍ରେଗ୍ ବ୍ରେଥୱେଟ ୭ ରନ କରି ଆଉଟ୍ ହୋଇଛନ୍ତି। ଅଷ୍ଟ୍ରେଲିଆ ପକ୍ଷରୁ ମିଚେଲ ଷ୍ଟାର୍କ ୩, ଜୋଶ୍ ହାଜଲେଉଡ୍ ୨ ଏବଂ ଅଧିନାୟକ ପ୍ୟାଟ୍ କମିନ୍ସ ଓ ବିଉ ୱେବଷ୍ଟର ଗୋଟିଏ ଲେଖାଏ ୱିକେଟ୍ ନେଇଛନ୍ତି। ଏହି ମ୍ୟାଚରେ ଅଷ୍ଟ୍ରେଲିଆ ପ୍ରଥମେ ବ୍ୟାଟିଂ କରି ୨୮୬ ରନ କରିଥିଲା। ଜବାବରେ ଘରୋଇ ୱେଷ୍ଟଇଣ୍ଡିଜ ୨୫୩ ରନରେ ପ୍ରଥମ ପାଳିରେ ସୀମିତ ରହିଥିଲା। ଫଳରେ ୩୬ ରନରେ ଆଗୁଆ ରହିଥିବା ଅଷ୍ଟ୍ରେଲିଆ ଦ୍ୱିତୀୟ ପାଳିରେ ୨୪୩ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ପୂର୍ବରୁ ପ୍ରଥମ ମ୍ୟାଚକୁ ଜିତି ଭ୍ରମଣକାରୀ ଅଷ୍ଟ୍ରେଲିଆ ତିନି ମ୍ୟାଚ୍‌ବିଶିଷ୍ଟ ସିରିଜରେ ୧-୦ରେ ଅଗ୍ରଣୀ ରହିଛି।

## ଏସିଆନ୍ ପାରା ଆର୍ଚେରୀରେ ହରବିନ୍ଦରଙ୍କୁ ସ୍ୱର୍ଣ୍ଣ ପଦକ



ବେଜିଂ, ୬।୭ (ଏଜେନ୍ସି): ପାରାଅଲିମ୍ପିକ ଚାମ୍ପିଅନ ହରବିନ୍ଦର ସିଂହ ଚାଇନାରେ ଚାଲିଥିବା ଏସିଆନ୍ ପାରା ତୀରନ୍ଦାଜୀ ଚାମ୍ପିଅନସିପ୍‌ରେ ସ୍ୱର୍ଣ୍ଣିମ ସଫଳତା ପାଇଛନ୍ତି। ଓପନ୍ ଇଣ୍ଡିଭିଜୁଆଲ୍ ଇଭେଣ୍ଟର ଫାଇନାଲରେ ହରବିନ୍ଦର ୭-୧ (୨୮-୨୪, ୩୦-୨୮, ୨୬-୨୬, ୩୦-୨୮)ରେ ଥାଇଲାଣ୍ଡର ହାନରେଉଚାଇ ସେତସିରିଙ୍କୁ ପରାସ୍ତ କରିଥିଲେ। ସେହିଭଳି ମହିଳା କମ୍ପାଉଣ୍ଡରେ ଜ୍ୟୋତି ୧୪୪-୧୩୩ରେ ଇଣ୍ଡୋନେସିଆର ଅଡି ଆୟୁଡିଆଙ୍କୁ ହରାଇ କାଂସ୍ୟ ପଦକ ଜିତିଛନ୍ତି।

## ନେତୃତ୍ୱ ପଦାର୍ପଣରେ ମୁଲ୍‌ଡର୍‌ଙ୍କ ଦ୍ୱିଶତକ

ବୁଲାୱାୟୋ, ୬।୭ (ଏଜେନ୍ସି): ଘରୋଇ ଜିମ୍ବାୱେ ବିପକ୍ଷରେ ରବିବାରଠାରୁ ସ୍ଥାନୀୟ କୁଇନ୍ସ ସ୍ପୋର୍ଟ୍ସ କ୍ଲବରେ ଆରମ୍ଭ ହୋଇଥିବା ଅନ୍ତିମ ତଥା ୨ୟ ଟେଷ୍ଟରେ ଦକ୍ଷିଣ ଆଫ୍ରିକା ଦୃଢ଼ସ୍ଥିତିରେ ରହିଛି। ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଦକ୍ଷିଣ ଆଫ୍ରିକା କାମଚଳା ଅଧିନାୟକ ୱିଆନ ମୁଲ୍‌ଡର୍‌ଙ୍କ ଦମ୍‌ଦାର ଦ୍ୱିଶତକ ବଳରେ ଷ୍ଟମ୍ପ ସୁଦ୍ଧା ୮୮ ଓଭରରେ ୪ ୱିକେଟ୍ ହରାଇ ୪୬୫ ରନ ସଂଗ୍ରହ କରିଛି। ଏହି ସମୟରେ ଅଧିନାୟକ ମୁଲଡର୍ ୨୬୪ ଓ ଡେୱାଲ୍ଡ ବ୍ରେଭିସ ୧୫ ରନ କରି ଅପରାଜିତ ରହିଛନ୍ତି। ଦ୍ରୁତ ବ୍ୟାଟିଂ କରିଥିବା ମୁଲଡର୍ ୨୫୯ ବଲ୍‌ର ଏହି ପାଳିରେ ୩୪ ଚୌକା ଓ ୩ ଛକା ମାରିଥିଲେ। ଏହି ଦ୍ୱିଶତକୀୟ ପାଳି ଅବସରରେ ମୁଲ୍‌ଡର୍ ଏକ ବଡ଼ କୀର୍ତ୍ତିମାନ କରିଛନ୍ତି। ବିଶ୍ୱର ୩ୟ ଖେଳାଳି ଭାବେ ନେତୃତ୍ୱ ନେବାର ପ୍ରଥମ ପାଳିରେ ଦ୍ୱିଶତକ ହାସଲ କରିବାର ବିରଳ ସୌଭାଗ୍ୟ ଲାଭ କରିଛନ୍ତି। ତାଙ୍କ ପୂର୍ବରୁ ନ୍ୟୁଜିଲାଣ୍ଡର ଗ୍ରାହମ ଡୋଲିଙ୍ଗ୍ (୧୯୬୮ରେ ଭାରତ ବିପକ୍ଷରେ) ଓ ୱେଷ୍ଟଇଣ୍ଡିଜର ଶିବନାରାୟଣ ଚନ୍ଦ୍ରପଲ୍ (୨୦୦୫ରେ ଦକ୍ଷିଣ ଆଫ୍ରିକା ବିପକ୍ଷରେ) ଏହି ସଫଳତା ପାଇଥିଲେ।

ଫିଫା କ୍ଲବ୍ ବିଶ୍ୱକପ୍ ଫୁଟବଲ୍

## ରିଅଲ୍-ପିଏସ୍‌ଜି ସେମିଫାଇନାଲ

ଲିଙ୍କନ୍, ୬।୭ (ଏଜେନ୍ସି): ସ୍ପେନ୍‌ର ରିଅଲ ମାଦ୍ରିଦ୍ ଓ ଫ୍ରାନ୍ସର ପ୍ୟାରିସ୍ ସେଣ୍ଟ ଜର୍ମେନ (ପିଏସ୍‌ଜି)ର କ୍ୱାର୍ଟର ଫାଇନାଲ ବିଜୟ ସହ ଏଠାରେ ଚାଲିଥିବା କ୍ଲବ୍ ବିଶ୍ୱକପ୍ ଫୁଟବଲର ସେମିଫାଇନାଲ ଲାଇନ୍ ଅପ୍ ଚୂଡ଼ାନ୍ତ ହୋଇଯାଇଛି। ଜୁଲାଇ ୮ରେ ହେବାକୁ ଥିବା ପ୍ରଥମ ସେମିଫାଇନାଲରେ ଇଂଲଣ୍ଡର ଚାମ୍ପିଅନ କ୍ଲବ୍ ଚେଲସୀ ସହ ବ୍ରାଜିଲର ଟାଣୁଆ ଟିମ୍ ଫ୍ଲୁମିନେନ୍ସ ମଧ୍ୟରେ ପ୍ରଥମ ସେମିଫାଇନାଲ ଖେଳାଯିବ। ସେହିପରି ଜୁଲାଇ ୯ରେ ରିଅଲ ମାଦ୍ରିଦ୍ ଓ ପିଏସ୍‌ଜି ଦ୍ୱିତୀୟ ସେମିଫାଇନାଲରେ ପରସ୍ପର ସହ ମୁକାବିଲା କରିବେ। ଦୁଇ ସେମିଫାଇନାଲ ବିଜେତାଙ୍କ ମଧ୍ୟରେ ଫାଇନାଲ ମୁକାବିଲା ଜୁଲାଇ ୧୩ରେ ହେବ।

## କନ୍ଦନ ମୁର୍ମୁ ହେଲେ ବିଶ୍ୱ ଜୁଡୋ ରେଫରୀ



ଭୁବନେଶ୍ୱର,୬।୭ (ସମିସ): ଓଡ଼ିଶା ଜୁଡୋର ଜଣାଶୁଣା ଚେହେରା କନ୍ଦନ ଓରଫ ମନୋଜ ମୁର୍ମୁଙ୍କୁ ମିଳିଛି ଏକ ବଡ଼ ସଫଳତା। କାଜାଖସ୍ତାନରେ ଅନୁଷ୍ଠିତ ବିଶ୍ୱ ଜୁଡୋ ରେଫରୀ ପରୀକ୍ଷାରେ କୃତକାର୍ଯ୍ୟ ହୋଇ ସେ ରାଜ୍ୟର ପ୍ରଥମ ବିଶ୍ୱ ଜୁଡୋ ରେଫରୀ ହୋଇଛନ୍ତି। ଏହା ଫଳରେ ଏବେ ସେ ବିଶ୍ୱର ସମସ୍ତ ବଡ଼ ବଡ଼ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। କାଜାଖସ୍ତାନର ଆଲମାଟିରେ ଜୁଲାଇ ୨ରୁ ୪ ଯାଏ ଅନୁଷ୍ଠିତ ଏହି ପରୀକ୍ଷାରେ ୧୧ଟି ଦେଶରୁ ୧୯ ଜଣ ଅନ୍ତର୍ଜାତୀୟ ରେଫରୀ ଯୋଗଦେଇଥିଲେ। ଏଥିରେ ଲିଖିତ, ମୌଖିକ ଓ ପ୍ରାକ୍ଟିକାଲ ପରୀକ୍ଷା ହୋଇଥିଲା। କନ୍ଦନ ଏହି ପରୀକ୍ଷାରେ ଉତ୍ତୀର୍ଣ୍ଣ ହେବା ସହ ବିଶ୍ୱ ଜୁଡୋ ରେଫରୀ ଭାବେ ଯୋଗ୍ୟ ବିବେଚିତ ହୋଇଛନ୍ତି। ମୟୂରଭଞ୍ଜ ଜିଲ୍ଲାର ମୂଳ ବାସିନ୍ଦା କନ୍ଦନ ବିଜେବି କଲେଜ୍‌ରେ ପଢୁଥିଲାବେଳେ କୋଚ୍ ସ୍ୱର୍ଗତଃ ବିରଞ୍ଚି ଦାସଙ୍କଠାରୁ ଜୁଡୋ ଶିଖିଥିଲେ। ଏହା ପରେ ସେ ଗୋଟିକ ପରେ ଗୋଟିଏ ରେଫରୀ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇ ଏବେ ବିଶ୍ୱରେ ପରିଚିତ ହୋଇଛନ୍ତି। ଏବେ କିସ୍ ୟୁନିଭର୍ସିଟିରେ ଜୁଡୋ କୋଚ୍ ରହିବା ସହ ଓଡ଼ିଶା ଜୁଡୋ ସଂଘର ଟେକ୍ନିକାଲ ଚେୟାରମ୍ୟାନ ଦାୟିତ୍ୱ ତୁଲାଉଛନ୍ତି। ଏହି ସଫଳତା ଲାଗି ସେ ଓଡ଼ିଶା ଜୁଡୋ ସଂଘ, କିଟ୍ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଓ ପତ୍ନୀ ରୋଜାଲିନ୍‌ଙ୍କ ସହ ପରିବାରର ସମସ୍ତ ସଦସ୍ୟଙ୍କୁ ଧନ୍ୟବାଦ ଜଣାଇଛନ୍ତି।

## ଆୟାବନ୍ତ ଜିତିଲେ ରାଜ୍ୟ ସ୍କୁଲ ଓପନ ଚେସ୍



ଭୁବନେଶ୍ୱର,୬।୭ (ସମିସ): ନାରାୟଣ ଇ ଟେକ୍ନୋ ସ୍କୁଲର ଆୟାବନ୍ତ ମହାନ୍ତି ପୋଖରୀପୁଟ ଡିଏଭି ସ୍କୁଲ ଆନୁକୂଲ୍ୟରେ ଅନୁଷ୍ଠିତ ପ୍ରଥମ ରାଜ୍ୟ ସ୍କୁଲ ଓପନ ଚେସ୍‌ରେ ଚାମ୍ପିଅନ ହୋଇଛନ୍ତି। ରବିବାର ସ୍କୁଲ ପରିସରରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟରେ ଆୟାବନ୍ତ ୫ ରାଉଣ୍ଡରୁ ୫ ପଏଣ୍ଟ ସଂଗ୍ରହ କରିଥିଲେ। ଆୟୋଜକ ସ୍କୁଲ୍‌ର ଶ୍ରେୟସ କୁମାର ବେହୁରିଆ ୪.୫ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନ ଅଧିକାର କରିଛନ୍ତି। ଏମାନଙ୍କ ପଛକୁ ୩ଜଣ ଖେଳାଳି ଯଥା ବିଜେଇଏମ୍ ସ୍କୁଲ-୧'ର ସାଇକ୍ରିଷ୍ଣା ସାମଲ, ସାଇ ଇଣ୍ଟରନ୍ୟାସନାଲ ସ୍କୁଲର ରେୟାଂଶ ପରାଶର ଓ ପୋଖରୀପୁଟ ଡିଏଭିର ସାଇସ୍ୱାଗତ ପରିଜା ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରି ଯଥାକ୍ରମେ ତୃତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି। ଏହି ଟୁର୍ଣ୍ଣାମେଣ୍ଟକୁ ପୋଖରୀପୁଟ ଡିଏଭି ସ୍କୁଲ ଅଧ୍ୟକ୍ଷ ବିପିନ କୁମାର ସାହୁ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲାବେଳେ ମୁଖ୍ୟ ଖେଳ ଶିକ୍ଷକ ନବକିଶୋର ମହାପାତ୍ର ପୁରସ୍କାର ପ୍ରଦାନ କରିଥିଲେ। ଚିଫ୍ ଆର୍ବିଟର ଦେବାଶିଷ ପାଣିଗ୍ରାହୀ, କ୍ରୀଡ଼ା ଶିକ୍ଷକ ଦୀପକ କୁମାର ବେହେରା ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ।

# ସେପ୍ଟେମ୍ବରରେ ଓଡ଼ିଶା ପ୍ରୋ ଟି-୨୦ ଲିଗ୍

■ ଭାଗନେବେ ୬ଟି ଦଳ
■ ଡ୍ରାଫ୍ଟରେ ଖେଳାଳି କିଣା



କଟକ,୬।୭ (ସମିସ)

ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏକ ନୂଆ ଢ଼ାଞ୍ଚାରେ ଘରୋଇ ପେଶାଦାର କ୍ରିକେଟ ଟୁର୍ଣ୍ଣାମେଣ୍ଟ ଆରମ୍ଭ କରିବାକୁ ଯାଉଛି। ଏରିଭା ସ୍ପୋର୍ଟସ ସହଭାଗିତାରେ ଆସନ୍ତା ସେପ୍ଟେମ୍ବରରେ ବାରବାଟୀ ଷ୍ଟାଡିୟମରେ ଖେଳାଯିବ ଓଡ଼ିଶା ପ୍ରୋ ଟି-୨୦ ଲିଗ୍(ଓପିଟିଏଲ)। ଯେଉଁଥିରେ ୬ଟି ଦଳ ଭାଗ ନେବା ସହ ରାଜ୍ୟର ବିଭିନ୍ନ ବୟସ ବର୍ଗର ଖେଳାଳିଙ୍କୁ ଡ୍ରାଫ୍ଟ ଆକାରରେ କ୍ରୟ କରାଯିବ। ଓସିଏର ଗତ ଆପେକ୍ସ କାଉନସିଲ ବୈଠକରେ ଲିଗ୍ ବାବଦରେ ଆଲୋଚନା ହୋଇଥିବା ଆଜି ପ୍ରେସ ବିବୃତ୍ତି ମାଧ୍ୟମରେ ସୂଚନା ଦିଆଯାଇଛି। ସୋମବାର ଠାରୁ ଓସିଏର ଅଫିସିଆଲ ୱେବସାଇଟ୍‌ରେ ଫ୍ରାଞ୍ଚାଇଜ୍ ଆଶାୟୀଙ୍କ ନିମନ୍ତେ ଇଓଆଇ ଡକ୍ୟୁମେଣ୍ଟ ଉପଲବ୍ଧ ରହିବ। ବିଗତ ଦିନରେ ଓଡ଼ିଶା ପ୍ରିମିୟର ଲିଗ୍(ଓପିଏଲ) ଏବଂ ଓଡ଼ିଶା କ୍ରିକେଟ ଲିଗ୍(ଓସିଏଲ)ର ସଫଳତା ପରେ ରାଜ୍ୟ କ୍ରିକେଟ ସଂଘ ଏବେ ଘରୋଇ ପେଶାଦାର କ୍ରିକେଟ ଟୁର୍ଣ୍ଣାମେଣ୍ଟକୁ ନୂତନ ରୂପରେଖ ଦେବାକୁ ଯାଉଛି। ବେଙ୍ଗଲ, ବିଦର୍ଭ, ସୌରାଷ୍ଟ୍ରରେ ଲିଗ୍ ଆୟୋଜନ କରିଥିବା ଏରିଭା ସ୍ପୋର୍ଟସ ଚଳିତବର୍ଷ ଠାରୁ ଓଡ଼ିଶାରେ ଟୁର୍ଣ୍ଣାମେଣ୍ଟ ଆୟୋଜନ ଦାୟିତ୍ୱ ସମ୍ଭାଳିବ। ରାଜ୍ୟର ବିଭିନ୍ନ ଅଞ୍ଚଳକୁ ନେଇ ୬ଟି ଦଳ ଗଠନ ହେବ। ଓସିଏ ସମ୍ପାଦକ ସଞ୍ଜୟ ବେହେରା କହିଛନ୍ତି ଯେ, ରାଜ୍ୟରେ କ୍ରିକେଟର ଧାରାକୁ ବଦଳାଇବା କ୍ଷେତ୍ରରେ ଓଡ଼ିଶା ପ୍ରୋ ଟି-୨୦ ଲିଗ୍ ସହାୟକ ହେବ। ପ୍ରତିଭାବାନ ଖେଳାଳିଙ୍କୁ ନେଇ ପେଶାଦାର ଢ଼ାଞ୍ଚାରେ ଲିଗ୍ ଖେଳାଯିବ। ଓଡ଼ିଶାରେ ଅନ୍ୟ କ୍ରୀଡ଼ା ଗୁଡିକର ଦୃଷ୍ଟାନ୍ତମୂଳକ ବିକାଶ ଘଟୁଛି, ଏବେ କ୍ରିକେଟର ପାଳି ବୋଲି ସଞ୍ଜୟ କହିଛନ୍ତି। ଓଡ଼ିଶା କ୍ରିକେଟ ଆସୋସିଏସନ ସହଯୋଗରେ ଉକ୍ତ ଲିଗ୍ ଆୟୋଜନ ନେଇ ଉତ୍ସାହିତ ଥିବା କହିଛନ୍ତି ଏରିଭା ସ୍ପୋର୍ଟସର କୋ-ଫାଉଣ୍ଡର ରଜନୀଶ ଚୋପ୍ରା। ସେ ଏହା ମଧ୍ୟ କହିଥିଲେ ଯେ, ଓପିଟିଏଲ କେବଳ କ୍ରୀଡା ଭିତ୍ତିକ ମନୋରଞ୍ଜନ ଯୋଗାଇବ ନାହିଁ, ବରଂ ଓଡ଼ିଶାରେ ତୃଣମୂଳ ସ୍ତରରୁ କ୍ରିକେଟର ବିକାଶ ଦିଗରେ କାର୍ଯ୍ୟ କରିବ। ରାଜ୍ୟର କୋଣ ଅନୁକୋଣରୁ ପ୍ରତିଭାସମ୍ପନ୍ନ ଖେଳାଳିଙ୍କୁ ସାମ୍ନାକୁ ଆଣିବା ପାଇଁ ଉଦ୍ୟମ ହେବ ବୋଲି ରଜନୀଶ କହିଛନ୍ତି। ଇଓଆଇ ତଥା ଦି ଏକ୍ସପ୍ରେସନ ଅଫ ଇଣ୍ଟରେଷ୍ଟ ଡକ୍ୟୁମେଣ୍ଟ ଆସନ୍ତା ୧୩ ତାରିଖ ପର୍ଯ୍ୟନ୍ତ ଓସିଏର ୱେବସାଇଟରେ ଉପଲବ୍ଧ କରାଯିବ। କ୍ରିକେଟ ପ୍ରତି ପ୍ରତିବଦ୍ଧତା ଏବଂ ଦୀର୍ଘମିଆଦି ଦୃଷ୍ଟିକୋଣରୁ ଫ୍ରାଞ୍ଚାଇଜ ଚୟନ ହେବ ବୋଲି ଓସିଏ ପକ୍ଷରୁ କୁହାଯାଇଛି। ଓସିଏର ଆପେକ୍ସ କାଉନସିଲ ବୈଠକରେ ସଭାପତି ପଙ୍କଜ ଲୋଚନ ମହାନ୍ତି, ଉପସଭାପତି ଜଗମୋହନ ପଟ୍ଟନାୟକ, ଯୁଗ୍ମ ସମ୍ପାଦକ ପ୍ରଭାତ କୁମାର ଭୋଳ, କୋଷାଧ୍ୟକ୍ଷ ବିକାଶ ପ୍ରଧାନ, ଆପେକ୍ସ କାଉନସିଲ ସଦସ୍ୟ ପ୍ରତାପ ଚନ୍ଦ୍ର ପ୍ରଧାନ, ରାକେଶ ମହାନ୍ତି ଓ ଗୀତା ସାମନ୍ତରାୟ ଉପସ୍ଥିତ ଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS